

ଜାନୁଆରୀରେ 'ଡନ୍-୩' ସୁଟିଂ

▶ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-150 ♦WEDNESDAY ♦26 NOVEMBER 2025 ♦PAGE-12 ♦₹ 6.00 | JEYPORE | ♦ବର୍ଷ-୪୩ ♦ସଂଖ୍ୟା-୧୫୦ ♦ବୁଧବାର ♦୨୬ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦

## ଆସନ୍ତାକାଲିଠାରୁ ବିଧାନସଭା ଅଧିବେଶନ

# ମୌସୁମୀରେ ଧୋଇଗଲା; ଶୀତରେ ଚାଲିବ ତ !

■ ଭୁବନେଶ୍ୱର, ୨୫।୧୧ (ସମିସ): ଗତ ମୌସୁମୀ ଅଧିବେଶନରେ ମାତ୍ର ୭ଟି କାର୍ଯ୍ୟଦିବସ ଥିଲା; ତାହାବି ସୁରୁଖୁରୁରେ ଚାଲି ପାରିଲା ନାହିଁ। ଗୋଟିଏ ଦିନ ଆଗରୁ ବିଧାନସଭାକୁ ମୁଲତବୀ ଘୋଷଣା କରାଗଲା। ଆସନ୍ତା ୨୭ ତାରିଖରୁ ବିଧାନସଭା ଶୀତ ଅଧିବେଶନ ଆରମ୍ଭ ହେବାକୁ ଥିବାବେଳେ ବିଧାନସଭା ଯେ ସୁରୁଖୁରୁରେ ଚାଲିବ, ତାହାକୁ ନେଇ ଏବେଠାରୁ ସନ୍ଦେହ ପ୍ରକାଶ ପାଇଲାଣି। ଆସନ୍ତା ଡିସେମ୍ବର ୩୧ ତାରିଖ ଯାଏଁ ବିଧାନସଭା ଚାଲିବାକୁ ଥିବାବେଳେ ଅଧିବେଶନରେ ମୋଟ ୨୯ଟି କାର୍ଯ୍ୟଦିବସ ରହିଛି। ତେବେ ବିରୋଧୀଙ୍କ ହାତରେ ସରକାରଙ୍କୁ ଘେରିବା ପାଇଁ ମାଳମାଳ ପ୍ରସଙ୍ଗ ଥିବାରୁ ଶୀତ ଅଧିବେଶନ ବେଶ୍ ଉଷ୍ମ ହେବ ବୋଲି ଆକଳନ



**ଆଜି ଅନୁଷ୍ଠିତ ହେବ ସର୍ବଦଳୀୟ ବୈଠକ**

**ବିରୋଧୀଙ୍କ ହାତରେ ପୁଳାପୁଳା ପ୍ରସଙ୍ଗ**

**ନୂଆପଡ଼ା ବିଜୟ ପରେ ଶାସକ ଉତ୍ସାହିତ**

କରିଛନ୍ତି ରାଜନୈତିକ ସମୀକ୍ଷକ।

ଏହି ଲମ୍ବା ଅଧିବେଶନ ଯେପରି ସୁରୁଖୁରୁରେ ଚାଲିବ, ସେଥିପାଇଁ ବୁଧବାର ମଧ୍ୟାହ୍ନ ସାଢ଼େ ୧୨ଟାରେ ବାଚସ୍ପତି ସୁରମା ପାଢ଼ୀଙ୍କ ଅଧ୍ୟକ୍ଷତାରେ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହେବ। ଅଧିବେଶନ ସୁରୁଖୁରୁରେ ଚାଲିବା ନେଇ ବାଚସ୍ପତି ସମସ୍ତଙ୍କର ସହଯୋଗ ଲୋଡ଼ିବେ। ତେବେ ମୌସୁମୀ ଅଧିବେଶନ ପରି ଶୀତ ଅଧିବେଶନ ଯେ ମୂଳରୁ କମ୍ପମାନ ହେବ, ସେନେଇ ଆକଳନ କଲେଣି ରାଜନୈତିକ ସମୀକ୍ଷକ। ଚଳିତ ଖରିଫ୍ ଋତୁ ପାଇଁ ଧାନ କିଣାର ବିଭ୍ରାଟ ଘଟିବା ନେଇ ଆଶଙ୍କା ଦେଖାଦେଇଛି। ବିଶେଷକରି ମଣ୍ଡି ଖୋଲିବାରେ ବିଳମ୍ବତାକୁ ନେଇ ବିରୋଧୀ ସରକାରଙ୍କୁ ଷଣ୍ଢୁଆଷୀ ଆକ୍ରମଣ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ଯେପରି ନିୟମିତ ଭାବେ ତଳକୁ ତଳକୁ ଯାଉଛି, ସେନେଇ ସରକାରଙ୍କୁ ଜବାବ୍ ମାଗିବାକୁ ପ୍ରସ୍ତୁତ ହୋଇ ସାରିଛନ୍ତି ବିରୋଧୀ। ନୂଆପଡ଼ା ଉପ ନିର୍ବାଚନରେ ସରକାରୀ ଦଳ ଯେପରି ପ୍ରଶାସନକୁ ସମ୍ପୂର୍ଣ୍ଣ ଅକ୍ତିଆରକୁ ନେଇ ନିର୍ବାଚନ ଲଢ଼ିଲା, ଆଚରଣ ବିଧିର ଧଜ୍ଜିଆ ଉଡ଼ାଇଲା ତାହା ମଧ୍ୟ ବଡ଼ ପ୍ରସଙ୍ଗ ହେବ ବୋଲି ବିରୋଧୀ ବିଧାୟକମାନେ ସୂଚନା ଦେଇଛନ୍ତି। ଏତଦ୍ ବ୍ୟତୀତ ରାଜ୍ୟରେ ଲଘୁ ଖଣିଜ ଦ୍ରବ୍ୟ ବିଶେଷକରି ବାଲିର ବେଧଡ଼କ ଚୋରି, ପ୍ରଶ୍ନପତ୍ର ଲିକ୍ ମାମଲା, ଦାଦନ, ଦରଦାମ ବୃଦ୍ଧି, ମହାନଦୀ, ପୋଲାଭରମ୍ ଓ କୋଟିଆ ସମସ୍ୟାକୁ ନେଇ ଗୃହକୁ ସରଗରମ କରିବାକୁ ବିରୋଧୀ ପ୍ରସ୍ତୁତ ହେଉଛନ୍ତି। ଏହିକ୍ରମରେ ଆସନ୍ତାକାଲି ବିଜେଡି ଓ କଂଗ୍ରେସ ବିଧାୟକ ଦଳ ଅନୁଷ୍ଠିତ ହେବାକୁ ଥିବାବେଳେ ଉଭୟେ ନିଜ ▶ପୃଷ୍ଠା-୧୦

# ୨୧ ଲକ୍ଷ ମୋବାଇଲ ନମ୍ବର ବ୍ଲକ୍

■ ନୂଆଦିଲ୍ଲୀ, ୨୫।୧୧ (ଏଜେନ୍ସି): ଦେଶରେ ସମ୍ପ୍ରତି ସ୍କାମ୍ କଲ୍, ନକଲି ମେସେଜ୍ ଏବଂ ଡିଜିଟାଲ୍ ଠକେଇ ଘଟଣା କ୍ରମାଗତ ଭାବେ ବୃଦ୍ଧି ପାଇବାରେ ଲାଗିଛି। ଏହି ଧାରା ଉପରେ ରୋକ ଲଗାଇବା ପାଇଁ ଭାରତୀୟ ଟେଲିକମ୍ ନିୟାମକ କର୍ତ୍ତୃପକ୍ଷ (ଟ୍ରାଇ) ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଏଥିରେ ଟ୍ରାଇ ବର୍ଷକ ମଧ୍ୟରେ ୨.୧ ନିୟୁତରୁ ଅଧିକ ମୋବାଇଲ୍ ନମ୍ବର ବ୍ଲକ୍ କରିଛି ଏବଂ ପ୍ରାୟ ୧ ଲକ୍ଷ ସଂସ୍ଥାକୁ କଳା ତାଲିକାଭୁକ୍ତ କରିଛି। ଏଗୁଡ଼ିକ ସେହି ସମାନ ନମ୍ବର ଯାହା ଡୁ ନଟ୍ ଡିଷ୍ଟର୍ବ (ଡିଏନ୍‌ଡି) ଆପ୍ ମାଧ୍ୟମରେ ରିପୋର୍ଟ କରାଯାଇଥିଲା। ଆହୁରିମଧ୍ୟ ଏହି କାର୍ଯ୍ୟାନୁଷ୍ଠାନ ସେହି କଲରମାନଙ୍କ ବିରୋଧରେ ନିଆଯାଇଛି ଯେଉଁମାନେ କେୱାଇସି, ବ୍ୟାଙ୍କ ଆକାଉଣ୍ଟ,ଜାଲ୍ ଅଫର ଏବଂ ସରକାରୀ ପରିଚୟ ଦେଇ ଗ୍ରାହକଙ୍କୁ ଠକିବାକୁ ଚେଷ୍ଟା କରିଥାନ୍ତି। ତେବେ ଗତ ବର୍ଷକ ମଧ୍ୟରେ ସ୍କାମ୍ କଲ୍ ଏବଂ ଠକେଇ କରୁଥିବା ଜାଲ୍ ଫୋନ୍ ନମ୍ବର ବିରୋଧରେ ଏହାକୁ ସବୁଠାରୁ ବଡ଼ କାର୍ଯ୍ୟାନୁଷ୍ଠାନ କୁହାଯାଉଛି।

**୧ ଲକ୍ଷ ସଂସ୍ଥା କଳା ତାଲିକାଭୁକ୍ତ**

ଏହାଛଡା ଟ୍ରାଇ ଲୋକମାନଙ୍କୁ କେବଳ ସେମାନଙ୍କ ଫୋନ୍‌ରେ ଏପରି ନମ୍ବରଗୁଡ଼ିକୁ ଅବରୋଧ କରିବା ପାଇଁ ନୁହେଁ ବରଂ ଡିଏନ୍‌ଡି ଆପ୍‌ରେ ରିପୋର୍ଟ କରିବାକୁ ମଧ୍ୟ କହିଛି। ଏଥିରେ ଟ୍ରାଇ ନାଗରିକଙ୍କଠାରୁ ସର୍ବାଧିକ ଅଭିଯୋଗ ପାଉଥିବା ନମ୍ବରଗୁଡ଼ିକୁ ଅବରୋଧ କରିଛି। ଡିଏନ୍‌ଡି ଆପ୍‌ରେ କରାଯାଇଥିବା ଅଭିଯୋଗକୁଆଧାର କରି ଟ୍ରାଇ ଏବଂ ଟେଲିକମ୍ କମ୍ପାନୀଗୁଡ଼ିକ ନକଲି ନମ୍ବରଗୁଡ଼ିକୁ ▶ପୃଷ୍ଠା-୧୦

## ୧୨ ହଜାର ବର୍ଷ ପରେ ସକ୍ରିୟ ହେଲା ଜ୍ୱାଳାମୁଖୀ

# ଇଥିଓପିଆରେ ଉଦ୍‌ଗୀରଣ; ଦିଲ୍ଲୀରେ ପାଉଁଶ

■ ଆଡିସ ଆବାବା, ୨୫।୧୧ (ଏଜେନ୍ସି): ପୂର୍ବ ଆଫ୍ରିକୀୟ ଦେଶ ଇଥିଓପିଆରେ ହେଲି ଗୁବି ଆଗ୍ନେୟଗିରିର ଜ୍ୱାଳାମୁଖିରେ ଦୀର୍ଘ ୧୨,୦୦୦ ବର୍ଷ ପରେ ରବିବାର ହଠାତ ବିସ୍ଫୋରଣ ହୋଇଛି। ବିସ୍ଫୋରଣ ହେବା ପରେ ପାଉଁଶ ଓ ସଲଫର ଡାଇଅକ୍ସାଇଡ୍ ପାଖାପାଖି ଆକାଶର ୧୫ କିମି ଉଚ୍ଚକୁ ଉଠିଥିଲା। ଏହା ରେଡ୍ ସି ଅର୍ଥାତ ଲାଲ ସାଗର ପାରକରି ମଧ୍ୟପ୍ରାଚ୍ୟ ଦେଶ ୟେମେନ ଓ ଓମାନ ପର୍ଯ୍ୟନ୍ତ ପରିବ୍ୟାପ୍ତ ହୋଇଥିଲା। ଆଶ୍ଚର୍ଯ୍ୟନକ ଭାବେ ଏହି ପାଉଁଶ ସୋମବାର ରାତି ୧୧ଟାରେ ଇଥିଓପିଆଠାରୁ ୪,୩୦୦ କିମି ଦୂରରେ ଥିବା ଭାରତର ରାଜସ୍ଥାନ, ଗୁଜରାଟ, ମହାରାଷ୍ଟ୍ର,




ଦିଲ୍ଲୀ-ଏନ୍‌ସିଆର ଓ ପଞ୍ଜାବ ପର୍ଯ୍ୟନ୍ତ ପରିବ୍ୟାପ୍ତ ହୋଇଥିଲା। ରାତିରେ ପଶ୍ଚିମ ଉତ୍ତରପ୍ରଦେଶ ଓ ହିମାଚଳ ପ୍ରଦେଶର ପାହାଡ଼ି ଅଞ୍ଚଳରେ ମଧ୍ୟ ଏହାର ପ୍ରଭାବ ଦେଖିବାକୁ ମିଳିଥିଲା। ▶ପୃଷ୍ଠା-୧୦

# ବିଦ୍ୟୁତ୍ ଉପଭୋକ୍ତାଙ୍କ ସହ ଠକେଇ

## ୟୁନିଟ୍ ପିଛା ୩୬ ପଇସା ଅଧିକ ଆଦାୟ କରୁଛି ଟାଟା ପାୱାର


■ ଭୁବନେଶ୍ୱର, ୨୫।୧୧ (ସମିସ): ବିଦ୍ୟୁତ୍ ଶୁଳ୍କ ଆଦାୟ କ୍ଷେତ୍ରରେ ଉପଭୋକ୍ତାଙ୍କ ସହ ଚଞ୍ଚକତା କରିଛି ଟାଟା ପାୱାର । ଏହାର ୪ଟି ବିତରଣକାରୀ ସଂସ୍ଥା ଓଇଆର୍‌ସିଙ୍କ ଧାର୍ଯ୍ୟ ୟୁନିଟ୍ ପିଛା ୫ଟଙ୍କା ୬୭ ପଇସା ପରିବର୍ତ୍ତେ ଉପଭୋକ୍ତାଙ୍କଠାରୁ ଆଦାୟ କରିଛି ୬.୦୩ ପଇସା । ଅର୍ଥାତ୍ ପ୍ରତି ୟୁନିଟ୍ ପିଛା ଟାଟାପାୱାର ଉପଭୋକ୍ତାଙ୍କଠାରୁ ୩୬ ପଇସା ଅଧିକ ନେଇଛି। ସଦ୍ୟ



ପ୍ରକାଶିତ ଟାଟା ପାୱାରର ୪ଟି କମ୍ପାନୀ ଓ ଗ୍ରୀଡ୍‌କୋର ୨୦୨୪-୨୫ ବର୍ଷର କାର୍ଯ୍ୟଦକ୍ଷତା ସମୀକ୍ଷା ରିପୋର୍ଟ ପ୍ରଦର୍ଶିତ ହୋଇଛି ଏହି ସାଂଘାତିକ ତଥ୍ୟ। ରିପୋର୍ଟ ଅନୁସାରେ ୨୦୨୪-୨୫ ପାଇଁ ଟାଟା ପାୱାରର ୪ ବିତରକ କମ୍ପାନୀକୁ ୟୁନିଟ ପିଛା ହାରାହାରି ଟାରିଫ ୫ ଟଙ୍କା ୬୭ ପଇସା ହିସାବରେ ୩୦୭୯୫ ନିୟୁତ ୟୁନିଟ ବିଦ୍ୟୁତ ବିକ୍ରି ପାଇଁ ଓଇଆର୍‌ସି ଅନୁମୋଦନ ▶ପୃଷ୍ଠା-୧୦

# ଲଜ୍ଜା ଆଇସକ୍ରିମ୍‌ର ଲୋଭ ଦେଖାଇ ୩ ନାବାଳିକାଙ୍କୁ ଦୁଷ୍କର୍ମ

■ ଏମ୍‌ଭି ୭୯/କାଲିମେଳା, ୨୫।୧୧ (ସମିସ): ଆଇସକ୍ରିମ୍‌ର ଲୋଭ ଦେଖାଇ ୩ ନାବାଳିକାଙ୍କୁ ଦୁଷ୍କର୍ମ। ମାଲକାନଗିରି ଜିଲ୍ଲା ଏମ୍‌ଭି ୭୯ ଥାନା ଅଞ୍ଚଳରେ ଏହି ଲଜ୍ଜାଜନକ ଘଟଣା ଘଟିଛି। ଏନେଇ ପୀଡ଼ିତାଙ୍କ ପରିବାରଲୋକ ଅଭିଯୋଗ କରିବା କରିବା ପରେ ପୁଲିସ ଅଭିଯୁକ୍ତକୁ ଥାନାରେ ଅଟକ ରଖିଛି। ପୀଡ଼ିତାମାନଙ୍କ ବୟସ ୧୦ ବର୍ଷରୁ କମ୍ ବୋଲି ଜଣାପଡ଼ିଛି। ଏହି ଖବର ପ୍ରଘଟ ହେବା ପରେ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ସୂଚନାନୁଯାୟୀ, ଅଭିଯୁକ୍ତଜଣଙ୍କ ନାବାଳିକାଙ୍କ ପଡ଼ୋଶୀ। ଆଜି ସେମାନେ ଘର ଆଗରେ ଖେଳୁଥିବା ବେଳେ ଅଭିଯୁକ୍ତଜଣଙ୍କ ସେମାନଙ୍କୁ ଆଇସକ୍ରିମ୍ ଦେବ ବୋଲି କହି ଘର ଭିତରକୁ ଡାକିଥିଲା। ପରେ ଘର ଭିତରେ ସେମାନଙ୍କୁ ଦୁଷ୍କର୍ମ କରିଥିଲା। ଏ ସଂପର୍କରେ ନାବାଳିକାଙ୍କ ପରିବାରଲୋକ ଜାଣିବା ▶ପୃଷ୍ଠା-୧୦



## ପ୍ରଥମ ଦିନରେ ୧୭ଟି ମାମଲା ଶୁଣାଣି କଲେ ମୁଖ୍ୟ ବିଚାରପତି




ନୂଆଦିଲ୍ଲୀ, ୨୫ ।୧୧(ଏଜେନ୍ସି): ମୁଖ୍ୟ ବିଚାରପତି (ସିଜେଆଇ) ଜଷ୍ଟିସ ସୂର୍ଯ୍ୟକାନ୍ତ ସୋମବାର ଦାୟିତ୍ୱ ନେବା ପରେ ସୁପ୍ରିମକୋର୍ଟର ପ୍ରକ୍ରିୟାରେ ବଡ଼ ପରିବର୍ତ୍ତନ ଆଣିଛନ୍ତି । ସେ ମାମଲାଗୁଡିକୁ ଜରୁରୀ ତାଲିକାଭୁକ୍ତ କରିବା ପାଇଁ ମୌଖିକ ଉଲ୍ଲେଖ କରିବା ପ୍ରକ୍ରିୟା ବନ୍ଦ କରିଛନ୍ତି । ପ୍ରଥମ ଦିନରେ ଦୁଇଘଣ୍ଟାର କାର୍ଯ୍ୟରେ ୧୭ଟି ମାମଲାର ଶୁଣାଣି କରିଥିଲେ । ସିଜେଆଇ ସୂର୍ଯ୍ୟକାନ୍ତଙ୍କ ପୂର୍ବରୁ ପୂର୍ବତନ ସିଜେଆଇ ସଞ୍ଜୀବ ଖାନ୍ନା ମଧ୍ୟ ମୌଖିକ ଉଲ୍ଲେଖ ପ୍ରକ୍ରିୟା ବନ୍ଦ କରିଥିଲେ । କିନ୍ତୁ ପୂର୍ବତନ ସିଜେଆଇ ବିଆର ଗଭାଇ ଏହାକୁ ପୁଣି ଦ୍ୱିତୀୟଥର ପାଇଁ ଆରମ୍ଭ କରିଥିଲେ । ଏବେ କେବଳ ଲିଖିତ ମେସିନିଙ୍ଗ ସ୍ଲିପ୍ ବୈଧ ହେବ । ତେବେ କେତେକ ଅସାଧାରଣ ସ୍ଥିତିରେ, ଯେପରିକି ମୃତ୍ୟୁଦଣ୍ଡ କିମ୍ବା ବ୍ୟକ୍ତିଗତ ସ୍ୱାଧୀନତା ମାମଲାରେ ମୌଖିକ ଉଲ୍ଲେଖ ପ୍ରକ୍ରିୟା ଅବଲମ୍ବନ କରାଯିବ । ଫାଇଲ୍ ଅଟକିଲେ ମଧ୍ୟ ନ୍ୟାୟ ପ୍ରକ୍ରିୟା ବନ୍ଦ ହେବା ଆବଶ୍ୟକ ନୁହଁ ବୋଲି ସେ କହିଛନ୍ତି । ଜଷ୍ଟିସ ସୂର୍ଯ୍ୟକାନ୍ତ ନଭେମ୍ବର ୨୪ରେ ଦେଶର ୫୩ତମ ମୁଖ୍ୟ ବିଚାରପତି ଭାବେ ହିନ୍ଦୀରେ ଶପଥ ନେଇଥିଲେ । ୧୪ ମାସ ପାଇଁ ସିଜେଆଇ ସୂର୍ଯ୍ୟକାନ୍ତ ଦାୟିତ୍ୱରେ ରହିବେ । ସୁପ୍ରିମକୋର୍ଟ କଲେଜିୟମର ମୁଖ୍ୟ ହେବେ ସିଜେଆଇ ସୂର୍ଯ୍ୟକାନ୍ତ ।

## ଚାରିଧାମରେ ପହଞ୍ଚିଲେ ୫୦ ଲକ୍ଷ ଶ୍ରଦ୍ଧାଳୁ

ଡେରାଡୁନ୍, ୨୫ ।୧୧(ଏଜେନ୍ସି): ଉତ୍ତରାଖଣ୍ଡରେ ମଙ୍ଗଳବାର ଚାମୋଲିରେ ବଦ୍ରିନାଥ ଧାମ ମନ୍ଦିରର ଦ୍ୱାର ବନ୍ଦ ହେବା ସହ ୪ ଧାମ ଯାତ୍ରା ଶେଷ ହୋଇଛି । ଚଳିତ ବର୍ଷ ୫୦ ଲକ୍ଷ ଶ୍ରଦ୍ଧାଳୁ ଚାରିଧାମ ଯାତ୍ରା କରିଛନ୍ତି । ଏହି ଯାତ୍ରା ଅକ୍ଷୟ ତୃତୀୟା ଦିନ ଅର୍ଥାତ ୨୦୨୫ ଏପ୍ରିଲ ୩୦ରେ ଯମୁନୋତ୍ରୀ ଓ ଗଙ୍ଗୋତ୍ରୀର ଦ୍ୱାର ଖୋଲିବା ସହ ଆରମ୍ଭ ହୋଇଥିଲା । ପୂରା ୬ ମାସ ସାରା ଉତ୍ତରାଖଣ୍ଡର ପାହାଡି ଉପତ୍ୟକାରେ 'ଜୟ ବଦ୍ରି ବିଶାଲ' ଏବଂ 'ହର ହର ମହାଦେବ' ଧ୍ୱନିରେ ଗୁଞ୍ଜରିତ ହୋଇଥିଲା । ଗତବର୍ଷ ତୁଳନାରେ ଏବର୍ଷ ଯାତ୍ରୀଙ୍କ ସଂଖ୍ୟାରେ ଯଥେଷ୍ଟ ବୃଦ୍ଧି ହୋଇଥିବା ଲକ୍ଷ୍ୟ କରାଯାଇଛି । ୨୦୧୪ରେ ବଦ୍ରିନାଥ ଓ କେଦାରନାଥରେ ଦର୍ଶନ କରିଥିବା ଶ୍ରଦ୍ଧାଳୁ ରେକର୍ଡ ସୃଷ୍ଟି କରିଥିବା ବେଳେ ୨୦୨୫ରେ ଏହି ରେକର୍ଡ ଭଙ୍ଗାଯାଇଛି । ଗତବର୍ଷ କେଦାରନାଥରେ ୧୬ ଲକ୍ଷ ୫୨ ହଜାର ୭୬ ଶ୍ରଦ୍ଧାଳୁ ପହଞ୍ଚିଥିବାବେଳେ ଏବର୍ଷ ୧୭ ଲକ୍ଷ ୬୮ ହଜାରରୁ ଅଧିକ ଶ୍ରଦ୍ଧାଳୁ ପହଞ୍ଚିଥିଲେ । ଗତବର୍ଷ ବଦ୍ରିନାଥରେ ୧୪ ଲକ୍ଷ ୩୫ ହଜାର ୩୪୧ ଜଣ ଓ ଏବର୍ଷ ୧୬ ଲକ୍ଷ ୫୨ ହଜାର ୯୭୧ ଶ୍ରଦ୍ଧାଳୁ ଦର୍ଶନ ପାଇଁ ପହଞ୍ଚିଥିଲେ । ସେହିପରି ଯମୁନୋତ୍ରୀ ଓ ଗଙ୍ଗୋତ୍ରୀରେ ମଧ୍ୟ ଏବର୍ଷ ଶ୍ରଦ୍ଧାଳୁଙ୍କ ସଂଖ୍ୟାରେ ଯଥେଷ୍ଟ ବୃଦ୍ଧି ହୋଇଛି । ଉତ୍ତରାଖଣ୍ଡରେ ଶୀତକାଳୀନ ଚାରିଧାମ ଯାତ୍ରା ଏଥର ଅକ୍ଟୋବର ୨୪ରୁ ଆରମ୍ଭ ହୋଇଛି ।

## ଆସନ୍ତାବର୍ଷ ଚୀନ୍ ଯିବେ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ




ୱାସିଂଟନ, ୨୫ ।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆସନ୍ତାବର୍ଷ ଏପ୍ରିଲରେ ଚୀନ୍ ଗସ୍ତରେ ଯିବେ । ସେ ବେଜିଂ ଯିବା ନେଇ ସମ୍ମତି ଦେଇଛନ୍ତି ବୋଲି ଟ୍ରମ୍ପ କହିଛନ୍ତି । ସେହିପରି ଆସନ୍ତାବର୍ଷ ଆମେରିକା ଆସିବାକୁ ସେ ଚୀନ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କୁ ନିମନ୍ତ୍ରଣ ଦେଇଛନ୍ତି । ଦୁଇ ରାଷ୍ଟ୍ରମୁଖ ଫୋନ୍‌ରେ କଥାବାର୍ତ୍ତା କରିବା ପରେ ଏ ନେଇ ଘୋଷଣା କରାଯାଇଛି । ପ୍ରାୟ ଏକମାସ ତଳେ ଦୁଇ ନେତା ଦକ୍ଷିଣ କୋରିଆରେ ପରସ୍ପରକୁ ଭେଟି ବିଭିନ୍ନ ବିଷୟରେ ଆଲୋଚନା କରିଥିଲେ । ଏଥିରେ ୟୁକ୍ରେନ ଉପରେ ରୁଷିଆର ଆକ୍ରମଣ, ଫେଣ୍ଟାନିଲ୍ ଓ ତାଇୱାନ ସମେତ ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା କରିଥିଲେ । ଚୀନ୍ ସହିତ ଆମେରିକାର ସମ୍ପର୍କ ବହୁତ ଦୃଢ ବୋଲି ଟ୍ରମ୍ପ ସୋସିଆଲ ମିଡିଆ ଟ୍ରୁଥ୍‌ରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି । ଦୁଇ ନେତା ପଖାପାଖି ଏକ ଘଣ୍ଟା ଫୋନରେ କଥା ହୋଇଥିଲେ ଓ ଏହା ମୁଖ୍ୟତଃ ବାଣିଜ୍ୟ ଉପରେ ଥିଲା ବୋଲି ହ୍ୱାଇଟ୍ ହାଉସ୍ ସଚିବ କାରୋଲିନ୍ ଲିଭଟ୍ କହିଛନ୍ତି । ସେପଟେ ଦ୍ୱିପାକ୍ଷିକ ସମ୍ପର୍କକୁ ଆହୁରି ଦୃଢ କରିବା ପାଇଁ ଆମେ ବଦ୍ଧପରିକର ବୋଲି ଚୀନ ତରଫରୁ କୁହାଯାଇଛି ।

## ସିନେଟରେ ବୁର୍ଖା ପିନ୍ଧି ଅଷ୍ଟ୍ରେଲିଆ ସାଂସଦ ନିଲମ୍ବିତ



ମେଲବୋର୍ଣ୍ଣ, ୨୫ ।୧୧ (ଏଜେନ୍ସି): ଅଷ୍ଟ୍ରେଲିଆ ସଂସଦର ଉପର ଗୃହ ସିନେଟରେ ଏକ ଅଭାବନୀୟ ଘଟଣା ଘଟିଛି । ଦକ୍ଷିଣପନ୍ଥୀ ସାଂସଦ ପାଓଲିନ ହାନସନ ସିନେଟକୁ ବୁର୍ଖା ପିନ୍ଧି ଆସିବାରୁ ତାଙ୍କୁ ୭ ଦିନ ପାଇଁ ନିଲମ୍ବିତ କରାଯାଇଛି । ସେ ବୁର୍ଖା ପିନ୍ଧି ଆସିବାରୁ ପ୍ରବଳ ବିରୋଧର ସମ୍ମୁଖୀନ ହୋଇଛନ୍ତି । ଏହା ମୁସଲିମ୍ ସମ୍ପ୍ରଦାୟର ଅପମାନ ବୋଲି କେତେକ ସାଂସଦ କହିଥିଲେ । ପୂର୍ବରୁ ହାନସନ ସଂସଦରେ ବୁର୍ଖା ଓ ଚେହରାକୁ ଘୋଡାଉଥିବା ପୋଷାକକୁ ନିଷିଦ୍ଧ କରିବା ପାଇଁ ପ୍ରସ୍ତାବ ଆଣିବାକୁ ଚାହୁଁଥିଲେ । କିନ୍ତୁ ତାଙ୍କୁ ଏଥିପାଇଁ ଅନୁମତି ମିଳି ନଥିଲା । ଏହାପରେ ସେ ବିରୋଧ କରିବା ପାଇଁ ବୁର୍ଖା ପିନ୍ଧି ସଂସଦକୁ ଆସିଥିଲେ । ମୁସଲିମ ସାଂସଦମାନେ ହାନ୍‌ସନଙ୍କ ଉପରେ ଧାର୍ମିକ ଭେଦଭାବ ଓ ବର୍ଣ୍ଣବୈଷମ୍ୟର ଆକ୍ଷେପ ଆଣିଛନ୍ତି । ଅଷ୍ଟ୍ରେଲିଆ ବିଦେଶ ମନ୍ତ୍ରୀ ପେନି ୟଙ୍ଗ ହାନସନଙ୍କୁ ଏଥିପାଇଁ ସମାଲୋଚନା କରିଛନ୍ତି ଓ ଅଷ୍ଟ୍ରେଲିଆରେ ରହୁଥିବା ପାଖାପାଖି ୧୦ ଲକ୍ଷ ମୁସଲମାନଙ୍କ ଅପମାନ କରିଛନ୍ତି ବୋଲି ସେ କହିଛନ୍ତି । ପୂର୍ବରୁ ମଧ୍ୟ ହାନସନ ୨୦୧୭ରେ ସଂସଦରେ ବୁର୍ଖା ପିନ୍ଧି ଆସିଥିଲେ ଓ ଦେଶ ବ୍ୟାପୀ ବୁର୍ଖା ନିଷିଦ୍ଧ କରିବାକୁ ଦାବିକରିଥିଲେ ।

## ଭାରତୀୟ ମହିଳାଙ୍କୁ ଦୁର୍ବ୍ୟବହାର ଅଭିଯୋଗକୁ ଖଣ୍ଡନ କଲା ଚୀନ୍



ବେଜିଂ, ୨୫ ।୧୧(ଏଜେନ୍ସି): ସାଂଘାଇ ବିମାନ ବନ୍ଦରରେ ଅରୁଣାଚଳ ପ୍ରଦେଶରେ ଜନ୍ମିତ ଭାରତୀୟ ମହିଳା ପେମ୍ ୱାଙ୍ଗଜାମ୍ ଥାଙ୍ଗଡ଼ୋକ୍‌ଙ୍କ ସହ ଦୁର୍ବ୍ୟବହାର ଅଭିଯୋଗକୁ ଚୀନ ଅନୁଷ୍ଠାନିକ ଭାବେ ଖଣ୍ଡନ କରିଛି । ଏ ସଂକ୍ରାନ୍ତରେ ଚୀନ୍‌ର ବୈଦେଶିକ ମନ୍ତ୍ରଣାଳୟ ମୁଖପାତ୍ର ମାଓ ନିଙ୍ଗ ସ୍ୱଷ୍ଟୀକରଣ ଦେଇଛନ୍ତି । ପେମ୍‌ଙ୍କୁ କୌଣସି ପ୍ରକାର ଜବରଦସ୍ତି, ଅଟକ କିମ୍ବା ସମସ୍ୟାରେ ପକାଇବା ଭଳି ବ୍ୟବହାର କରାଯାଇନାହିଁ । ଏୟାରଲାଇନ୍ସ ତାଙ୍କୁ ବିଶ୍ରାମ କରିବା ପାଇଁ ସୁବିଧା, ଖାଦ୍ୟ ଓ ପାଣିର ସୁବିଧା ପ୍ରଦାନ କରିଥିଲା ବୋଲି ସେ କହିଛନ୍ତି । ବ୍ରିଟେନରେ ରହୁଥିବା ପେମ୍ ଅଭିଯୋଗ କରିଥିଲେ ଯେ, ଚୀନ୍ ଅଧିକାରୀମାନେ ଭାରତୀୟ ପାସ୍‌ପୋର୍ଟ ଅବୈଧ ବୋଲି କହିଥିଲେ । ଅରୁଣାଚଳ ପ୍ରଦେଶରେ ଜନ୍ମଗ୍ରହଣ କରିଥିବାରୁ ତାଙ୍କୁ ଦୁର୍ବ୍ୟବହାର କରାଯାଇଥିଲା । ସେ ନଭେମ୍ବର ୨୧ରେ ଲଣ୍ଡନରୁ ଜାପାନ ଯାଉଥିଲେ । ସାଂଘାଇ ବିମାନ ବନ୍ଦରରେ ତାଙ୍କର ୩ ଘଣ୍ଟାର ଟ୍ରାନଜିଟ୍ ଥିଲା । ଏହି ଅବସରରେ ତାଙ୍କୁ ଅଶୋଭନୀୟ ଆଚରଣ ପ୍ରଦର୍ଶନ କରାଯାଇଥିଲା । ତାଙ୍କ ପାସ୍‌ପୋର୍ଟ ଜବତ କରାଯିବା ସହ ବିମାନରେ ଚଢ଼ିବାକୁ ଦିଆଯାଇ ନଥିଲା । ଭାରତୀୟ ଦୂତାବାସର ସହାୟତାରେ ସେ ବାହାରକୁ ଯିବା ପାଇଁ ସକ୍ଷମ ହୋଇଥିଲେ ବୋଲି କହିଥିଲେ । ଅରୁଣାଚଳ ପ୍ରଦେଶକୁ ଚୀନ ନିଜର ଅଂଶ ବୋଲି ଦାବି କରିଆସୁଛି । ଏଥିପାଇଁ ଏହି ସମସ୍ୟା ସୃଷ୍ଟି ହୋଇଥିଲା ବୋଲି କୁହାଯାଇଛି । କିନ୍ତୁ ଚୀନ୍ ତରଫରୁ ପେମ୍‌ଙ୍କ ସବୁ ଅଭିଯୋଗକୁ ଅସ୍ୱୀକାର କରାଯାଇଛି ।

# 'ନିର୍ବାଚନ କମିଶନ' ଏବେ 'ବିଜେପି କମିଶନ': ମମତା



କୋଲକାତା, ୨୫ ।୧୧(ଏଜେନ୍ସି): ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ପୁଣିଥରେ ଦେଶର ନିର୍ବାଚନ କମିଶନଙ୍କୁ ସମାଲୋଚନା କରିଛନ୍ତି । କମିଶନ ଆଉ ପୂର୍ବପରି ନିରପେକ୍ଷ ହୋଇ ରହିନାହିଁ । ଏହା ଏବେ ବିଜେପି କମିଶନରେ ପରିଣତ ହୋଇଛି । ଯଦି ପଶ୍ଚିମବଙ୍ଗରେ କମିଶନଙ୍କୁ ଜବାବ ଦିଆଯାଏ, ତେବେ ସାରା ଦେଶରେ ବିଜେପିର ମୂଳଦୂଆ ଦୋହଲିଯିବ ବୋଲି ବୋନାଗାଁଓରେ ଆଣ୍ଟି-ସ୍ପେଶାଲ ଇଣ୍ଟେନସିଭ ରିଭିଜନ (ଏସ୍‌ଆଇଆର) ରାଲିଙ୍କୁ ସମ୍ବୋଧନ କରିବାବେଳେ ସେ ଏହିକଥା କହିଛନ୍ତି । ଯଦି ରାଜ୍ୟରେ ମୋତୁଆ ବହୁଳ ଅଞ୍ଚଳରେ ରହୁଥିବା ଲୋକଙ୍କୁ ନାଗରିକତା ସଂଶୋଧନ ଅଧିନିୟମ ଅନୁସାରେ (ସିଏଏ) ବିଦେଶୀ ତଥା ଅନୁପ୍ରବେଶକାରୀ ବୋଲି ଘୋଷିତ କରାଯାଏ ତେବେ, ସେମାନଙ୍କୁ ତରୁନ୍ତ ଭୋଟର ତାଲିକାରୁ ହଟାଇ ଦିଆଯିବ । ଖାସ୍‌କରି ବିଜେପି ଶାସିତ ରାଜ୍ୟରେ ଏସ୍‌ଆଇଆର କାହିଁକି ଲାଗୁ କରାଯାଉଛି ବୋଲି ସେ ପ୍ରଶ୍ନ କରିଛନ୍ତି । ଯଦି ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ହଟାଇବାକୁ ଏସ୍‌ଆଇଆର ଲାଗୁ କରାଯାଉଛି, ତେବେ ବିଜେପି ଶାସିତ ରାଜ୍ୟରେ ଅନୁପ୍ରବେଶକାରୀ ଅଛନ୍ତି ବୋଲି ସ୍ପଷ୍ଟ ହେଉଛି । ଯଦି ବାଂଲାଦେଶୀ ଅନୁପ୍ରବେଶକାରୀ ସମସ୍ୟା ସୃଷ୍ଟି କରିଛି ତେବେ, ମଧ୍ୟପ୍ରଦେଶ ଓ ଉତ୍ତରପ୍ରଦେଶରେ କାହିଁକି ଏସ୍‌ଆଇଆର୍ ଲାଗୁ କରାଯାଉଛି ବୋଲି ସେ ପ୍ରଶ୍ନ କରିଛନ୍ତି । ୨୦୨୪ରେ ଏହି ଭୋଟର ତାଲିକା ଅନୁଯାୟୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଭୋଟ ମିଳିଥିଲା । ଯଦି ଏହି ତାଲିକାରୁ ଜଣକ ନାମ ହଟାଇ ଦିଆଯାଏ, ତେବେ କେନ୍ଦ୍ର ସରକାରଙ୍କୁ ମଧ୍ୟ ହଟାଯିବା ଉଚିତ୍ ହେବ । ଯେପର୍ଯ୍ୟନ୍ତ ମୁଁ ଅଛି ସେପର୍ଯ୍ୟନ୍ତ କାହାକୁ ତାଲିକାରୁ ବାଦ୍ ପଡ଼ିବାକୁ ଦେବିନି ବୋଲି ମମତା ସ୍ପଷ୍ଟ କରିଛନ୍ତି । ଏସ୍‌ଆଇଆର୍ ହିଁ ବିହାର ନିର୍ବାଚନ ପ୍ରକ୍ରିୟାକୁ ପ୍ରଭାବିତ କରିଛି । କିନ୍ତୁ ବିରୋଧୀ ଦଳ ବିଜେପିର ଏହି ରଣନୀତିକୁ ବୁଝିବାରେ ବିଫଳ ହୋଇଛି । ଯଦି ପଶ୍ଚିମବଙ୍ଗରେ ବିଜେପି ମତେ କ୍ଷତି ପହଞ୍ଚାଏ, ତେବେ ସାରା ଦେଶରେ ବିଜେପିର ନିଅଁ ଦୋହଲାଇ ଦେବି ବୋଲି ସେ କହିଛନ୍ତି । ରାଜନୀତିରେ ବିଜେପି ମୋତେ ହରାଇ ପାରିବ ନାହିଁ ଓ ଚ୍ୟାଲେଞ୍ଜ ମଧ୍ୟ ଦେଇପାରିବ ନାହିଁ ବୋଲି ସେ କହିଛନ୍ତି ।

ଉଲ୍ଲେଖଥାଉ କି, ଅକ୍ଟୋବର ୨୮ ରୁ ୧୨ ରାଜ୍ୟ ଓ କେନ୍ଦ୍ର ଶାସିତ ରାଜ୍ୟରେ ଏସ୍‌ଆଇଆର ଜାରି ରହିଛି ଓ ଭୋଟର ତାଲିକା ସଂଶୋଧନ କାର୍ଯ୍ୟକ୍ରମ ଜାରି ରହିଛି । ଏସ୍‌ଆଇଆର ପ୍ରକ୍ରିୟାରେ ଦାୟିତ୍ୱ ସମ୍ପାଦନ କରୁଥିବା କେତେଜଣ ବ୍ଲକ ଲିବେଲ ଅଫିସର (ବିଏଲ୍‌ଓ)ଙ୍କ ମୃତ୍ୟୁକୁ ନେଇ ଚର୍ଚ୍ଚା ମଧ୍ୟ ଜାରି ରହିଛି ।

## ସୁପ୍ରିମକୋର୍ଟରେ ତାମିଲନାଡୁର ୬ଷ୍ଠ ଆବେଦନ

ନୂଆଦିଲ୍ଲୀ, ୨୫ ।୧୧(ଏଜେନ୍ସି): ଦେଶର ୧୨ଟି ରାଜ୍ୟ ଓ କେନ୍ଦ୍ର ଶାସିତ ପ୍ରଦେଶରେ ନଭେମ୍ବର ୪ରୁ ସ୍ପେଶାଲ ଇଣ୍ଟେନସିଭ ରିଭିଜନ (ଏସ୍‌ଆଇଆର) ପ୍ରକ୍ରିୟା ଜାରି ରହିଛି । ତାମିଲନାଡୁରେ ମଧ୍ୟ ଏହା ଚାଲୁ ରହିଛି । ଏବେ ଏସ୍‌ଆଇଆରକୁ ଆଉ ଜଣେ ରାଜନେତା ଓ ପାର୍ଟି ବିରୋଧ କରିଛନ୍ତି । ସେ ହେଉଛନ୍ତି ମରୁମଲାର୍ଚି ଦ୍ରବିଡ ମୁନେତ୍ରା କାଜଘମ (ଏମ୍‌ଡିଏମ୍‌କେ) ପାର୍ଟି ମୁଖ୍ୟ ଭାଇକୋ । ଏବେ ଭାଇକୋ ଏସ୍‌ଆଇଆର ବିରୋଧରେ ସୁପ୍ରିମକୋର୍ଟରେ ଆବେଦନ କରିଛନ୍ତି । ଏସ୍‌ଆଇଆର ରାଜ୍ୟରେ ଏକାଧିକ ନିୟମ ଓ ଲୋକଙ୍କ ମୂଳ ଅଧିକାରର ଉଲ୍ଲଂଘନ କରିବ ବୋଲି ସେ କହିଛନ୍ତି । ଏହି ମାମଲାରେ ସୁପ୍ରିମକୋର୍ଟ ମଙ୍ଗଳବାର ନିର୍ବାଚନ କମିଶନଙ୍କଠାରୁ ଜବାବ ମାଗିଛନ୍ତି । ଏହି ମାମଲାର ପରବର୍ତ୍ତୀ ଶୁଣାଣି ଡିସେମ୍ବର ୨ରେ ହେବ । ଭାଇକୋଙ୍କୁ ବାଦ୍ ଦେଲେ ଡିଏମ୍‌କେ, ସିପିଆ(ଏମ୍), ଅଭିନେତା ବିଜୟଙ୍କ ପାର୍ଟି ଟିଭିକେ ଓ କେତେଜଣ ସାଂସଦ ଓ ବିଧାୟକ ଏସ୍‌ଆଇଆର୍ ପ୍ରକ୍ରିୟାକୁ ବିରୋଧ କରିଛନ୍ତି ।

## ସେନା ଅଧିକାରୀଙ୍କ ଆବେଦନ ଖାରଜ କଲେ ସୁପ୍ରିମକୋର୍ଟ



■ ଖ୍ରୀଷ୍ଟିଆନ ହୋଇଥିବାରୁ ଗୁରୁଦ୍ୱାରକୁ ଯିବାକୁ ମନା କରିଥିଲେ

ନୂଆଦିଲ୍ଲୀ, ୨୫ ।୧୧(ଏଜେନ୍ସି): ସୁପ୍ରିମକୋର୍ଟ ମଙ୍ଗଳବାର ସେନାର ଜଣେ ପୂର୍ବତନ ଖ୍ରୀଷ୍ଟିଆନ ଅଫିସରଙ୍କ ଆବେଦନକୁ ଖାରଜ କରିଛନ୍ତି । ତାଙ୍କ ସେନାରୁ ବରଖାସ୍ତ କରାଯାଇଥିବାରୁ ସେ କୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । କିନ୍ତୁ ତାଙ୍କୁ ଏବେ ନିରାଶ ହେବାକୁ ପଡ଼ିଛି । ନିୟୋଜିତ ହୋଇଥିବା ସ୍ଥାନରେ ଏହି ଅଧିକାରୀ ଜଣକ ଧାର୍ମିକ ଗତିବିଧିରେ ଅଂଶଗ୍ରହଣ କରିବାକୁ ସିଧା ମନା କରିଥିଲେ । ଏହାପରେ ସେନା ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ତାଙ୍କୁ ବରଖାସ୍ତ କରିବାକୁ ନିର୍ଦ୍ଦେଶ ଦେଇଥିଲା । ମୁଖ୍ୟ ବିଚରପତି ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜଷ୍ଟିସ ଜୟମାଲ୍ୟା ବାଗଚୀଙ୍କ ଖଣ୍ଡପୀଠ ଏହି ଅଧିକାରୀଙ୍କୁ ଭର୍ତ୍ସନା କରିଥିଲେ । ସେନାରେ କାର୍ଯ୍ୟ କରିବା ପାଇଁ ଆପଣ ଯୋଗ୍ୟ ନୁହେଁ ବୋଲି ଖଣ୍ଡପୀଠ କହିଥିଲେ ଓ ହାଇକୋର୍ଟଙ୍କ ରାୟକୁ ବଜାୟ ରଖିଥିଲେ । ଅଧିକାରୀଙ୍କ ଏହି ଆଚରଣ ଗମ୍ଭୀର ଅନୁଶାସନହୀନତାର ପରିଚୟ ଦେଉଛି ବୋଲି କୋର୍ଟ କହିଥିଲେ । ସେନା ଭଳି ସଂସ୍ଥାରେ ଏହାକୁ ଆଦୌ ବରଦାସ୍ତ କରାଯିବ ନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଥିଲେ ।

ଏହି ମମାଲ ୨୦୧୭ରେ ଘଟିଥିଲା । ଅଧିକାରୀ ସାମୁଏଲ କମଲେସନ ତୃତୀୟ କାଭାଲରୀ ରେଜିମେଣ୍ଟରେ ଲେଫ୍ଟନାଣ୍ଟ ଭାବେ ଦାୟିତ୍ୱରେ ଥିଲେ । ତାଙ୍କ ୟୁନିଟ୍‌ରେ ଏକନ ମନ୍ଦିର ଓ ଗୁରୁଦ୍ୱାର ଥିଲା ଓ ଏଠାରେ ପ୍ରତି ସପ୍ତାହରେ ଧାର୍ମିକ ପରେଡ ହେଉଥିଲା । କିନ୍ତୁ ଖ୍ରୀଷ୍ଟିଆନ ଧର୍ମାବଲମ୍ବୀ ହୋଇଥିବାରୁ ସେ ଭିତର ମନ୍ଦିର ଭିତରକୁ ଯିବାକୁ ମନା କରିଥିଲେ । ଆମ ଧର୍ମରେ ଦେବୀ ଦେବତାଙ୍କୁ ପୂଜା କରିବା ମନା ବୋଲି ସେ କହିଥିଲେ । ଫଳରେ ତାଙ୍କୁ ବରଖାସ୍ତ କରାଯାଇଥିଲା । ଗୁରୁଦ୍ୱାର ଏକ ଧର୍ମନିରପେକ୍ଷ ସ୍ଥାନ ହୋଇଥିବାରୁ ଏଭଳି ଆଚରଣ ଠିକ୍ ନୁହେଁ ବୋଲି କୋର୍ଟ କହିଥିଲେ । ଶେଷରେ ସାମୁଏଲ୍‌ଙ୍କୁ ଏଥିପାଇଁ ମୂଲ୍ୟ ଦେବାକୁ ହୋଇଛି ।

## ଇଞ୍ଜିନିୟରଙ୍କଠାରୁ ୪୮ ଲକ୍ଷ ଠକି ନେଲେ ଆୟୁର୍ବେଦ ଦୋକାନୀ

ବେଙ୍ଗାଲୁରୁ, ୨୫ ।୧୧(ଏଜେନ୍ସି): ବେଙ୍ଗାଲୁରୁରେ ୨୯ ବର୍ଷୀୟ ଜଣେ ସଫ୍ଟୱୟାର ଇଞ୍ଜିନିୟର ୪୮ ଲକ୍ଷ ଟଙ୍କା ଠକେଇର ଶିକାର ହୋଇଛନ୍ତି । ଏ ନେଇ ଇଞ୍ଜିନିୟର ଜଣକ ଜ୍ଞାନଭାରତୀ ଥାନାରେ ଏଫ୍‌ଆଇଆର୍ ଦାଏର କରିବା ପରେ ଏହି ମାମଲା ସାମ୍ନାକୁ ଆସିଥିଲା । ସ୍ୱାସ୍ଥ୍ୟଗତ ସମସ୍ୟା ଦୂର କରିବା ପାଇଁ ସେ ରାସ୍ତା କଡ଼ରେ ଲଗାଯାଇଥିବା ଏକ ଆୟୁର୍ବେଦ ତମ୍ବୁକୁ ଯାଇଥିଲେ । ସେଠାରେ ସେ ବିଜୟ ଗୁରୁଜୀ ବୋଲି ଜଣେ ବ୍ୟକ୍ତିଙ୍କୁ ଭେଟିଥିଲେ । ତାଙ୍କ ପରାମର୍ଶ ଅନୁସାରେ ସେ ଏକାଧିକ ଔଷଧ ତଥା ଜିନିଷ କ୍ରୟ କରିଥିଲେ । ଏଥିରେ ୧୮ ଗ୍ରାମ୍‌ର ଔଷଧ ୨୦ ଲକ୍ଷ ଟଙ୍କାରେ ଓ ୧୭ ଲକ୍ଷ ଟଙ୍କାର ତେଲ ଓ ଅନ୍ୟାନ୍ୟ ଜନିଷ କିଣିଥିଲେ । କିନ୍ତୁ ଏହି ଔଷଧ ସେବନ କରିବା ପରେ ମଧ୍ୟ ସ୍ୱାସ୍ଥ୍ୟବସ୍ଥାରେ କୌଣସି ସୁଧାର ଆସି ନଥିଲା । ପୀଡିତ ମେଡିକାଲ ପରୀକ୍ଷା କରାଇଥିଲେ ଓ ତାଙ୍କ କିଡ୍‌ନୀ ଖରାପ ଥିବା ଜାଣିବାକୁ ପାଇଥିଲେ । ୨୦୨୩ରେ ସେ ବିବାହ କରିଥିଲେ । କିନ୍ତୁ ବିବାହ ପରେ କିଛିମାସ ପରେ ତାଙ୍କର ଯୌନ ସମସ୍ୟା ଦେଖାଯାଇଥିଲା । ଫଳରେ ଜଣେ ବନ୍ଧୁଙ୍କ ପରାମର୍ଶକ୍ରମେ ସେ ଆୟୁର୍ବେଦ ଡାକ୍ତର ବିଜୟଙ୍କ ସହ ପରିଚିତ ହୋଇଥିଲେ । ଔଷଧ କିଣିବା ପାଇଁ ସେ ୨୦ ଲକ୍ଷ ଟଙ୍କା ଉଦ୍ଧାର କରିଥିଲେ । ଔଷଧ କାମ ନ କରିବାରୁ ବିଜୟ ତାଙ୍କୁ ଆହୁରି ଅଧିକ ଔଷଧ କଣିବାକୁ କହିଥିଲେ ।

## କାନାଡ଼ାରେ ତ୍ରିରଙ୍ଗାର ଅପମାନ କଲେ ଖଲିସ୍ତାନୀ ଆତଙ୍କବାଦୀ



ଅଟାୱା, ୨୫ ।୧୧(ଏଜେନ୍ସି): କାନାଡ଼ାର ଅଟାୱା ସହରରେ ରବିବାର ଖଲିସ୍ତାନୀ ଆତଙ୍କବାଦୀମାନେ ଜନମତ ସଂଗ୍ରହ କରିବା ଅବସରରେ ଭାରତୀୟ ପତାକା ତ୍ରିରଙ୍ଗାର ଅପମାନ କରିଥିଲେ । ଏମାନେ ଭାରତ ପ୍ରଧାନମନ୍ତ୍ରୀ ଓ ଅଧିକାରୀଙ୍କୁ ମାରିଦିଅ ବୋଲି ସ୍ଲୋଗାନ ଦେଇଥିଲେ । ଏହି ଆତଙ୍କବାଦୀମାନେ ଏକ ଅନୌପଚାରିକ ତଥା ବେଆଇନ୍ ବେଟିଂରେ ଅଂଶଗ୍ରହଣ କରିଥିଲେ ଓ ଏହାକୁ 'ଖଲିସ୍ତାନ ରେଫରେଣ୍ଡମ' ବୋଲି କୁହାଯାଇଥିଲା । ଏହି ବେଟିଂ ଜରିଆରେ ସେମାନେ ଏକ ପ୍ରଶ୍ନ ପଚାରିଥିଲେ । ଭାରତଠାରୁ ପଞ୍ଜାବକୁ ଅଲଗା କରି ଏକ ନୂଆ ଦେଶ ଖଲିସ୍ତାନ ଗଠନ କରିବା ଆବଶ୍ୟକ କି ବୋଲି ପ୍ରଶ୍ନ କରିଥିଲେ । ଗଣମାଧ୍ୟମଗୁଡିକ ରିପୋର୍ଟ ଅନୁସାରେ ଏହି ବେଟିଂରେ ହଜାରରୁ ଅଧିକ ଲୋକ ଅଂଶଗ୍ରହଣ କରିଥିଲେ । ଲୋକମାନେ ସକାଳୁ ସନ୍ଧ୍ୟା ପର୍ଯ୍ୟନ୍ତ ହଳଦିଆ ରଙ୍ଗର ପତାକା ନେଇ ପାଖାପାଖି ଦୁଇ କିମିର ଲାଇନ୍‌ରେ ଠିଆ ହୋଇଥିଲେ । ଜଣାଶୁଣା ଆତଙ୍କବାଦୀ ସଂଗଠନ 'ଶିଖ ଫର ଜଷ୍ଟିସ୍' ଏହାର ଆୟୋଜନ କରିଥିଲା । ଏଥିରେ ଅଣ୍ଟାରିଓ, ଆଲବର୍ଟା, ବ୍ରିଟିଶ କଲମ୍ବିଆ ଓ କ୍ୟୁବେକ ରାଜ୍ୟରୁ ୫୩ ହଜାରରୁ ଅଧିକ ଖଲିସ୍ତାନୀ ସମର୍ଥକ ଭୋଟ ଦେବାକୁ ଆସିଥିଲେ ବୋଲି ଆୟୋଜକ କହିଛନ୍ତି । ଦକ୍ଷିଣ ଆଫ୍ରିକାରେ ଚାଲିଥିବା ଜି-୨୦ ସମ୍ମିଳନୀରେ ମୋଦୀ ଓ କାନାଡା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣି ପରସ୍ପରକୁ ଭେଟିଥିଲେ । ଏହାକୁ ନେଇ ମଧ୍ୟ ଶିଖ୍ ଫର୍ ଜଷ୍ଟିସ ପ୍ରଶ୍ନ ଉଠାଇଛି ।

## ଗାୟକ ଜୁବିନଙ୍କୁ ହତ୍ୟା କରାଯାଇଛି: ହିମନ୍ତ

ଗୌହାଟୀ, ୨୫ ।୧୧(ଏଜେନ୍ସି): ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱ ଶର୍ମା ମଙ୍ଗଳବାର ବିଧାନସଭାରେ ଚକିତ କଲା ଭଳି ଏକ ମନ୍ତବ୍ୟ ଦେଇଛନ୍ତି । ବଲିଉଡ୍ ତଥା ଆସାମୀ ଗାୟକ ଜୁବିନ ଗର୍ଗଙ୍କ ମୃତ୍ୟୁ ଏକ ଦୁର୍ଘଟଣା ନଥିଲା । ବରଂ ତାଙ୍କୁ ହତ୍ୟା କରାଯାଇଛି ବୋଲି ସେ କହିଛନ୍ତି । ଏହା ବିନା କୌଣସି ଉଦ୍ଦେଶ୍ୟରେ ହତ୍ୟା କିମ୍ବା ଆପରାଧିକ ଷଡଯନ୍ତ୍ର ନୁହେଁ, ଏହା ଏକ ହତ୍ୟାକାଣ୍ଡ ବୋଲି ସେ ସ୍ପଷ୍ଟ କରିଛନ୍ତି । ଜଣେ ଅଭିଯୁକ୍ତ ଜୁବିନଙ୍କ ଜୀବନ ନେଇଛନ୍ତି ଓ ବାକି ଅଭିଯୁକ୍ତମାନେ ତାଙ୍କୁ ସହଯୋଗ କରିଛନ୍ତି ବୋଲି ସେ କହିଛନ୍ତି ।

ଆସାମ ବିଧାନସଭାରେ ବିରୋଧୀ ଦଳଗୁଡିକ ଜୁବିନଙ୍କ ମୃତ୍ୟୁ ଉପରେ ଆଲୋଚନା ପାଇଁ ଏକ ମୁଲତବୀ ପସ୍ତାବ ଆଣିଥିଲେ । ଶୀତକାଳୀନ ଅଧିବେଶନର ପ୍ରଥମ ଦିନରେ ହିଁ ହିମନ୍ତ ଏହାର ଜବାବ ଦେଇଛନ୍ତି । ଆସାମ ପୁଲିସର ସିଆଇଡି ଅଧିନରେ ଗଠିତ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସ୍‌ଆଇଟି) ଏପର୍ଯ୍ୟନ୍ତ ଏହି ମାମଲାରେ ୭ ଜଣଙ୍କୁ ଗିରଫ କରିଛି, ୨୫୨ ଜଣଙ୍କୁ ପଚରାଉଚରା କରିଛି ଓ ୨୯ଟି ସାମଗ୍ରୀ ଜବତ କରିଛି । ଗିରଫ ହୋଇଥିବା ଅଭିଯୁକ୍ତମାନଙ୍କ ମଧ୍ୟରୁ ୪-୫ ଜଣଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ କରାଯାଇଛି ବୋଲି ସେ କହିଛନ୍ତି । ଉଲ୍ଲେଖ ଥାଉକି, ୫୨ ବର୍ଷୀୟ ଗାୟକ ତଥା ମ୍ୟୁଜିସିଆନ ଜୁବିନ ସେପ୍ଟେମ୍ବର ୧୯ ରେ ସିଙ୍ଗାପୁରରେ ସମୁଦ୍ରରେ ସ୍କୁବା ଡାଇଭିଂ କରୁଥିବା ବେଳେ ସନ୍ଦେହଜନକ ଭାବେ ମୃତ୍ୟୁବରଣ କରିଥିଲେ । ସେ ନର୍ଥଇଷ୍ଟ ଇଣ୍ଡିଆ ସମାରୋହରେ ଯୋଗ ଦେବାକୁ ଯାଇଥିଲେ । ତାଙ୍କ ମୃତ୍ୟୁକୁ ନେଇ ରାଜ୍ୟରେ ୬୦ରୁ ଅଧିକ ଏଫ୍‌ଆଇଆର ଦାଏର କରାଯାଇଥିଲା । ଜୁବିନ ତାଙ୍କ ଉଜ୍ଜ୍ୱଳମୟ କ୍ୟାରିଅରରେ ୪୦ଟି ଭାଷାରେ ପାଖାପାଖି ୩୮ ହଜାର ଗୀତ ଗାଇଛନ୍ତି । ସେ ଏକାଧାରରେ ଜଣେ ଗାୟକ, ସଙ୍ଗୀତକାର, ଅଭିନେତା ଓ ନିର୍ଦ୍ଦେଶକ ଥିଲେ ।

# ଅଯୋଧ୍ୟା ରାମ ମନ୍ଦିରରେ ଉଡ଼ିଲା ଧର୍ମଧ୍ୱଜା



ଅଯୋଧ୍ୟା, ୨୫ ।୧୧(ଏଜେନ୍ସି): ଅଯୋଧ୍ୟାର ରାମ ମନ୍ଦିର ଆଜି ସମ୍ପୂର୍ଣ୍ଣ ହୋଇଛି । ପ୍ରାଣ ପ୍ରତିଷ୍ଠାର ୬୭୩ ଦିନ ପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍) ମୁଖ୍ୟ ମୋହନ ଭାଗବତ ମନ୍ଦିର ଶିଖରରେ ଧ୍ୱଜାରୋହଣ କରିଥିଲେ । ସକାଳ ୧୧.୫୦ରେ ଶୁଭ ମୁହୂର୍ତ୍ତରେ ବଟନ ଦବାଇବା ପରେ ୨ କେଜି ଓଜନର ନାରଙ୍ଗି ଧ୍ୱଜା ୧୬୧ ଫୁଟ ଉଚ୍ଚରେ ଥିବା ଶିଖରରେ ଉଡିଥିଲା । ଏହି ଦୃଶ୍ୟ ଅତ୍ୟନ୍ତ ଚମତ୍କାର ଥିଲା । ଏହି ଅବସରରେ ପ୍ରଧାନମନ୍ତ୍ରୀ ଭାବବିହ୍ୱଳ ହୋଇପଡ଼ିଥିଲେ । ରାମଲାଲା ସୁନା ଓ ରେଶମ ସୂତ୍ରରେ କାରୁକାର୍ଯ୍ୟ ହୋଇଥିବା ଏକ ହଳଦିଆ ବସ୍ତ୍ର ପରିଧାନ କରିଥିଲେ । ଆଜି ଯୁଗ ଯୁଗର ଅକାଂକ୍ଷା ପୂରଣ ହୋଇଛି ଓ କ୍ଷତ ଭରିଛି ବୋଲି ମୋଦୀ କହିଥିଲେ । ଦେଶକୁ ପରାଧିନତାର ମାନସିକତାରୁ ମୁକ୍ତି କରିବାକୁ ଆମେ ବଦ୍ଧପରିକର । ଏହି ମାନସିକତା ଏତେ ପରିମାଣ ପ୍ରଭାବିତ କରିଥିଲା ଯେ, ଲୋକେ ବର୍ଷବର୍ଷ ଧରି ଭଗବାନ ରାମଙ୍କୁ କାଳ୍ପନିକ ବୋଲି କହିବାକୁ ପଛାଇ ନଥିଲେ ବୋଲି ସେ କହିଥିଲେ । ମୋଦୀ ନିଜର ୩୨ ମିନିଟର ଭାଷଣ 'ସୀୟାବର ରାମଚନ୍ଦ୍ର କି ଜୟ'ରେ ସମ୍ବୋଧନ କରି ଆରମ୍ଭ କରିଥିଲେ । ରାମ ମନ୍ଦିର ଆନ୍ଦୋଳନରେ ଯୋଉଁମାନେ ପ୍ରାଣ ବିସର୍ଜନ ଦେଇଥିଲେ, ଆଜି ସେମାନଙ୍କ ଆତ୍ମା ତୃପ୍ତ ହୋଇଥିବ ବୋଲି ଭାଗବତ କହିଥିଲେ । ସେହିପରି ପିଢ଼ି ପିଢ଼ି ଲୋକଙ୍କର ଆଶା ଆଜି ପୂରଣ ହୋଇଛି ବୋଲି ଉତ୍ତରପ୍ରଦେଶ ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ କହିଥିଲେ ।

ଧ୍ୱଜାରୋହଣ ପୂର୍ବରୁ ମୋଦୀ ଓ ଭାଗବତ ସାଥି ହୋଇ ମନ୍ଦିର ପ୍ରଥମ ମହଲାରେ ନିର୍ମିତ ରାମ ଦରବାରରେ ପୂଜା ଓ ଆଳତି କରିଥିଲେ । ଏହାପରେ ଦୁହେଁ ରାମଲାଲାଙ୍କ ଦର୍ଶନ କରିଥିଲେ । ମୋଦୀ ରାମଲାଲାଙ୍କ ପାଇଁ ବସ୍ତ୍ର ଓ ପଙ୍ଖା ନେଇ ପହଞ୍ଚିଥିଲେ । ମୋଦୀ ସାକେତ କଲେଜରୁ ରାମ ଜନ୍ମଭୂମି ପର୍ଯ୍ୟନ୍ତ ଦେଢ଼ କିମି ଲମ୍ବ ରୋଡ ଶୋର ନେତୃତ୍ୱ ନେଇଥିଲେ । ଏହି ଅବସରରେ ସ୍କୁଲ ଛାତ୍ରଛାତ୍ରୀ ରୋଡ୍ ଶୋରେ ଗାଡିଗୁଡିକ ଉପରେ ପୁଷ୍ପ ବୃଷ୍ଟି କରିଥିଲେ । ସ୍ଥାନେ ସ୍ଥାନେ ମହିଳାମାନେ ମଧ୍ୟ ତାଙ୍କର ସ୍ୱାଗତ କରିଥିଲେ । ଧ୍ୱଜାରୋହଣ ସମାରୋହରେ ବଲିଉଡ୍ ମହାନାୟକ ଅମିତାଭ ବଚ୍ଚନ ଓ ଅନ୍ୟ ସେଲିବ୍ରିଟିମାନେ ଆସିବେ ବୋଲି ଚର୍ଚ୍ଚା ହେଉଥିଲା । କିନ୍ତୁ କେହି ଆସି ନଥିଲେ । ଦେଶର ୪ ଜଣ ଶଙ୍କରାଚାର୍ଯ୍ୟଙ୍କୁ ବାଦ୍ ଦେଲେ ବିଭିନ୍ନ ମଠର ସାଧୁ-ସନ୍ଥ ଏହି ଅବସରରେ ମନ୍ଦିର ପରିସରରେ ଉପସ୍ଥିତ ଥିଲେ । ସମ୍ପୂର୍ଣ୍ଣ ଅଯୋଧ୍ୟା ସହରକୁ ୧୦୦୦ କ୍ୟୁଣ୍ଟାଲ ଫୁଲରେ ସଜ୍ଜିତ କରାଯାଇଥିଲା । ସୁରକ୍ଷା ବ୍ୟବସ୍ଥା କଡ଼ା କଡ଼ି କରାଯାଇଥିଲା । ମନ୍ଦିରରେ ପଞ୍ଚ ସ୍ତରୀୟ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା । ଏଟିଏସ୍, ଏନ୍‌ଏସ୍‌ଜି, ଏସ୍‌ପିଜି, ସିଆରପିଏଫ୍ ଓ ପିଏସି ଯବାନଙ୍କୁ ନିୟୋଜିତ କରାଯାଇଥିଲା ।

## ଆଫଗାନିସ୍ତାନରେ ଅଧରାତିରେ ପାକିସ୍ତାନର ଏୟାର ଷ୍ଟ୍ରାଇକ୍

ଇସ୍‌ଲାମାବାଦ୍, ୨୫ ।୧୧(ଏଜେନ୍ସି): ପାକିସ୍ତାନ ସୋମବାର ଅଧରାତିରେ ଆଫଗାନିସ୍ତାନର ୩ ରାଜ୍ୟ ଖୋସ୍ତ, କୁନାର ଓ ପ୍ରକ୍ତିକାରେ ଆକାଶମାର୍ଗରୁ ଆକ୍ରମଣ କରିଛି । ଖୋସ୍ତ ଉପରେ ହୋଇଥିବା ଆକ୍ରମଣରେ ୧୦ ଜଣ ସାଧାରଣ ନାଗରିକ ମୃତ୍ୟୁବରଣ କରିଛନ୍ତି । ଏମାନଙ୍କ ମଧ୍ୟରେ ୯ ଜଣ ଛୋଟ ପିଲା ଓ ଜଣେ ମହିଳା ସାମିଲ ଅଛନ୍ତି । ଖୋସ୍ତ ରାଜ୍ୟର ମୁଗଲଗଇ ଅଞ୍ଚଳରେ ରାତି ୧୨ଟାରେ ପାକିସ୍ତାନ ବିମାନଗୁଡିକ ଏକ ଘର ଉପରେ ବୋମା ମାଡ଼ କରିଥିଲେ ବୋଲି ତାଲିବାନ ମୁଖପାତ୍ର ଜବିଉଲ୍ଲା ମୁଜାହିଦ କହିଛନ୍ତି । ଏହି ଆକ୍ରମଣରେ ୫ ପୁଅ, ୪ ଝିଅ ପିଲା ଓ ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି । ସେହିପରି କୁନାର ଓ ପ୍ରକ୍ତିକାରେ ହୋଇଥିବା ଆକ୍ରମଣରେ ୪ ଜଣ ନାଗରିକ ଆହତ ହୋଇଛନ୍ତି । ପାକିସ୍ତାନ ଏହି ଆକ୍ରମଣ କରି ଇସ୍ତାନବୁଲରେ ହୋଇଥିବ ଅସ୍ତ୍ରବିରତି ଚୁକ୍ତିର ଉଲ୍ଲଂଘନ କରିଛି ବୋଲି ଆଫଗାନିସ୍ତାନ କହିଛି । ଏହି ଘଟଣା ନେଇ ପାକିସ୍ତାନ ସେନା ଓ ବିଦେଶ ମନ୍ତ୍ରଣାଳୟ ତରଫରୁ କୌଣସି ପ୍ରତିକ୍ରିୟା ପ୍ରକାଶ କରାଯାଇନାହିଁ । ଅନ୍ୟପଟେ ପାକିସ୍ତାନ ମଧ୍ୟ ଆତଙ୍କବାଦୀ ଆକ୍ରମଣର ଶିକାର ହେଉଛି । ଦୁଇଦିନ ତଳେ ପେଶାୱାର ସହରରେ ଫ୍ରଣ୍ଟିୟର କନଷ୍ଟେବୁଲରୀ ମୁଖ୍ୟ କାର୍ଯ୍ୟାଳୟ ଉପରେ ଆତ୍ମଘାତୀ ଆକ୍ରମଣ କରାଯାଇଥିଲା ଓ ଏଥିରେ ୩ କମାଣ୍ଡୋ ମୃତ୍ୟୁବରଣ କରିଥିବା ବେଳେ ୩ ଆକ୍ରମଣକାରୀ ମଧ୍ୟ ନିହତ ହୋଇଥିଲେ । ପାକିସ୍ତାନ ଗତମାସରେ ମଧ୍ୟ ଆଫଗାନିସ୍ତାନ ରାଜଧାନୀ କାବୁଲ ଉପରେ ବୋମା ମାଡ଼ କରିଥିଲା । ପୂର୍ବରୁ ମଧ୍ୟ ଦୁଇ ଦେଶ ମଧ୍ୟରେ ସଂଘର୍ଷ ହୋଇଥିଲା ।





# ରାଜପଥରେ ଗଡ଼ିଲା ୬ ମୁଣ୍ଡ

## ଡିଭାଇଡର୍ ଡେଇଁ ଟ୍ୟାଙ୍କର୍‌କୁ ଧକ୍କା ଦେଲା ବୋଲେରୋ; ୩ ମୃତ

ଟାଙ୍ଗୀ,୨୫ ।୧୧(ସମିସ): ଜଗନ୍ନାଥ ଦର୍ଶନ ନୋହିଲା। ଅଧାବାଟରେ ଜୀବନ ଚାଲିଗଲା। ମଙ୍ଗଳବାର ଭୋର୍‌ରେ ୧୬ନଂ ଜାତୀୟ ରାଜପଥର ଟାଙ୍ଗୀ ଥାନା ରଜକଣା ଛକ ନିକଟରେ ଏକ ମର୍ମନ୍ତୁଦ ଦୁର୍ଘଟଣା ୩ଜଣଙ୍କ ଜୀବନ ନେଇଛି।



ମୃତକମାନେ ହେଲେ, କେନ୍ଦୁଝର ଜିଲ୍ଲା କାଠବାଉଁଶୁଳି ଗ୍ରାମର ଅଶୋକ ବାରିକ, ଭଦ୍ରକ ଅଞ୍ଚଳର ପ୍ରକାଶ ବିଶ୍ୱାଳ ଓ ବିହାର ଅଞ୍ଚଳର ଉମେଶ କୁମାର। ସେହିପରି ଏହି ଦୁର୍ଘଟଣାରେ ଅନ୍ୟ ୨ଜଣ ଗୁରୁତର ହୋଇଛନ୍ତି। ସେମାନେ ହେଲେ, କେନ୍ଦୁଝର ଜିଲ୍ଲା ନୟାକୋଟ ଥାନା ବାଂଶପାଳ ଗ୍ରାମର ନିୟନ ପଲ୍ଲାଇ ଓ ପୁରୀ ଜିଲ୍ଲା କଣାସ ଥାନା କୋଟକଣ ଗ୍ରାମର ବିଶ୍ୱରଞ୍ଜନ ରାଉତରାୟ। ସ୍ଥାନୀୟ ହସ୍ପିଟାଲରେ ସେମାନଙ୍କୁ ଭର୍ତ୍ତି କରାଯାଇଛି।

ମିଳିଥିବା ସୂଚନାନୁଯାୟୀ, ୫ଜଣ ଯାକ ଏକ ଖଣି କମ୍ପାନୀରେ କାମ କରନ୍ତି। ଜଗନ୍ନାଥ ଦର୍ଶନ ନିମନ୍ତେ ସମସ୍ତେ ସୋମବାର ସନ୍ଧ୍ୟାରେ ପୁରୀ ଅଭିମୁଖେ ଏକ ବୋଲେରୋରେ ବାହାରିଥିଲେ। ଚାଳକଙ୍କ ଅସାବଧାନତା ଯୋଗୁଁ ଦ୍ରୁତଗତିରେ

**ଜଗନ୍ନାଥ ଦର୍ଶନ ପାଇଁ ଯାଉଥିଲେ; ୨ ଗୁରୁତର**

ଯାଉଥିବା ବୋଲେରୋଟି ରଜକଣା ଛକ ନିକଟରେ ରୋଡ୍ ଡିଭାଇଡର୍‌ରେ ପିଟି ହୋଇ ବିପରୀତ ରାସ୍ତାକୁ ଚାଲି ଯାଇଥିଲା। ଏହି ସମୟରେ ଉକ୍ତ ରାସ୍ତାରେ ଆସୁଥିବା ଏକ ଟ୍ୟାଙ୍କର୍, ବୋଲେରୋକୁ ଧକ୍କା ଦେଇଥିଲା। ଫଳରେ ଘଟଣସ୍ଥଳରେ ୩ଜଣଙ୍କ ମୃତ୍ୟୁ ହୋଇଯାଇଥିଲା। ଅଗ୍ନିଶମ ବାହିନୀ ସହାୟତାରେ ମୃତାହତଙ୍କୁ ଗାଡ଼ି କାଟି ବାହାର କରାଯାଇଥିଲା।

## ଦୁଇ ବାଇକ୍ ଧକ୍କା: ଦୁଇ ସଢ଼ୁ ସମେତ ୩ ମୃତ

ବଲାଙ୍ଗିର,୨୫ ।୧୧(ସମିସ): ୨୬ନଂ ଜାତୀୟ ରାଜପଥ ଲୋଇସିଂହା ଥାନା ବୁଢ଼ିପଦରରେ ଦୁର୍ଘଟଣାରେ ୩ ଜଣଙ୍କ ମୃତ୍ୟୁ ଘଟିଛି। ମୃତକମାନେ ହେଲେ, ବରଗଡ଼ ଜିଲ୍ଲା ଗାଇସିଲେଟ ଥାନା ଅଞ୍ଚଳର ସୂରଜ କାମିଲା, ତାଙ୍କ ସଢୁ ଝସକେତନ ବରିହା ଏବଂ ଲୋଇସିଂହାର ଚନ୍ଦ୍ରଶେଖର ଲୁହାର।

ସୂରଜ ତାମିଲନାଡୁରେ କାମ କରୁଥିଲେ। ସୋମବାର ସନ୍ଧ୍ୟାରେ ସେ ଘରକୁ ଫେରୁଥିଲେ। ତାଙ୍କୁ ଘରକୁ ଆଣିବା ପାଇଁ ସଢୁ ଝସକେତନ ଯାଇଥିଲେ। ଉଭୟ ଏକ ବାଇକ୍‌ରେ ଘରକୁ ଫେରୁଥିବା ବେଳେ ବୁଢ଼ିପଦର ପଞ୍ଚାୟତ ଅଫିସ ନିକଟରେ ଏହି ଅଘଟଣ ଘଟିଥିଲା। ରୁଗୁଡ଼ିଖାଲ ପଟୁ ବାଇକ୍‌ରେ ଆସୁଥିବା ଚନ୍ଦ୍ରଶେଖରଙ୍କ ସହ ସେମାନଙ୍କ ମୁହାଁମୁହିଁ ଧକ୍କା ହୋଇଥିଲା। ଦୁର୍ଘଟଣାଗ୍ରସ୍ତ ଏତେ ଭୟଙ୍କର ଥିଲା ଯେ ଘଟଣାସ୍ଥଳରେ ହିଁ ତିନିଜଣଙ୍କ ମୃତ୍ୟୁ ଘଟିଥିଲା। ଘଟଣା ବିଷୟରେ ସ୍ଥାନୀୟ ଲୋକେ ଖବର ପାଇବା ପରେ ପୁଲିସ ଓ ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ଅଗ୍ନିଶମ ବିଭାଗ ଓ ପୁଲିସ ଘଟଣାସ୍ଥଳରେ ପହଞ୍ଚି ୩ଜଣଙ୍କ ମୃତଦେହକୁ ଉଦ୍ଧାର କରି ଡାକ୍ତରଖାନା ପଠାଇଥିଲେ। ସେଠାରେ ଡାକ୍ତର ମୃତ ଘୋଷଣା କରିବା ପରେ ଶବ ବ୍ୟବଚ୍ଛେଦ ପାଇଁ ଜିଲ୍ଲା ମୁଖ୍ୟ ଡାକ୍ତରଖାନାକୁ ପଠାଇଥିଲେ। ମଙ୍ଗଳବାର ବ୍ୟବଚ୍ଛେଦ ସରିବା ପରେ ମୃତଦେହକୁ ପୁଲିସ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।

ଇନ୍ଦ୍ରଚନ୍ଦ୍ର ମାନୁନାହାନ୍ତି ବାଲିମାଫିଆ

# ତହସିଲଦାରଙ୍କୁ ସଂଘବଦ୍ଧ ଆକ୍ରମଣ

ବାରିପଦା, ୨୫।୧୧ (ସମିସ): ଆଉ ଇନ୍ଦ୍ରଚନ୍ଦ୍ର ମାନୁନାହାନ୍ତି ବାଲି ମାଫିଆ। ପୁଲିସ କିମ୍ବା ପ୍ରଶାସନ ପ୍ରତି ଖାତିର୍ ତ ଦୂରର କଥା, ମନରେ ଟିକିଏ ଭୟ ବି ନାହିଁ। ବାଟ ମଝିରେ କାର୍ ଅଟକାଇ ତହସିଲଦାରଙ୍କୁ ଆକ୍ରମଣ କରିବାକୁ ବି ପଛାଉ ନାହାନ୍ତି। ମୟୂରଭଞ୍ଜ ଜିଲ୍ଲା ବେତନଟୀ ବ୍ଲକରେ ଆଜି ଏପରି ଏକ ଘଟଣା ଘଟିଛି। ବାଟ ମଝିରେ ବେତନଟୀ ତହସିଲଦାର ଚନ୍ଦ୍ରଜିତ୍ ବେହେରାଙ୍କ କାର୍ ଅଟକାଇ ମାଫିଆମାନେ ତହସିଲଦାରଙ୍କ ସମେତ ସୁପରଭାଇଜର୍ ଓ ଗାଡ଼ି ଚାଳକଙ୍କୁ ସଂଘବଦ୍ଧ ଆକ୍ରମଣ କରିଛନ୍ତି। ଏଥିରେ ଗାଡ଼ି ଚାଳକଜଣଙ୍କ ଗୁରୁତର ହୋଇଛନ୍ତି। ମାଫିଆମାନେ ତାଙ୍କ ମୁଣ୍ଡ ଫଟାଇ ଦେଇଛନ୍ତି। ସେ ହେଲେ ନୀହାର ରଞ୍ଜନ ବିଶ୍ୱାଳ। ତାଙ୍କୁ ବେତନଟୀ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଖାଲି ସେତିକି ନୁହେଁ, ଯିବା ବେଳେ ମାଫିଆମାନେ ତହସିଲଦାରଙ୍କୁ ହତ୍ୟା କରିବାକୁ ଧମକ ଦେଇଛନ୍ତି। ଏହି ଘଟଣା ପଦାକୁ ଆସିବା ପରେ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଆଲୋଡ଼ନ ସୃଷ୍ଟି ହୋଇଛି। ଖବର ପାଇ ବେତନଟୀ ଏସ୍‌ଡିପିଓ ଓ ଥାନା ଅଧିକାରୀ ତଦନ୍ତ କରିଛନ୍ତି। ଡାକ୍ତରଖାନାରେ ଶ୍ରୀ ବିଶ୍ୱାଳଙ୍କ ବୟାନ ସଂଗ୍ରହ କରି ଅଭିଯୁକ୍ତଙ୍କୁ ଗିରଫ କରିବା ପାଇଁ ତନାଘନା ଚଳାଇଛନ୍ତି। ଏହି ଘଟଣାରେ ପୁଲିସ ବଡ଼ସାହି ଥାନା ବଟନା ଗ୍ରାମର ପ୍ରଶାନ୍ତ ଗାଆଣ ଓରଫ ବାବୁଛୁଆକୁ ଗିରଫ କରିଛି।

ସୂଚନାନୁଯାୟୀ, ଆଜି ଅପରାହ୍ଣରେ ତହସିଲଦାର ଶ୍ରୀ ବେହେରା ଏକ ବାଲି ବୋଝେଇ ଏକ ଟ୍ରାକ୍ଟର୍‌କୁ ଜବତ କରି ଚାଳକ ସହାୟତାରେ ଥାନାର ଜିମା ଦେଇଥିଲେ। ଏହାକୁ ନେଇ ବାଲି ମାଫିଆମାନେ କ୍ଷୁବ୍ଧ ହୋଇଯାଇଥିଲେ। ତହସିଲଦାରଙ୍କୁ ଆକ୍ରମଣ କରିବା ପାଇଁ ସେମାନେ ସୁଯୋଗକୁ ଅପେକ୍ଷା କରିଥିଲେ। ସଂଧ୍ୟାରେ ତହସିଲଦାର ଶ୍ରୀ ବେହେରା ଅଫିସ୍ କାମ ସାରି ଫେରୁଥିବା ବେଳେ ତୁଳସୀଚଉରା ଛକରେ ସେମାନେ ତାଙ୍କୁ ସଂଘବଦ୍ଧ ଆକ୍ରମଣ କରିଥିଲେ। ମାଫିଆମାନେ ତହସିଲଦାରଙ୍କ ଗାଡ଼ି ଅଟକାଇ ସେଥିରେ ଥିବା ତହସିଲଦାର ଶ୍ରୀ ବେହେରା, ସୁପରଭାଇଜର୍ ସତ୍ୟବ୍ରତ ନାୟକ ଓ ଚାଳକ ଶ୍ରୀ ବିଶ୍ୱାଳଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ପାଟିତୁଣ୍ଡ ଶୁଣି ତହସିଲ କର୍ମଚାରୀମାନେ ସେଠାରେ ପହଞ୍ଚିଯିବାରୁ ବାଲି ମାଫିଆମାନେ ଖସି ପଳାଇଥିଲେ।

# ଶିମିଳିପାଳରେ ବଢ଼ିଲେ ୫ ବାଘ

ଭୁବନେଶ୍ୱର,୨୫ ।୧୧(ସମିସ): ରାଜ୍ୟରେ ବଢୁଛି ମହାବଳଙ୍କ ସଂଖ୍ୟା। ପୂର୍ବ ବର୍ଷ ତୁଳନାରେ ଚଳିତ ବର୍ଷ ରାଜ୍ୟରେ ବାଘ ସଂଖ୍ୟା ବୃଦ୍ଧି ପାଇଛି। ଗତବର୍ଷ କେବଳ ଶିମିଳିପାଳରେ ବାଘ ସଂଖ୍ୟା ୨୭ ରହିଥିବା ବେଳେ ଚଳିତ ବର୍ଷ ଏହା ୩୨ରେ ପହଞ୍ଚିଛି ବୋଲି ବନ୍ୟପ୍ରାଣୀ ପିସିସିଏଫ ପ୍ରେମ କୁମାର ଝା କହିଛନ୍ତି। ପ୍ରତି ୪ ବର୍ଷରେ ଥରେ ସର୍ବଭାରତୀୟ ସ୍ତରରେ ବାଘ ଗଣନା ହୋଇଥାଏ। ଏହାପୂର୍ବରୁ ୨୦୨୨ ମସିହାରେ ବାଘ ଗଣତି ହୋଇଥିଲା। ମାତ୍ର ଓଡ଼ିଶାରେ ଯେଉଁ ନିଜସ୍ୱ ବାଘ ଗଣନା କରାଯାଉଛି, ସେହି ତଥ୍ୟ ଅନୁଯାୟୀ ୨୦୨୨ ମସିହାରେ ରାଜ୍ୟରେ ୨୦ଟି ବାଘ ନଜରକୁ ଆସିଥିଲେ। ୨୦୨୩ରେ ୨୭ଟି ବାଘ ସମେତ ୯ଟି ଶାବକଙ୍କୁ ଚିହ୍ନଟ କରାଯାଇଥିଲା। ବର୍ତ୍ତମାନ ରାଜ୍ୟରେ ବାଘଙ୍କ ସଂଖ୍ୟା ୩୨କୁ ବୃଦ୍ଧି ପାଇଥିବା ବେଳେ ୯ଟି ବାଘ ଶାବକ ରହିଥିବା ଜଣାପଡ଼ିଛି। ପିସିସିଏଫ ଆହୁରି କହିଛନ୍ତି, ବର୍ତ୍ତମାନ ଓଡ଼ିଶାରେ କେବଳ ଶିମିଳିପାଳରେ ବାଘ ଅଛନ୍ତି। ସାତକୋଶିଆରେ ବର୍ତ୍ତମାନ ସମୟରେ କୌଣସି ବାଘ ଦେଖାଯାଇ ନାହିଁ।

**ଗତବର୍ଷ ୨୭, ଏବେ ୩୨**

ସେହିପରି ରାଜ୍ୟରେ ବର୍ତ୍ତମାନ ୫୦ ପ୍ରତିଶତ ସାଧାରଣ ବାଘ ରହିଥିବା ବେଳେ ୫୦ ପ୍ରତିଶତ ମେଲାନଷ୍ଟିକ ଅର୍ଥାତ କଳା ବାଘ ରହିଛନ୍ତି। ରାଜ୍ୟ ସରକାରଙ୍କ ତଥ୍ୟ ଅନୁଯାୟୀ ୨୦୨୪ମସିହାରେ ରାଜ୍ୟରେ ୩୦ଟି ମହାବଳ ବାଘ ରହିଥିଲେ। ସେଥିରୁ ୧୪ଟି ବାଘୁଣୀ ଥିଲେ। ୮ଟି ଶାବକ ମଧ୍ୟ ଚିହ୍ନଟ କରାଯାଇଥିଲା। ଶିମିଳିପାଳରେ ୨୭ଟି ମହାବଳ ବାଘ ସହ ୮ଟି ଶାବକ ଚିହ୍ନଟ କରାଯାଇଥିଲା। ପାରଳାଖେମୁଣ୍ଡି ବନଖଣ୍ଡରେ ଗୋଟିଏ ବାଘ ଏବଂ ହୀରାକୁଦ ବନଖଣ୍ଡରେ ଗୋଟିଏ ମାତ୍ର ବାଘ ରହିଥିଲେ। ଏହାସହ ରାଜ୍ୟର ଶିମିଳିପାଳରେ କଳା ବାଘ ୪୦ ପ୍ରତିଶତ ରହିଥିଲେ। ଶିମିଳିପାଳ ଡିଭିଜନରେ ୭ଟି କଳା ବାଘୁଣୀ ଓ ୬ଟି ବାଘ ଦେଖାଯାଇଥିଲା। ଚଳିତ ବର୍ଷ ମୟୂରଭଞ୍ଜର ଶିମିଳିପାଳ ବ୍ୟାଘ୍ର ପ୍ରକଳ୍ପକୁ ଜାତୀୟ ଉଦ୍ୟାନ ଭାବେ ଘୋଷଣା କରିଛନ୍ତି କେନ୍ଦ୍ର ସରକାର। ଦୀର୍ଘ ୪୫ ବର୍ଷର ଦାବି ପରେ ଏହା ହୋଇପାରିଛି। ତେଣୁ ଶିମିଳିପାଳରେ ବାଘ ସଂରକ୍ଷଣ କ୍ଷେତ୍ରରେ ଆହୁରି ସୁଦୃଢ଼ ପଦକ୍ଷେପ ନିଆଯାଇପାରିବା ନେଇ ସମ୍ଭାବନା ରହିଛି।

# ଆଶ୍ୱସ୍ତି: ଓଡ଼ିଶା ଉପରେ ନାହିଁ ବାତ୍ୟା ପ୍ରଭାବ

ଭୁବନେଶ୍ୱର,୨୫ ।୧୧(ସମିସ): ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ବାତ୍ୟା ଆଶଙ୍କା ମଧ୍ୟରେ ଆସିଛି ଆଶ୍ୱସ୍ତିର ଖବର। ଓଡ଼ିଶା ଉପରେ ବାତ୍ୟାର ପ୍ରଭାବ ଅତ୍ୟନ୍ତ କ୍ଷୀଣ ବୋଲି ପୂର୍ବାନୁମାନ କରିଛନ୍ତି ପାଣିପାଗ ବିଶେଷଜ୍ଞ। ବର୍ତ୍ତମାନ ବଙ୍ଗୋପସାଗର ସଂଲଗ୍ନରେ ୨ ଟି ଲଘୁଚାପ ରହିଥିବା ବେଳେ ଗୋଟିଏ ଅବପାତର ରୂପ ନେଇଛି ଓ ଅନ୍ୟଟି ଘନୀଭୂତ ପରବର୍ତ୍ତୀ ୨୪ ଘଣ୍ଟାରେ ଅବପାତର ରୂପ ନେବାର ସମ୍ଭାବନା ରହିଛି। ଦୁଇ ଲଘୁଚାପ ଘନୀଭୂତ ହେବା ସତ୍ତ୍ୱେ ଏହା ବାତ୍ୟାରେ ପରିଣତ ହେବା ଓ ଓଡ଼ିଶା ଉପରେ ପ୍ରଭାବ ପକାଇବାର ସମ୍ଭାବନା କମ୍ ବୋଲି କୁହାଯାଉଛି। ଏମିତି କି ଏହି ଦୁଇ ଲଘୁଚାପ ବାତ୍ୟାରେ ପରିଣତ ହେବାର ଆଶଙ୍କା ମଧ ଅନେକାଂଶରେ କମି ଯାଇଛି। ଯାହାର ପରିଣାମ ସ୍ୱରୂପ ୨-୩ ଦିନ ହେବ ଆଇଏମ୍‌ଡି ପକ୍ଷରୁ ନିଜ ବୁଲେଟିନ୍‌ରେ ବାତ୍ୟା ସୃଷ୍ଟି ନେଇ ଆକଳନ କରାଯାଉଥିବା ବେଳେ ମଙ୍ଗଳବାର ସନ୍ଧ୍ୟା ବୁଲେଟିନ୍‌ରେ ବାତ୍ୟା ଆଶଙ୍କାକୁ ହଟାଇ ଦିଆଯାଇଛି।

**ଆଇଏମ୍‌ଡି ବୁଲେଟିନ୍‌ରୁ ହଟିଲା ବାତ୍ୟା ପୂର୍ବାନୁମାନ**

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ମାଲ୍ଲାକାରେଠାରେ ଥିବା ସ୍ୱଷ୍ଟ ଚିହ୍ନିତ ଲଘୁଚାପ ଅବପାତରେ ପରିଣତ ହୋଇଛି। ଆଗାମୀ ୨୪ ଘଣ୍ଟାରେ ଏହା ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି। ଏହା ବ୍ୟତୀତ ଆଉ ଏକ ଲଘୁଚାପ କମୋରିନ ଏବଂ ଏହାର ପାଖାପାଖି ଦକ୍ଷିଣ ପଶ୍ଚିମ ବଙ୍ଗୋପସାଗର ଏବଂ ଶ୍ରୀଲଙ୍କା ଉପରେ ଅଞ୍ଚଳରେ ସୃଷ୍ଟି ହୋଇଛି। ଏହା ଉତ୍ତର ଉତ୍ତର-ପଶ୍ଚିମ ଦିଗକୁ ଗତି କରି ଆଗାମୀ ୨୪ ଘଣ୍ଟା ମଧ୍ୟରେ ସ୍ୱଷ୍ଟ ଚିହ୍ନିତ ଲଘୁଚାପ କ୍ଷେତ୍ରରେ ପରିଣତ ହେବାର ସମ୍ଭାବନା ରହିଛି। ଏହାର ପରବର୍ତ୍ତୀ ୨୪ ଘଣ୍ଟା ମଧ୍ୟରେ ଏହା ଆହୁରି ଘନୀଭୂତ ହୋଇ ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି ବୋଲି ପାଣିପାଗ କେନ୍ଦ୍ର କହିଛି। ତେବେ ଏହି ଦୁଇଟି ଲଘୁଚାପ ଓ ଅବପାତର ପ୍ରଭାବ ଓଡ଼ିଶା ଉପରେ ପଡ଼ିବ ନାହିଁ ବୋଲି ୨ ଟି ପ୍ରମୁଖ ମଡେଲ୍ ଆକଳନ କରୁଛି। ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି, ଆଗାମୀ ୭ ଦିନ ପାଇଁ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିବ। ଏହି ସମୟରେ ବର୍ଷା ହେବାର ବିଶେଷ ସମ୍ଭାବନା ନାହିଁ। ତେବେ ଏହି ସମୟରେ କିଛି କିଛି ସ୍ଥାନରେ ଘନ କୁହୁଡ଼ିର ସମ୍ଭାବନା ରହିଛି। ବିଶେଷ କରି ସୁନ୍ଦରଗଡ ଓ କୋରାପୁଟ ଜିଲ୍ଲାର କିଛି ସ୍ଥାନରେ ଘନ କୁହୁଡିର ଆସ୍ତରଣ ଦେଖିବାକୁ ମିଳିପାରେ। ସେହିପରି ଆସନ୍ତା ୩ ଦିନ ମଧ୍ୟରେ ରାଜ୍ୟରେ ଥଣ୍ଡାର ପ୍ରଭାବ ସାମାନ୍ୟ ବଢ଼ିବାର ସମ୍ଭାବନା ରହିଛି। ଏହି ସମୟ ମଧ୍ୟରେ ତାପମାତ୍ରା ପ୍ରାୟ ୩ ଡିଗ୍ରୀ ହ୍ରାସ ହେବାକୁ ଥିବାରୁ ଥଣ୍ଡା ବଢ଼ିବା ନେଇ ଆକଳନ କରାଯାଇଛି। ମଙ୍ଗଳବାର ରାଉରକେଲାରେ ଅତ୍ୟଧିକ ଘନ କୁହୁଡି ଦେଖିବାକୁ ମିଳିଛି। କୋରାପୁଟ ଓ ଫୁଲବାଣୀ ଜିଲ୍ଲାରେ ଘନ କୁହୁଡି ହୋଇଥିବା ରେକର୍ଡ କରାଯାଇଛି। ସୋନପୁର, ପାରାଦ୍ୱୀପ, ଗୋପାଳପୁର, ଭୁବନେଶ୍ୱର ଓ ଝାରସୁଗୁଡ଼ାରେ ହାଲୁକା କୁହୁଡି ପଡିଥିବା ପାଣିପାଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ସର୍ବନିମ୍ନ ତାପମାତ୍ରା ୧୩.୮ ଡିଗ୍ରୀ ସେଲସିୟସ ଝାରସୁଗୁଡାରେ ରେକର୍ଡ କରାଯାଇଛି ଓ ପାହାଡିଆ ଅଞ୍ଚଳ ଦାରିଙ୍ଗବାଡିରେ ସର୍ବନିମ୍ନ ୧୦ ଡିଗ୍ରୀ ସେଲସିୟସ ତାପମାତ୍ରା ହୋଇଥିବା ରିପୋର୍ଟ କରାଯାଇଛି।

■ ନୃସିଂହନାଥ ଓ ହରିଶଙ୍କର ପର୍ଯ୍ୟଟନସ୍ଥଳୀର ସୌନ୍ଦର୍ଯ୍ୟକରଣ

# ଗନ୍ଧମାର୍ଦ୍ଦନ ପାହାଡ଼ରେ ହେବ ରୋପ୍-ୱେ

ବରଗଡ଼, ୨୫।୧୧(ସମିସ): ଗନ୍ଧମାର୍ଦ୍ଦନ ପାହାଡ଼ରେ ହେବ ରୋପ୍-ୱେ। ଏହି ରୋପ୍-ୱେ ବରଗଡ଼ ଜିଲ୍ଲାର ନୃସିଂହନାଥ ମନ୍ଦିରକୁ ବଲାଙ୍ଗିର ଜିଲ୍ଲାର ହରିଶଙ୍କର ମନ୍ଦିର ସହ ଯୋଡ଼ିବ। ଏହାଦ୍ୱାରା ଦୁଇ ତୀର୍ଥକ୍ଷେତ୍ର ଓ ପର୍ଯ୍ୟଟନସ୍ଥଳୀର ମହତ୍ତ୍ୱ ବଢ଼ିବା ସହ ସବୁ ବୟସର ପର୍ଯ୍ୟଟକମାନଙ୍କ ପାଇଁ ଅଧିକ ଆକର୍ଷଣୀୟ ହୋଇପାରିବ। ସ୍ଥାନୀୟ ଅଞ୍ଚଳରେ ବାଣିଜ୍ୟ ବ୍ୟବସାୟ ପାଇଁ ମଧ୍ୟ ଅଧିକ ସୁଯୋଗ ସୃଷ୍ଟି ହେବ। ରୋପ୍-ୱେ ପାଇଁ ବରଗଡ଼ ସାଂସଦ ପ୍ରଦୀପ ପୁରୋହିତ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ଲୋକସେବା ଭବନରେ ଆଲୋଚନା କରିଛନ୍ତି। ଖୁବଶୀଘ୍ର ଏ ଦିଗରେ ପଦକ୍ଷେପ ନେବେ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଏପରିକି, ରୋପ୍ ୱେ'ର ଡିପିଆର୍ ତୁରନ୍ତ ପ୍ରସ୍ତୁତ କରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।



ଲୋକସେବା ଭବନରେ ହୋଇଥିବା ଏହି ଆଲୋଚନାରେ ଶ୍ରୀ ପୁରୋହିତ କହିଛନ୍ତି ଯେ ଐତିହାସିକ ଓ ଧାର୍ମିକ ମହତ୍ତ୍ୱ ରଖୁଥିବା ତଥା ପ୍ରାକୃତିକ ସୌନ୍ଦର୍ଯ୍ୟଭରା ଗନ୍ଧମାର୍ଦ୍ଦନ ପାହାଡ଼ ପ୍ରତି ଆକୃଷ୍ଟ ହୋଇ ପ୍ରତିବର୍ଷ ଲକ୍ଷାଧିକ ସଂଖ୍ୟାରେ ତୀର୍ଥଯାତ୍ରୀ ଓ ପର୍ଯ୍ୟଟକ ରାଜ୍ୟ ତଥା ରାଜ୍ୟବାହାରୁ ଏଠାକୁ ଆସିଥା'ନ୍ତି। ଗନ୍ଧମାର୍ଦ୍ଦନର ଗୋଟିଏ ପଟେ ବରଗଡ଼ ଜିଲ୍ଲାର ନୃସିଂହନାଥ ମନ୍ଦିର ରହିଥିବା ବେଳେ ଅପରପାର୍ଶ୍ୱରେ ବଲାଙ୍ଗିର ଜିଲ୍ଲାର ହରିଶଙ୍କର ମନ୍ଦିର ରହିଛି। ପାହାଡ଼ ଉପରେ ଦୀର୍ଘ ୧୮ କିମିର ପାଦଚଲା ରାସ୍ତା ଏହି ଦୁଇ ତୀର୍ଥକ୍ଷେତ୍ରକୁ ସଂଯୋଗ କରୁଛି। ବର୍ଷବର୍ଷ ଧରି ପାହଡ଼ ଉପରେ ଏହି ଜଙ୍ଗଲ ରାସ୍ତାକୁ ଚାଲି ଚାଲି ଲୋକେ ଅତିକ୍ରମ କରିଆସୁଛନ୍ତି। ଅନ୍ୟପକ୍ଷେ ଯାନବାହନରେ ଚଳାଚଳ ପାଇଁ ୬୦ କିମିର ରାସ୍ତା ଅତିକ୍ରମ କରିବାକୁ ହୋଇଥାଏ। ଏପରିସ୍ଥଳେ ଏଠାରେ ରୋପ୍-ୱେ ନିର୍ମାଣ ହେଲେ ଦୁଇ ତୀର୍ଥକ୍ଷେତ୍ର ଓ ପର୍ଯ୍ୟଟନସ୍ଥଳୀର ମହତ୍ତ୍ୱ ଓ ଗୁରୁତ୍ୱ ବଢ଼ିବ।




● ଦୁଇ ସାହି ମଧ୍ୟରେ ଗୋଷ୍ଠୀ ସଂଘର୍ଷ ଘଟଣା

# ଗୋପବନ୍ଧୁନଗରର ୩ ଆକ୍ରମଣକାରୀ ଗିରଫ

ଜୟପୁର,୨୫ ।୧୧(ସମିସ): କୋରାପୁଟ ଜିଲ୍ଲା ଜୟପୁର ସହରରେ ଦୁଇ ସାହି ମଧ୍ୟରେ ଗୋଷ୍ଠୀ ସଂଘର୍ଷ ଘଟଣାରେ ପୁଲିସ ଆଜି ଗୋପବନ୍ଧୁ ନଗର ଅଞ୍ଚଳର ୩ ଜଣ ଅଭିଯୁକ୍ତ ଆକ୍ରମଣକାରୀଙ୍କୁ ଗିରଫ କରିବା ସହ କୋର୍ଟ ଚାଲାଣ କରିଛନ୍ତି। ଗିରଫ ୩ ଜଣ ହେଲେ ଅଭିଯୁକ୍ତ ରମେଶ ମାଛ(୨୩), ରାଜୀବ ଖୋସ୍ଲା(୨୧), ହରି ନାଗ (୨୮)। ପ୍ରକାଶ ଯେ, ଗତ ଶୁକ୍ରବାର ଅପରାହ୍ନରେ ଏକ ପାରିବାରିକ ବିବାଦକୁ ନେଇ ସ୍ଥାନୀୟ ଗୋପବନ୍ଧୁନଗର ଓ ବାପୁଜୀନଗର ଦୁଇଗୋଷ୍ଠୀ ମଧ୍ୟରେ ମୁହାଁମୁହିଁ ପରସ୍ଥିତି ସୃଷ୍ଟି ହେବା ସହିତ ଗଣ୍ଡଗୋଳ ହୋଇଥିଲା। ଏଥିରେ ଉଭୟ ସାହିର ପୁରୁଷ ଓ ମହିଳାମାନେ ପଥର, ଠେଙ୍ଗା ଏବଂ ବିଭିନ୍ନ ମାରଣାସ୍ତ୍ର ଧରି ଆକ୍ରମଣ ଓ ପ୍ରତିଆକ୍ରମଣ କରିଥିଲେ। ଏଥିରେ ପ୍ରାୟ ୫ ଜଣ ଗୁରୁତର ଆହାତ ହୋଇଥିବା ବେଳେ ଅନ୍ୟାନ୍ୟ ଦୁଇ ସାହି ବାସିନ୍ଦା ସାମାନ୍ୟ ଆହତ ହୋଇଥିଲେ। ଗତକାଲି ଟାଉନଥାନା ପୁଲିସ ବାପୁଜୀନଗରର ୨ ଜଣ ନାବାଳକଙ୍କ ସମେତ ସମୁଦାୟ ୧୩ ଜଣଙ୍କୁ ଗିରଫ କରିଥିଲେ। ଉଭୟ ସାହିର ସମୁଦାୟ ୬୦ରୁ ଉର୍ଦ୍ଧ୍ୱ ଆକ୍ରମଣକାରୀ ସାମିଲ ରହିଥିବା ନେଇ ପରସ୍ପର ବିରୋଧରେ ଦୁଇଟି ପୃଥକ ପୃଥକ ମାମଲା ରୁଜୁ ହୋଇଥିଲା।

# ମାର୍ଗଶୀର ଶେଷ ଗୁରୁବାର ; ରାତିରେ ବିକ୍ରି ହେଉଛି ପୂଜାସାମଗ୍ରୀ



ଜୟପୁର,୨୫।୧୧(ସମିସ): ଆସନ୍ତା ମାର୍ଗଶୀର ମାସର ଶେଷ ଗୁରୁବାର ପାଇଁ ମଙ୍ଗଳବାର ଠାରୁ ଜୟପୁର ସହରରେବଜାରଚଳଚଞ୍ଚଳହୋଇଯାଇଛି।ମଙ୍ଗଳବାର ପୂର୍ବାହ୍ନରେ ବିଭିନ୍ନ ଫଳ, ପନିପରିବା, ଫୁଲ ରାସ୍ତା ପାଶ୍ୱର୍ରେ ଦୋକାନୀମାନେ ଦୈନିକ ବଜାର, ମୁଖ୍ୟରାସ୍ତା, ରାଜନହର ଛକ, ଏମ୍‌ଜି ରୋଡ ପ୍ରଭୃତି ସ୍ଥାନରେ ଉଠାଦୋକାନ ଖୋଲିଥିବାବେଳେ ଗ୍ରାହକମାନେ କ୍ରୟ କରିବାକୁ ଭିଡ ଜମାଇଥିଲେ। ଜୟପୁର ସହରରେ ମଙ୍ଗଳବାର ଓ ବୁଧବାର ରାତିସାରା ସ୍ଥାନୀୟ ସୌରା ସାହି ଛକ ଠାରୁ କଣ୍ଡରା ସାହି ଛକ ପର୍ଯ୍ୟନ୍ତ ସ୍ଥାନୀୟ ମୁଖ୍ୟରାସ୍ତାରେ ଆଖପାଖ ଗ୍ରାମାଞ୍ଚଳର ମହିଳା ଓ ପୁରୁଷ ଆଦିବାସୀ ସମ୍ପ୍ରଦାୟର ବିକାଳିମାନେ ଶୀତ କାକରକୁ ଖାତିର ନ କରି ବିଭିନ୍ନ ଶାଲ ଓ ଚାଦର ଘୋଡାଇ ସାଧାରଣ ଲୋକଙ୍କ ପୂଜାପାଇଁ ଦୋକାନ ବଜାର ଖୋଲିଥିବା ଦେଖିବାକୁ ମିଳିଛି। ଏଥିରେ ଗୁରବାର ପୂଜା ପାଇଁ ବ୍ୟବହୃତ ଆମ୍ବଡାଳ ଏବଂ ପୂଜା ପାଇଁ ଅନ୍ୟାନ୍ୟ ଗଛର ଡାଳ ସମେତ କୋଦଳୀ ପତ୍ର, ଗେଣ୍ଡୁ, ସେବତୀ. ଡାଲିଆ, ପଦ୍ମ, ସେବତୀ ଭଳି ବିଭିନ୍ନ ଫୁଲ, ଫଳରେ କୋଦଳୀ, ଆଖୁ, କମଳା, ସାକରକନ୍ଦା ଏବଂ ଅନ୍ୟାନ୍ୟ ପନିପରିବା ବିକ୍ରି କରିଥାଆନ୍ତି। ରାତିରେ ମଧ୍ୟ ଗ୍ରାହକମାନେ ସେମାନଙ୍କଠାରୁ ପୂଜା ସାମଗ୍ରୀ କ୍ରୟ କରୁଥିବା ଦେଖିବାକୁ ମିଳିଛି।

# ଜିଲ୍ଲାସ୍ତରୀୟ ଲୋକ ମହୋତ୍ସବ 'ମଣ୍ଡେଇ' ଉଦ୍‌ଘାଟିତ





ନବରଙ୍ଗପୁର/ଉମରକୋଟ,୨୫।୧୧(ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ବ୍ଲକ ଅଧୀନ ଐତିହାସିକ ପୋଡାଗଡ଼ ଭୈରବ ପୀଠଠାରେ ଜିଲ୍ଲାସ୍ତରୀୟ ଲୋକ ମହୋତ୍ସବ 'ମଣ୍ଡେଇ' ଉଦ୍‌ଘାଟିତ ହୋଇଯାଇଛି। ଏହି ଉଦଘାଟନ ଉତ୍ସବରେ ରାଜ୍ୟ ଜଙ୍ଗଲ ବିଭାଗ ମନ୍ତ୍ରୀ ଗଣେଶ ରାମସିଂ ଖୁଣ୍ଟିଆ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ପ୍ରଥମେ ବାବା ଭୈରବ ପୀଠରେ ଆଦିବାସୀ ରୀତି ନୀତି ଅନୁସାରେ ପୂଜାର୍ଚ୍ଚନା କରିଯିବା ସହ ଲାଠି,କୁର୍ଶୀ, ବିମାନ ସହ ଏକ ବିଶାଳ ଶୋଭାଯାତ୍ରାରେ ମଶାଲଯାତ୍ରା ବାହାରି ସଭା ସ୍ଥଳରେ ପହଞ୍ଚିଥିଲା। ଏହି ଅବସରରେ ଅତିଥିଙ୍କ ଦ୍ୱାରା ଲୋକ ମହୋତ୍ସବ 'ମଣ୍ଡେଇ'ର ପୋଷ୍ଟର ଉନ୍ମୋଚନ କରାଯାଇଥିଲା। ଅଞ୍ଚଳର ଲୁକ୍କାୟିତ ହୋଇ ରହିଥିବା ଆଦିବାସୀ ଲୋକ କଳା ଓ ସଂସ୍କୃତିକୁ ଉଜ୍ଜୀବିତ ରଖିବାକୁ ଏହି ମଣ୍ଡେଇ ପର୍ବ ପ୍ରତିବର୍ଷ ସରକାରଙ୍କ ପକ୍ଷରୁ ପାଳନ କରାଯାଇଥାଏ। ତେଣୁ ରାଜ୍ୟ ସରକାର ଏହାକୁ ଆଗକୁ ନେବାକୁ ଅନେକ ପଦକ୍ଷେପ ନେଉଛନ୍ତି ବୋଲି କହିଥିଲେ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ। ସେହିପରି ଜଙ୍ଗଲ ବିଭାଗ ମନ୍ତ୍ରୀ ଗଣେଶ ରାମସିଂ ଖୁଣ୍ଟିଆ ଐତିହାସିକ ପୋଡାଗଡ଼ ପୀଠର ବିକାଶ ପାଇଁ ଏକ କୋଟି ଟଙ୍କାର ଅନୁଦାନ ପ୍ରଦାନ କରାଯିବ ବୋଲି ଘୋଷଣା କରିଥିଲେ। ଏହି ଉଦ୍‌ଘାଟନ ଉତ୍ସବରେ ନବରଙ୍ଗପୁର ଜିଲ୍ଲାର ସମସ୍ତ ବିଧାୟକ, ବିଜେପି ରାଜ୍ୟ ଉପସଭାପତି ରମେଶ ଚନ୍ଦ୍ର ସାହୁ, ପ୍ରତିନିଧି ଯୋଗ ଦେବା ସହ

➤ ପୋଡ଼ଗଡ଼ର ବିକାଶ ପାଇଁ ଏକ କୋଟି ଅନୁଦାନ ଘୋଷଣା
➤ ସାଇଲୋଡି ଗୀତର ତାଳେ ତାଳେ ନାଚିଲେ ଜନ ପ୍ରତିନିଧି ଓ ଅଧିକାରୀ

ଅଦିବାସୀ ନୃତ୍ୟ ସାଇଲୋଡି ଗୀତର ତାଳେ ତାଳେ ଜନ ପ୍ରତିନିଧି ଓ ପ୍ରଶାସନିକ ଅଧିକାରୀ ଅତିରିକ୍ତ ଜିଲ୍ଲାପାଳ, ଉପଜିଲ୍ଲାପାଳ ନାଚିବା ସହ ଲୋକଙ୍କ ମନୋରଞ୍ଜନ କରିଥିଲେ। ଏହି କାର୍ଯ୍ୟକ୍ରମରେ ନବରଙ୍ଗପୁର ବିଧାୟକ ଗୌରୀଶଙ୍କର ମାଝୀ, ଝରିଗାଁ ବିଧାୟକ ନରସିଂହ ଭତ୍ରା, ପୂର୍ବତନ ସାଂସଦ ପର୍ଶୁରାମ ମାଝୀ,ମନୋରଞ୍ଜନ ତ୍ରିପାଠୀ, ଜିଲା ପରିଷଦ ସଭ୍ୟା ଡାଳିମ୍ବ ମାତ୍ରା, ଜିଲା ପରିଷଦ ସଭ୍ୟା ଚନ୍ଦନ ରାୟ, ପୌର ପରିଷଦ ଅଧକ୍ଷା ରାଧାଭତ୍ରା, ବ୍ଲକ୍ ଅଧକ୍ଷା ଶୁଶିଳା ମାଝୀ, ଭଣ୍ଡାରିଗୁଡା ସମିତି ସଭ୍ୟ ହରି ମୋହନ ଭତ୍ରା, ଏମ୍‌ପି ପ୍ରତିନିଧି ରାମ ନାୟକ, ମନ୍ତ୍ରୀ ପ୍ରତିନିଧି ଅଶୋକ କୁମାର ପାଢ଼ୀ, କାଜମ ମାଦାନୀ, ନବରଙ୍ଗପୁର ଜିଲ୍ଲାପାଳ ମହେଶ୍ୱର ସ୍ୱାଇଁ, ଅତିରିକ୍ତ ଜିଲ୍ଲାପାଳ ବିଶ୍ୱଜିତ ବର୍ମନ, ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ଖୁଣ୍ଟିଆ, ଉପଜିଲ୍ଲାପାଳ ପ୍ରକାଶ ମିଶ୍ର, ବିଡ଼ିଓ ମନୋଜ କୁମାର ମେହେର, ପୌର ନିର୍ବାହୀ ଅଧିକାରୀ ଆଲୋକ କୁମାର ଅନୁଗୁଳିଆ ପ୍ରମୁଖ ଉପସ୍ଥିତ ଥିଲେ। ପଞ୍ଚାୟତ କାର୍ଯ୍ୟାଳୟର ସମସ୍ତ ଅଧିକାରୀ, ପୌର ପରିଷଦର ସମସ୍ତ ଅଧିକାରୀଙ୍କ ସହ ସମସ୍ତ ବିଭାଗର ସରକାରୀ ଅଧିକାରୀମାନେ ଉପସ୍ଥିତ ଥିଲେ। ଶେଷରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଚନ୍ଦନା ମଲ୍ଲିକ ମଞ୍ଚ ପରିଚାଳନା କରିଥିଲେ।

## ଟ୍ରକ୍-କାର ଧକ୍କା; ଡ୍ରାଇଭର ଗୁରୁତର

କୋରାପୁଟ,୨୫।୧୧(ସମିସ): କୋରାପୁଟ ସହର ନିକଟସ୍ଥ ଡିଏଭି ମହାବିଦ୍ୟାଳୟ ନିକଟରେ ଏକ ଟ୍ରକ ସହ କାରର ଧକ୍କା ହେବା ଫଳରେ କାର ଡ୍ରାଇଭର ଗୁରୁତର ଆହତ ହୋଇଛନ୍ତି। ଦୁର୍ଘଟଣା ଘଟାଇଥିବା ଟ୍ରକଟି ଫେରାର ହୋଇଯାଇଛି। ସୂଚନାନୁଯାୟୀ, ସନ୍ଧ୍ୟା ପ୍ରାୟ ୫ ଟା ସମୟରେ ସ୍ଥାନୀୟ ସରକାରୀ ଡ଼ିଏଭି ମହାବିଦ୍ୟାଳୟ ନିକଟ ୨୬ ନମ୍ବର ଜାତୀୟ ରାଜପଥ ଉପରେ କୋରାପୁଟ ପଟୁ ଏକ ଟ୍ରକ ସୁନାବେଡା ଯାଉଥିବା ବେଳେ ବିପରୀତ ଦିଗରୁ ମଧ୍ୟ ଏକ ଟ୍ରକ କୋରାପୁଟ ଆଡେ ଆସୁଥିଲା। ଏହି ସମୟରେ ଏକ କାର ଓଭର ଟେକ କରି ଯିବା ପାଇଁ ଉଦ୍ୟମ କରିଥିବା ବେଳେ କାର-ଟ୍ରକ୍ ମଧ୍ୟରେ ଦୁର୍ଘଟଣା ହୋଇଥିଲା। ଏଥିରେ ବସିଥିବା ଡ୍ରାଇଭର ଗୁରୁତର ଆହତ ହୋଇଥିବା କୋରାପୁଟ ଟାଉନ ଥାନା ଅଧିକାରୀ ସତ୍ୟାନନ୍ଦ ପାତ୍ର କହିଛନ୍ତି।

## ପୂର୍ବତନ ବ୍ଲକ୍ ଅଧ୍ୟକ୍ଷଙ୍କ ପରଲୋକ

କୋଟପାଡ,୨୫।୧୧(ସମିସ): କୋଟପାଡ଼ ଓକିଲ ସଙ୍ଘର ବରିଷ୍ଠ ଓକିଲ ତଥା ଓକିଲ ସଙ୍ଘର ପୂର୍ବତନ ସଭାପତି, କୋଟପାଡ଼ ବ୍ଲକ୍‌ର ପୂର୍ବତନ ଅଧକ୍ଷ ପ୍ରକାଶ ଚନ୍ଦ୍ର ରଥଙ୍କ ପରଲୋକ ହୋଇଯାଇଛି। ସେ କିଛି ଦିନ ତଳେ ଗୁରୁତର ହେବାରୁ ଜୟପୁର ଉଷା



ମେଡିକାଲରେ ଚିକିତ୍ସିତ ହେଉଥିଲେ। ଚିକିତ୍ସାଧୀନ ଅବସ୍ଥାରେ ମେଡିକାଲରେ ତାଙ୍କର ମୃତ୍ୟୁ ହୋଇଥିଲା। ମୃତ୍ୟୁ ବେଳକୁ ତାଙ୍କୁ ୭୩ ବର୍ଷ ହୋଇଥିଲା। କୋଟପାଡ଼ କଂଗ୍ରେସ ଦଳର ସଦସ୍ୟ ଥାଇ କୋଟପାଡ଼ ବ୍ଲକରେ ପ୍ରଥମେ ବ୍ଲକ୍ ଅଧକ୍ଷ, ପରବର୍ତ୍ତୀ ସମୟରେ କୋଟପାଡ଼ ଓକିଲ ସଂଘର ସଭାପତି, କୋଟପାଡ଼ ଶ୍ରୀ ଅରବିନ୍ଦ ଯୋଗାଳୟର ସଭାପତି ରହିଥିଲେ। ମୃତ୍ୟୁ ଶଯ୍ୟା ନିକଟରେ ତାଙ୍କର ପୁତ୍ର, କନ୍ୟା ଓ ପରିବାର ସଦସ୍ୟ ଉପସ୍ଥିତ ଥିଲେ। କୋଟପାଡ଼ ଏନ୍‌ଏସି ଅଧକ୍ଷ ଶଙ୍କର ରାଓ, କଂଗ୍ରେସ ବ୍ଲକ୍ ସଭାପତି ମନୋହର ବିଶୋଇ, ପୂର୍ବତନ ବିଧାୟକ ଚନ୍ଦ୍ର ଶେଖର ମାଝୀ, ଓକିଲ ସଂଘର ସଦସ୍ୟଙ୍କ ଉପସ୍ଥିତିରେ ସଭାପତି ମଣି ପଟ୍ଟନାୟକ ପୂର୍ବତନ ସଭାପତି ପଙ୍କଜ କୁମାର ପାତ୍ର, ଜିତେନ୍ଦ୍ର ନାଥ ମହାପାତ୍ର, ପ୍ରଦୀପ ବକ୍ସି, ସମ୍ପାଦକ ମୁକ୍ତେଶ୍ୱର ନାୟକ ପ୍ରମୁଖ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

# ଡ୍ୟାମ୍ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ

■ ରାଜ୍ୟରେ କୋଲବ ଡ୍ୟାମରୁ କାର୍ଯ୍ୟକ୍ରମର ଶୁଭାରମ୍ଭ



ଜୟପୁର,୨୫ ।୧୧(ସମିସ): କୋରାପୁଟ ଜିଲ୍ଲା କୋଲାବ ବହୁମୁଖୀ ନଦୀରେ ନିର୍ମାଣ ହୋଇଥିବା ଡ୍ୟାମ୍ ସୁରକ୍ଷାକୁ ବିଭିନ୍ନ କମ୍ୟୁନିଟି ସଚେତାନତା କାର୍ଯ୍ୟକ୍ରମ ସ୍ଥାନୀୟ କୋଲାବ ବହୁମୁଖୀ ପ୍ରକଳ୍ପ ଡେମ୍ ନିକଟରେ ଆୟୋଜିତ ହୋଇଥିଲା। ରାଜ୍ୟରେ କୋରାପୁଟ କୋଲବ ଇରିଗେସନ ବିଭାଗର ଡେମରୁ ରାଜ୍ୟର ଡ୍ୟାମ ସୁରକ୍ଷା ନେଇ ପ୍ରଥମ ସଚେତନତା କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଛି। କୋଲବ ଏବଂ ଇନ୍ଦ୍ରାବତୀ ଇରିଗେସନ ବିଭାଗ ମୁଖ୍ୟ ଯନ୍ତ୍ରୀ ଯୁଗୋଳ କିଶୋର ଖଟୁଆଙ୍କ ଅଧକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କେନ୍ଦ୍ରୀୟ ଜଳ ପରିଚାଳନା ବିଭାଗର ଜାତୀୟ ଡେମ ସୁରକ୍ଷା ପ୍ରାଧିକରଣର (ଏନଡିଏସଏ) କେନ୍ଦ୍ର ନିର୍ଦ୍ଦେଶକ ମହେନ୍ଦ୍ର ସିଂ ବର୍ମା ଯୋଗଦେଇ କହିଥିଲେ, କୌଣସି କାରଣରୁ ଡେମ ଗୁଡିକରୁ ଜଳ ନିଷ୍କାସନ ସମୟରେ ତଳମୁଣ୍ଡରେ ଜଳ ନିଷ୍କାସିତ ନଦୀରେ ଜଳର ଉଚ୍ଚତା ଏବଂ ସ୍ରୋତ ବୃଦ୍ଧି ପାଇଥାଏ। ତେଣୁ ନଦୀ କୂଳରେ ବସବାସ କରୁଥିବା ଗ୍ରାମବାସୀ ଓ ବସ୍ତି ଅଞ୍ଚଳର ଲୋକମାନେ କିଭଳି ସୁରକ୍ଷିତ ଅଞ୍ଚଳକୁ ବିସ୍ଥାପିତ ହେବେ ସେନେଇ ସଚେତନତା କରିଥିଲେ। ଏଥିସହ ଦେଶର ସମସ୍ତ ଡେମ୍ ସୁରକ୍ଷିତ ରହିଛି ବୋଲି ସେ କହିଥିଲେ। ସେହିପରି ରାଜ୍ୟର ମୁଣ୍ଡଳୀଠାରେ ରହିଥିବା ଜାତୀୟ ବିପର୍ଯ୍ୟସ୍ତ ପରିଚାଳନା ଫୋର୍ସ (ଏନଡିଆରଏଫ) ୩ୟ ବାଟାଲିୟନର କମାଣ୍ଡେଣ୍ଟ ନଗେନ୍ଦ୍ର ଶର୍ମା ଯୋଗଦେଇ ଏନଡିଆରଏଫ ଏବଂ ରାଜ୍ୟର ଉଦ୍ଧାରକାରୀ ସଂସ୍ଥା ସବୁବେଳେ ପ୍ରସ୍ତୁତ ରହୁଥାଆନ୍ତି। ତେଣୁ କୌଣସି ଆପତକାଳରେ ପୀଡିତ ଲୋକମାନଙ୍କୁ ସ୍ଥଳ କିମ୍ବା ଆକାଶ ମାର୍ଗରୁ ମଧ୍ୟ ଉଦ୍ଧାର କାର୍ଯ୍ୟ କରାଯିବାର କ୍ଷମତା ରହିଛି ବୋଲି କହିଥିଲେ। ସିପିଏମୟୁର ଉପନିର୍ଦ୍ଦେଶକ ବିକ୍ରମ ପାତ୍ର, ଭାରତୀୟ ଜଳବାୟୁ ସୂଚନା ବିଭାଗର ଅଧିକାରୀ ଓ କର୍ମକର୍ତ୍ତା ଉପସ୍ଥିତ ଥିଲେ। କୋଲାବ ଇରିଗେସନ ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପ୍ରାରମ୍ଭରୁ ଅତିରିକ୍ତ ମୁଖ୍ୟ ଯନ୍ତ୍ରୀ ଶିବ ପ୍ରସାଦ ପାଣିଗ୍ରାହୀ ସ୍ୱାଗତ ଭାଷଣ ଦେଇଥିବା ବେଳେ ଏହି ଅବସରରେ ତଳମୁଣ୍ଡରେ ବସବାସ କରୁଥିବା ବିଭିନ୍ନ ପାଣିପଞ୍ଚାୟତର ସଦସ୍ୟ, ସ୍ୱେଚ୍ଛାସାବୀ ଅନୁଷ୍ଠାନ, ନଦୀକୂଳରେ ବସବାସ କରୁଥିବା ଗ୍ରାମବାସୀ ଉପସ୍ଥିତ ଥିଲେ। କୋଲାବ ଇରିଗେସନ ବିଭାଗର ସମସ୍ତ ଯନ୍ତ୍ରୀ ଓ କର୍ମଚାରୀମାନେ କାର୍ଯ୍ୟକ୍ରମ ପରିଚାଳନାରେ ସହାୟତା କରିଥିଲେ।

# ବସ୍‌ଷ୍ଟାଣ୍ଡରୁ ଅସହାୟ ବୃଦ୍ଧା ଉଦ୍ଧାର



କୋରାପୁଟ,୨୫।୧୧(ସମିସ): କୋରାପୁଟ ବସଷ୍ଟାଣ୍ଡରୁ ସଖୀ କେନ୍ଦ୍ର କର୍ମଚାରୀମାନଙ୍କ ଦ୍ୱାରା ମଣି ମାଝୀ ନାମକ ଜଣେ ବୃଦ୍ଧାଙ୍କୁ ଉଦ୍ଧାର କରି କେନ୍ଦ୍ରକୁ ନିଆଯାଇଛି। ବୃଦ୍ଧାଙ୍କ କହିବା ଅନୁଯାୟୀ, ସେ ଜୟପୁର ଇରିଗେଶନ କଲୋନୀରେ ରହୁଥିଲେ। ସ୍ୱାମୀ ମଧୁ ମାଝୀ କିଛି ବର୍ଷ ତଳେ ମୃତ୍ୟୁ ବରଣ କରିଛନ୍ତି। ପୁଅ ଝିଅ କେହି ନଥିବାରୁ ସେ ଏକ ଜରି ଘରେ ରହିଆସୁଥିଲେ। ତାଙ୍କୁ ପ୍ରତିମାସରେ ଭତ୍ତା ମିଳୁଥିବା ବେଳେ ସରକାରଙ୍କ ତରଫରୁ ମାସକୁ ୫ କେଜି ଚାଉଳ ମିଳୁଛି। ତାହା ଆବଶ୍ୟକ ମେଣ୍ଟାଉ ପାରୁ ନଥୁବାରୁ ସେ ପର ଘରେ କାମକରି ପେଟ ପୋଷୁଥିଲେ। କିଛିଦିନ ହେବ ଅସୁସ୍ଥତା କାରଣରୁ ସେ ଆଉ କାମ କରିପାରୁନଥିବାରୁ ଚଳିବା କଷ୍ଟକର ହୋଇପଡିଛି। ଏନେଇ ଜୟପୁର ପୌର ପରିଷଦରେ ଚାଉଳ କିଛି ଅଧିକ ଦେବାକୁ ନିବେଦନ କରି ବିଫଳ ହେବାରୁ କେଉଁଠି ଏକ ଆଶ୍ରୟ ସ୍ଥଳରେ ରହି ବାକି ଜୀବନ ବିତାଇବା ପାଇଁ ମନସ୍ତ କରିଥିଲେ। ଏହା ମଧ୍ୟରେ କେହିଜଣେ ତାଙ୍କୁ କୋରାପୁଟ ଗଲେ ସୁବିଧା ମିଳିଯିବ କହିବାରୁ ସମ୍ପୃକ୍ତ ବୃଦ୍ଧା କୋରାପୁଟ ଆସି ବସଷ୍ଟାଣ୍ଡରେ ବସିଥିବା ବେଳେ କିଛି ଗଣମାଧ୍ୟମ ପ୍ରତିନିଧି ତାଙ୍କୁ ଦେଖି ପଚାରା ଉଚରା କରିବା ପରେ ଘଟଣା ଜଣାପଡିଥିଲା । ପରେ ସଖୀ କେନ୍ଦ୍ରର କର୍ମଚାରୀ ଜୁଲି ମଲିକ, ନମିତା ଖେମୁଣ୍ଡ, ରାମେଶ୍ୱର ହନ୍ତାଳ, ଡାନିଏଲ ମହାନନ୍ଦିଆ ତାଙ୍କୁ ସାଙ୍ଗରେ ସଖୀ କେନ୍ଦ୍ରକୁ ନେଇଛନ୍ତି। ସେଠାରେ ତାଙ୍କର ରହିବାର ଉତ୍ତମ ବ୍ୟବସ୍ଥା କରାଯିବ ବୋଲି ସଖୀ କେନ୍ଦ୍ର ପରିଚାଳକ ସସ୍ମିତା ଦାସ ସୂଚନା ଦେଇଛନ୍ତି।

ଚୋରା ବାଲି ସୌରତକୁ ବିଧାୟକଙ୍କ ଗସ୍ତ

# ଦୁଇ ବେଆଇନ ଗାଡିକୁ କଲେ ଜବତ



କୋଷାଗୁମୁଡା,୨୫।୧୧(ସମିସ): ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ା ବ୍ଲକର ଛତିଶଗଡ଼ ସୀମାନ୍ତ ବରଗାଁ, ପଥରଖଣ୍ଡି, ଉକିଆଗୁଡ଼ା, ଆଲୁପଦର ଓ ଆଉଁଳି ଦେଇ ପ୍ରବାହିତ ଭାସ୍କେଲ ନଦୀରୁ ଦୈନିକ ଶହ ଶହ ଟ୍ରାକ୍ଟର, ଟିପର୍, ହାଇଓ୍ୱାରେ ପଡ଼ୋଶୀ ଛତିଶଗଡ଼କୁ ବାଲି ଚାଲାଣ କରାଯାଉଛି। ଏନେଇ ବାରମ୍ବାର ଅଭିଯୋଗ ସତ୍ତ୍ୱେ ପ୍ରଶାସନ ନିରବ ଦ୍ରଷ୍ଟା ସାଜିଛି। ଯାହା ଫଳରେ ସରକାର ଲକ୍ଷାଧିକ ଟଙ୍କାର ରାଜସ୍ୱ ହରାଉଛନ୍ତି। ନବରଙ୍ଗପୁର ବିଧାୟକ ଗୌରୀଶଙ୍କର ମାଝୀ କୋଷାଗୁମୁଡ଼ା ବ୍ଲକ ଗସ୍ତରେ ଯାଇଥିବା ବେଳେ ଗ୍ରାମବାସୀମାନେ ବେଆଇନ ବାଲି ଚାଲାଣ ସଂପର୍କରେ ଅବଗତ କରିଥିଲେ । ଏହାପରେ ବିଧାୟକଙ୍କ ଉପସ୍ଥିତିରେ ଖଣି ବିଭାଗ ଚଢ଼ଉ କରି ନଦୀଘାଟରୁ ପ୍ରୋକଲିନ୍ ଓ ଟିପର୍ ଜବତ କରିଥିଲା। କୋଷାଗୁମୁଡ଼ା ବ୍ଲକର ଇନ୍ଦ୍ରାବତୀ ଓ ଭାସ୍କେଲ ନଦୀରେ ଯଥେଷ୍ଟ ପରିମାଣର ବାଲି ରହିଥିଲେ ମଧ୍ୟ ଖଣିଜ ବିଭାଗ ଏଠାରେ ବାଲିଘାଟ ନିଲାମ କରୁନାହିଁ। ଏହାର ଫାଇଦା ବାଲି ମାଫିଆମାନେ ଉଠାଇ ବାଲିଘାଟରୁ ଦୈନିକ ଶହ ଶହ ଗାଡ଼ିରେ ବାଲି ବୋଝେଇ କରି ପଡ଼ୋଶୀ ଛତିଶଗଡ ସମେତ ଓଡ଼ିଶାର ବିଭିନ୍ନ ସ୍ଥାନକୁଚାଲାଣ କରୁଛନ୍ତି। ବାଲି ଚୋରାଚାଲାଣ ରୋକିବା ସକାଶେ ଥାନା ଅଧିକାରୀ ଏବଂ ତହସିଲଦାର କମିଟିରେ ରହିଥିବାବେଳେ କୌଣସି ପଦକ୍ଷେପ ଗ୍ରହଣ କରୁନାହାନ୍ତି। ତେଣୁ ବିଧାୟକ ଶ୍ରୀ ମାଝୀ କୋଷାଗୁମୁଡ଼ା ବ୍ଲକରେ ବିଭିନ୍ନ ଜନହିତକର ଯୋଜନାର ସମୀକ୍ଷା ଏବଂ କ୍ଷେତ୍ର ପରିଦର୍ଶନ କରୁଥିବା ବେଳେ ଗ୍ରାମବାସୀମାନେ ଅଭିଯୋଗ କରିଥିଲେ। ଏହାପରେ ବିଧାୟକ ଶ୍ରୀ ମାଝୀ ନଦୀରେ ଅଣ୍ଟେ ପାଣିରେ ପଶି ବାଲିଘାଟକୁ ଯାଇଥିଲେ। ବିଧାୟକଙ୍କ ସହ କୋଷାଗୁମୁଡା ବିଡିଓ ଆଶିଷ ତ୍ରିପାଠୀ ମଧ୍ୟ ଉକ୍ତ ସ୍ଥଳରେ ଉପସ୍ଥିତ ଥିଲେ। ପରେ ତହସିଲଦାର ତୁଳା ମୁଦୁଲି, କୋଷାଗୁମୁଡ଼ା ପୁଲିସ ଓ ବଡ଼ଆମ୍ବଡ଼ା ପାଣ୍ଡି ଅଧିକାରୀ ଲଳିତ କୁମାର ପଣ୍ଡା, କୋଡ଼ିଙ୍ଗାରେ ଥିବା କନିଷ୍ଠ ଖଣିଅଧିକାରୀ ନରେନ୍ଦ୍ର କୁମାର ବିଶ୍ୱାଳ ଓ ସୁଧିର କୁମାର ପ୍ରଧାନଙ୍କୁ ଡାକିଥିଲେ। ବାଲି ଚାଲାଣର ରୟାଲଟି କିମ୍ବା କାଗଜପତ୍ର ବାଲି ବୋଝେଇ କରିଥିବା ଗାଡ଼ି ଡ୍ରାଇଭରମାନେ ଦେଖାଇ ପାରିନଥିଲେ। ଏପରିକି ପ୍ରୋକଲିନ୍ ଓ ଟିପରର କାଗଜପତ୍ର ବି ନଥିବା ଯାଞ୍ଚ ବେଳେ ଜଣାପଡିଥିଲା। ବିଧାୟକ ତ୍ୱରିତ ପଦକ୍ଷେପ ନେଇଥିବାରୁ ଖଣି ଅଧିକାରୀ ଓ ଅନ୍ୟ ଅଧିକାରୀଙ୍କ ପାଦ ପଡ଼ିଲା ବୋଲି ଗ୍ରାମବାସୀମାନେ କହିଛନ୍ତି। ଅନ୍ୟ ବାଲିଘାଟରେ ମଧ୍ୟ ଚଢ଼ଉ କରି ବେଆଇନ୍ ବାଲି ଚାଲାଣକୁ ରୋକିବାକୁ ବିଧାୟକ ଶ୍ରୀ ମାଝୀ ନିର୍ଦ୍ଦେଶ ଦେଇଛନ୍ତି।

# ଭଦ୍ରଗଡରୁ ନାଗେଶ୍ୱରି ପାହାଡ଼ ଉପରକୁ ରାସ୍ତା ନିର୍ମାଣକୁ ନା !

● ବିଡ଼ିଓ, ତହସିଲଦାର, ସରପଞ୍ଚଙ୍କ ହସ୍ତକ୍ଷପ ପରେ ବି ଅମଙ୍ଗ ଗ୍ରାମବାସୀ

ନନ୍ଦପୁର,୨୫।୧୧(ସମିସ): ବହୁ ଚର୍ଚ୍ଚିତ ନାଗେଶ୍ୱରୀ ପାହାଡ଼ ଉପରକୁ ଯାତାୟାତ ପାଇଁ ନିର୍ମାଣ ହୋଇଥିବା ରାସ୍ତାର ମରାମତି ପାଇଁ ସରକାରଙ୍କ ପକ୍ଷରୁ କୋଟି କୋଟି ଟଙ୍କା ବ୍ୟୟବରାଦ କରିଥିବା ବେଳେ ବର୍ତ୍ତମାନ ନାଗେଶ୍ୱରି ପାହାଡ଼ ଉପର ରାସ୍ତା ମରାମତି ନେଇ ବିବାଦ ଦେଖା ଦେଇଛି। ରାସ୍ତା ନିର୍ମାଣକୁ ସ୍ଥାନୀୟ ଭଦ୍ରଗଡ଼ ଗ୍ରାମବାସୀ ବିରୋଧ କରିଛନ୍ତି। ସୂଚିତ ଯେ, ବାଡେଲ ଠାରୁ ନଗେଶ୍ୱରି ପାହାଡ଼ ଉପରକୁ ସଂଯୋଗ ହୋଇଥିବା ରାସ୍ତାର ଦୟନୀୟ ଅବସ୍ଥା ନେଇ ଅଞ୍ଚଳବାସୀଙ୍କ ବହୁବାର ଦାବି ପରେ ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ବ୍ୟୟ ଅଟକଳ ହୋଇଥିଲା।



ପ୍ରାୟ ୧୦ କୋଟି ଟଙ୍କାର ବ୍ୟୟ ବରାଦରେ ମୋଟ ୧୧ କିମି ରାସ୍ତାର ଉନ୍ନତି ନିମନ୍ତେ ଅର୍ଥ ମଞ୍ଜୁର ହୋଇ କାର୍ଯ୍ୟ ଆରମ୍ଭ ହୋଇଥିଲା। ହେଲେ ଭଦ୍ରଗଡ ଠାରୁ ନଗେଶ୍ୱରି ପାହାଡ଼ ମୁଣ୍ଡି ପର୍ଯ୍ୟନ୍ତ ରାସ୍ତା ନିର୍ମାଣ କାର୍ଯ୍ୟ ଆରମ୍ଭ ଯୋଗୁଁ ଭଦ୍ରଗଡ ଗ୍ରାମବାସୀ ହଟହଟା ହେବା ପରେ ସେମାନେ ରାସ୍ତା ନିର୍ମାଣକୁ ବିରୋଧ କରିଥିଲେ। ଏହା ଜାଣିବା ପରେ ମଙ୍ଗଳବାର ନନ୍ଦପୁର ବିଡ଼ିଓ ଦୁର୍ଗା ପ୍ରସାଦ ଦୋରା, ତହସିଲଦାର ଦେବବ୍ରତ ମହାରଣା ଗ୍ରାମ୍ୟ ଉନ୍ନୟନ ବିଭାଗ ଯନ୍ତ୍ରୀ ଜୟନ୍ତ କୁମାର ମହନ୍ତ ପ୍ରମୁଖ ଭଦ୍ରଗଡ ଗ୍ରାମରେ ପହଞ୍ଚି ଗ୍ରାମବାସୀଙ୍କ ସହ ଆଲୋଚନା କରିଥିଲେ। ହେଲେ ଦୀର୍ଘ ଘଣ୍ଟା ଧରି ଗ୍ରାମବାସୀଙ୍କ ଆଲୋଚନା ପରେ ମଧ୍ୟ ଭଦ୍ରଗଡଠାରୁ ପାହାଡ଼ ଉପରକୁ ରାସ୍ତା ଉନ୍ନତୀକରଣ କୁ ନା କହିଛନ୍ତି ଗ୍ରାମବାସୀ। ତେବେ ବାଡେଲ ଠାରୁ ଅତଣ୍ଡା ପର୍ଯ୍ୟନ୍ତ ରାସ୍ତାର ଉନ୍ନତିକରଣ କାର୍ଯ୍ୟ ଶେଷ ହୋଇଥିବା ବେଳେ ଭଦ୍ରଗଡ ଠାରୁ ନେଗେଶ୍ୱରୀ ପାହାଡ ଉପରକୁ ସଂଯୋଗ କରୁଥିବା ରାସ୍ତାର ଉନ୍ନତୀକରଣକୁ ନେଇ ଏବେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

# ଠିକାଦାର କବ୍‌ଜାରୁ ମୁକ୍ତ ହେଲା ଓଏମ୍‌ସି ଆଦର୍ଶ ବିଦ୍ୟାଳୟର ୩ କକ୍ଷ

▶ ମାଜିଷ୍ଟ୍ରେଟ ଓ ପୁଲିସ ଉପସ୍ଥିତିରେ ତାଲା ଭଙ୍ଗାଗଲା

ଜୟପୁର,୨୫।୧୧(ସମିସ): କୋରାପୁଟ ଜିଲ୍ଲା ଜୟପୁର ସହର ନିକଟସ୍ଥ ଉମୁରୀ ଗ୍ରାମପଞ୍ଚାୟତର ଫୁଲବାଡଠାରେ ରହିଥିବା ଓଡିଶା ମାଇନିଂ କର୍ପୋରେସନ ଆଦର୍ଶ ବିଦ୍ୟାଳୟରୁ ୩ଟି କକ୍ଷ ଦୀର୍ଘ ଦୁଇବର୍ଷ ଏହାର ନିର୍ମାଣ କରିଥିବା ସ୍ଥାନୀୟ ଜୈନିକ ଠିକାଦାରଙ୍କ କବ୍‌ଜାରେ ରହିଥିଲା। ଜୟପୁର ଉପଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଜୟପୁର ତହସିଲଦରା ତଥା କାର୍ଯ୍ୟକାରୀ ମାଜିଷ୍ଟ୍ରେଟ ସବ୍ୟସାଚୀ ଜେନା ଏବଂ ସଦରଥାନା ଅଧିକାରୀ ସଚିନ୍ଦ୍ର ପ୍ରଧାନଙ୍କ ନେତୃତ୍ୱରେ ପୁଲିସଦଳର ଉପସ୍ଥିତିରେ ଖଣି ବିଭାଗ ଏବଂ ବିଦ୍ୟାଳୟ କର୍ତ୍ତୃପକ୍ଷ ଠିକାଦାରଙ୍କ କବଜାରେ ରହିଥିବା ଏହି ୩ଟି କକ୍ଷକୁ ଭାଙ୍ଗି ନିଜ ଅକ୍ତିଆରକୁ ନେଇଛନ୍ତି। ପ୍ରକାଶଯେ, ଗତ ୨୦୨୩ ମସିହାରେ ଓଡିଶା ଖଣି (ମାଇନିଂ) ନିଗମ ପକ୍ଷରୁ ଅବିଭକ୍ତ କୋରାପୁଟ ଜିଲ୍ଲାରେ ଖଣି ଖନନ ନିମନ୍ତେ ସ୍ଥାନୀୟ ବିଭିନ୍ନ ଗ୍ରାମର ବିସ୍ଥାପିତ ଗ୍ରାମବାସୀଙ୍କ ସନ୍ତାନମାନଙ୍କ ପାଠପଢା ପାଇଁ ଥଇଥାନ ଯୋଜନା ଅନୁଯାୟୀ ଜୟପୁର ଉମରୀ ଗ୍ରାମପଞ୍ଚାୟତର ଫୁଲବାଡଠାରେ ଓଡିଶା ମାଇନିଂ ଆଦର୍ଶ ଆବାସିକ ବିଦ୍ୟାଳୟ ଭବନ ନିର୍ମାଣ କାର୍ଯ୍ୟ ଶେଷ ହେବା ପରେ ୨୦୨୩ ମସିହା



ଜୁଲାଇ ମାସରେ ପାଠ୍ୟକ୍ରମ ଆରମ୍ଭ ପାଇଁ ଠିକାଦାରଙ୍କୁ ହସ୍ତାନ୍ତର କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା। କିନ୍ତୁ ଏହାକୁ ଠିକାଦାର ଜଣକ ହସ୍ତାନ୍ତର କରୁନଥିଲେ। ଶେଷରେ କୋରାପୁଟ ଜିଲ୍ଲାପାଳ ଏବଂ ପୁଲିସ ଏସ୍‌ପିଙ୍କ ହସ୍ତକ୍ଷେପ ପରେ ସମାଧାନ କରାଯାଇ ଏହାକୁ ଓଡ଼ିଶା ଖଣି ନିଗମକୁ ହସ୍ତାନ୍ତର ହୋଇଥିଲା। କିନ୍ତୁ ସଂପୃକ୍ତ ଠିକାଦାର ୩ଟି କକ୍ଷକୁ ତାଲା ଦେଇ ନିଜ ଅକ୍ତିଆରରେ ରଖିଥିଲେ। କିନ୍ତୁ ଗତ ୨ ବର୍ଷରେ ଷଷ୍ଠରୁ ଅଷ୍ଟମ ଶ୍ରେଣୀ ମଧ୍ୟରୁ ନୂତନ ବିଦ୍ୟାର୍ଥୀ ଯୋଗଦେବା ଫଳରେ ଶ୍ରେଣୀ କକ୍ଷର ଅଭାବ ଯୋଗୁଁ ପାଠପଢ଼ାରେ ସମସ୍ୟା ସୃଷ୍ଟି ହେଉଥିଲା। ଠିକାଦାର ଖଣି ନିଗମର ଆଞ୍ଚଳିକ ନିର୍ଦ୍ଦେଶକଙ୍କ ବାରମ୍ବାର ହସ୍ତାନ୍ତର ନେଇ ଚିଠିର ଅଣଦେଖା କରୁଥିବା ଯୋଗୁଁ ଆଞ୍ଚଳିକ ନିର୍ଦ୍ଦେଶକ ଗତ ଅକ୍ଟୋବର ୩୧ ତାରିଖରେ ଜୟପୁର ଉପଜିଲ୍ଲାପାଳ ଏ.ଶଶ୍ୟା ରେଡ୍ଡିଙ୍କୁ ଘଟଣା ସମ୍ପର୍କରେ ଲିଖିତ ଭାବେ ଅଭିଯୋଗ କରିଥିଲେ। ଏହାପରେ ସୋମବାର ଉପଜିଲ୍ଲାପାଳ ସ୍ଥାନୀୟ ତହସିଲଦରା ଏବଂ ସଦରଥାନା ଅଧିକାରୀଙ୍କୁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ।



## ୮୧ତମ ଜିଲ୍ଲା ପରିଷଦ ବୈଠକ

# ଜିଲ୍ଲାରେ ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟ ସେବାକୁ ନେଇ ସାଂସଦଙ୍କ ଉଦ୍‌ବେଗ

ରାୟଗଡା,୨୫।୧୧(ସମିସ):

ରାୟଗଡ଼ା ଜିଲ୍ଲା ପରିଷଦର ୮୧ତମ ବୈଠକ ଆଜି ଅଧ୍ୟକ୍ଷା ସୁଶ୍ରୀ ସରସ୍ୱତୀ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ସ୍ଥାନୀୟ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଏହି ବୈଠକରେ କୋରାପୁଟ ସାଂସଦ ସପ୍ତଗିରି ଉଲ୍ଲକା, ରାୟଗଡ଼ା ବିଧାୟକ କାଡ୍ରାକା ଆପଲାସ୍ୱାମୀ, ବିଷମ କଟକ ବିଧାୟକ ନୀଳମାଧବ ହିକକା, ଗୁଣୁପୁର ବିଧାୟକ ସତ୍ୟଜିତ ଗମାଙ୍ଗ, ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାୟକ, ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ, ଜିଲ୍ଲା ପରିଷଦ ଅକ୍ଷୟ କୁମାର ଖେମୁଣ୍ଡୁ, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସନ୍ତୋଷ କୁମାର ସୁନା, ପିଏ ଆଇଟିଡିଏ ଚନ୍ଦ୍ର କାନ୍ତ ମାଝୀ, ପରିଷଦର ସମସ୍ତ ସଦସ୍ୟସଦସ୍ୟା, ପଞ୍ଚାୟତ ସମିତି ଅଧ୍ୟକ୍ଷ ଅଧ୍ୟକ୍ଷା, ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଯୋଗ ଦେଇଥିଲେ । ଏହି ବୈଠକରେ ମୁଖ୍ୟତଃ ସ୍ୱାସ୍ଥ୍ୟ ସେବା ଉପରେ ଆଲୋଚନା କରାଯାଇଥିଲା । ଜିଲ୍ଲା ମୁଖ୍ୟ ଚିକିତ୍ସା ତଥା ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ସରୋଜିନୀ ଦେବୀ ସ୍ୱାସ୍ଥ୍ୟ ବିଭାଗ ବିଷୟରେ ଉପସ୍ଥାପନା କରିଥିଲେ । ଏହି ବିଷୟରେ ଆଲୋଚନା ବେଳେ ସଦସ୍ୟସଦସ୍ୟାମାନେ ଜନନୀ ଶିଶୁ ସୁରକ୍ଷା ଯୋଜନାରେ ପ୍ରସୁତି ନିମନ୍ତେ ଗାଡ଼ି ଠିକ ସମୟରେ ନ ପହଞ୍ଚିବା, ଜିଲ୍ଲାରେ ଡାକ୍ତର ସମସ୍ୟା, ଚିକିତ୍ସା କେନ୍ଦ୍ରରେ ଔଷଧ ନ ମିଳିବା ଏବଂ



ଅନ୍ୟାନ୍ୟ ସମସ୍ୟା ଉପରେ ପ୍ରଶ୍ନ କରି ଅସନ୍ତୋଷ ପ୍ରକାଶ କରିଥିଲେ । କୋରାପୁଟ ସାଂସଦ ଶ୍ରୀ ଉଲାକା ଜିଲ୍ଲାରେ ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟ ସେବାକୁ ନେଇ ଉଦ୍‌ବେଗ ପ୍ରକାଶ କରି ଲୋକଙ୍କୁ ଉଚିତ ସ୍ୱାସ୍ଥ୍ୟ ସେବା ଯୋଗାଇବା

### ୪୫୯ରୁ ଖାଲି ପଡିଛି ୩୧୯ ଡାକ୍ତର ପଦବୀ

ନିମନ୍ତେ ଡାକ୍ତର ପଦବୀ ପୂରଣ କରିବା ଦିଗରେ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ ପାଇଁ କହିଥିଲେ । ଏହାକୁ ଆଗାମୀ ଦିନରେ ସମାଧାନ କରାଯିବ ବୋଲି ସିଡିଏମଓ ଏବଂ ଡିପିଏମଓ କହିଥିଲେ । ମୁନିଗୁଡା ବ୍ଲକ୍‌ର ରଘୁବାରୀ ଡ଼ିମିକିରକୁଦା ପାଇଁ ସ୍ୱାସ୍ଥ୍ୟ ଉପକେନ୍ଦ୍ର ସ୍ଥାପନ ନିମନ୍ତେ ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ପ୍ରସ୍ତାବ ଦେଇଥିଲେ । ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଜିଲ୍ଲାରେ ମଞ୍ଜୁରୀ ପ୍ରାପ୍ତ ଡାକ୍ତର ୪୫୯ ଜଣ ଆବଶ୍ୟକରୁ କେବଳ ୧୪୦ କାର୍ଯ୍ୟରତ ଥିବା ସିଡିଏମଓ ପ୍ରକାଶ କରିଥିଲେ । ୩୧୯ ଜଣ ଡାକ୍ତର ଜିଲ୍ଲା ପାଇଁ ଆବଶ୍ୟକ ରହିଛି । ଆବଶ୍ୟକ ଡାକ୍ତର ପଦବୀ ପୂରଣ ନିମନ୍ତେ ପଦକ୍ଷେପ ନେବାକୁ ସଦସ୍ୟମାନେ ଅନୁରୋଧ କରିଥିଲେ । ସେହିପରି ଜିଲ୍ଲା ଗ୍ରାମୀୟ ନିର୍ମାଣ ବିଭାଗ ଉପରେ ଆଲୋଚନା ବେଳେ ଜିଲ୍ଲାରେ ଗ୍ରାମୀୟ ଯୋଗାଯୋଗର ଅଗ୍ରଗତି ଉପରେ ରାୟଗଡ଼ା ଓ ଗୁଣୁପୁରର ନିର୍ବାହୀ ଯନ୍ତ୍ରୀ ବିସ୍ତୃତ ଭାବରେ ଉପସ୍ଥାପନା କରିଥିଲେ । ବିଜୁ ସେତୁ ଯୋଜନାରେ ୨୦୧୮-୧୯, ୨୦୨୨-୨୩, ୨୦୨୩-୨୪ ଆର୍ଥିକ ବର୍ଷର ୧୭ ଗୋଟି ସେତୁର ୧୦୮୯ ଲକ୍ଷ ଟଙ୍କାରେ କାର୍ଯ୍ୟ ଚାଲୁ ରହିଥିବା ଏବଂ ୪ଟି ସେତୁର ଟେଣ୍ଡର ପ୍ରକ୍ରିୟା ଚାଲିଥିବା ନିର୍ବାହୀ ଯନ୍ତ୍ରୀ କହିଥିଲେ । ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନାରେ ୧୭ ଗୋଟିରୁ ୯ଟି ସମ୍ପୂର୍ଣ୍ଣ ହୋଇଛି ୮ଟି ସେତୁ କାର୍ଯ୍ୟ ଚାଲୁଅଛି । ସେହିପରି ଜିଲ୍ଲା ଖଣିଜ ପାଣ୍ଠି, ପ୍ରଧାନମନ୍ତ୍ରୀ ସଡ଼କ ଯୋଜନା, ପ୍ରଧାନମନ୍ତ୍ରୀ ଜନମନ ପରିଯୋଜନା ଓ ଅନ୍ୟାନ୍ୟ କାର୍ଯ୍ୟ ଉପରେ ଆଲୋଚନା କରାଯାଇଥିଲା । ଗୁଣୁପୁର ଗ୍ରାମ୍ୟ ନିର୍ମାଣ ବିଭାଜନ ତରଫରୁ କାର୍ଯ୍ୟକାରୀ ହେଉଥିବା ସେତୁବନ୍ଧ ଯୋଜନାରେ ଆର୍ଥିକ ବର୍ଷ ୨୦୧୭-୧୮, ୨୦୨୨-୨୩, ୨୦୨୩-୨୪, ୨୦୨୪-୨୫ର ପ୍ରକଳ୍ପ ଓ ଅନ୍ୟାନ୍ୟ ଯୋଜନା ଉପରେ ଆଲୋଚନା କରାଯାଇଥିଲା । ଯଥାଶୀଘ୍ର ପ୍ରକଳ୍ପ ଗୁଡିକ ସମ୍ପୂର୍ଣ୍ଣ କରିବାକୁ ମାନ୍ୟବର ସଦସ୍ୟ ମାନେ ଦାବି କରିଥିଲେ । ଶିକ୍ଷା ବିଭାଗ ଉପରେ ଆଲୋଚନା ବେଳେ ପିଲାମାନେ ଅଧାରୁ ପାଠ କାହିଁକି ଛାଡୁଛନ୍ତି ବୋଲି ସଦସ୍ୟା, ସଦସ୍ୟମାନେ ପ୍ରଶ୍ନ କରିଥିଲେ । ଏହାର ଆଲୋଚନା ବେଳେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ପିଲାମାନେ ଦୁରକୁ ଯାଇ ପାଠ ପଢିବା ପାଇଁ ନାରାଜ ହୋଇ ଅଧାରୁ ଛାଡୁଛନ୍ତି ବୋଲି କହିଥିଲେ । ବିଧାୟକ ଡେପୁଟେସନ ବନ୍ଦ କରି ଯିଏ ଯେଉଁ ସ୍ଥାନକୁ ପୋଷ୍ଟିଙ୍ଗ ହୋଇଛି ସଠିକି ପଠାଇବା ପାଇଁ କହିଥିଲେ । ଏହି ବୈଠକରେ ଜିଲ୍ଲା ମଙ୍ଗଳ ବିଭାଗ, ଗ୍ରାମ୍ୟ ଜଳ ଯୋଗାଣ ବିଭାଗ, ମହିଳା ଓ ଶିଶୁ ବିକାଶ ବିଭାଗ ଉପରେ ଆଲୋଚନା ହୋଇଥିବା ବେଳେ ବୈଠକରେ ବିଭିନ୍ନ ବିଭାଗୀୟ ଜିଲ୍ଲାସ୍ତରୀୟ ଅଧିକାରୀ ମାନେ ଉପସ୍ଥିତ ଥିଲେ ।

## ଜିଲ୍ଲାସ୍ତରୀୟ 'ସରଗିଫୁଲ' ଉଦ୍‌ଯାପିତ



ପାପଡ଼ାହାଣ୍ଡି,୨୫।୧୧(ସମିସ):

ନବରଙ୍ଗପୁର ଜିଲ୍ଲା ପାପଡ଼ାହାଣ୍ଡି ଏସ୍‌ଏସ୍‌ଡି ବାଳିକା ଉଚ୍ଚବିଦ୍ୟାଳୟରେ ତିନି ଦିନ ଧରି ଚାଲିଥିବା ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ 'ସରଗିଫୁଲ' ଉଦ୍‌ଯାପିତ ହୋଇଯାଇଛି । ଜିଲ୍ଲା ମଙ୍ଗଳ ଅଧିକାରୀ ପାଲକା ରବୀନ୍ଦ୍ରଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ସାଂସଦ ପ୍ରତିନିଧି ସୋମନାଥ ପୂଜାରୀ, ପିଏ ଆଇଟିଡିଏ ରାଜୀବ ଲୋଚନ ସାହୁ, ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ଭରତ ଚନ୍ଦ୍ର ସାହୁ, ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ନିବେଦିତା ବିଶ୍ୱାଳ, ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ସତ୍ୟବ୍ରତ ବେହେରା, ଆଇଆଇସି ଦୀପକ କୁମାର ଜେନା, ଏସ୍‌ଏସ୍‌ଡି ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ପ୍ରଭାତୀ ବେହେରା ପ୍ରମୁଖ ଅତିଥି ଭାବେ ମଞ୍ଚାସୀନ ଥିଲେ । ଜିଲ୍ଲା ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗ ଅଧୀନସ୍ଥ ୧୦୧ଟି ବିଦ୍ୟାଳୟରୁ ୩ ହଜାରରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ସରଗିଫୁଲ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ସମସ୍ତ ଛାତ୍ରଛାତ୍ରୀ ପାଇ ସରକାର ଅନେକ ସୁବିଧା ସୁଯୋଗ କରିଛନ୍ତି, ଛାତ୍ରଛାତ୍ରୀ ଏହାର ସଦୁପୋଯୋଗ କରି ଭଲ ପାଠ ପଢ଼ିବା ସହ ଭଲ ମଣିଷ ହୋଇ ରାଜ୍ୟ ଓ ଦେଶ ପାଇ ଗୌରବ ଆଣିବା ପାଇଁ ଚେଷ୍ଟା କରନ୍ତୁ ବୋଲି ମନ୍ତ୍ରୀ କହିଥିଲେ । ବରିଷ୍ଠ ଓ କନିଷ୍ଠ ବର୍ଗରେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତାର ଆୟୋଜନ କରାଯାଇ କୃତି ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା । କାଳୀକିଙ୍କର ପଟ୍ଟନାୟକ, ଅଭି ପାଣିଗ୍ରାହୀ ଓ ଜିଲ୍ଲା ମଙ୍ଗଳ ବିଭାଗର ସମସ୍ତ ଅଧିକାରୀ, ଶିକ୍ଷକ ଓ ଶିକ୍ଷୟିତ୍ରୀ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ ।

## ଓଲଟିଲା କାର୍; ଜଣେ ମୃତ, ଜଣେ ଗୁରୁତର

ପଡିଆ,୨୫।୧୧(ସମିସ): ମାଲକାନଗିରି ଜିଲ୍ଲା ପଡିଆ ବ୍ଲକ୍‌ସଦର ମହକୁମାରୁ ପ୍ରାୟ ୪ କିମି ଦୂରରେ ଅବସ୍ଥିତ କତାଗୁଡା ଗ୍ରାମ ନିକଟରେ ମଙ୍ଗଳବାର ସନ୍ଧ୍ୟାରେ ଏକ କାର ଭାରସାମ୍ୟ ହରାଇ ଓଲଟି ପଡିଥିବା ଦେଖିବାକୁ ମିଳିଛି । ଯାହାଫଳରେ ଜଣେ ଯୁବକ ଘଟଣା ସ୍ଥଳରେ ହିଁ ପ୍ରାଣ ହରାଇଥିବା ବେଳେ ଅନ୍ୟ ଜଣେ ଗୁରୁତର ଥିବାରୁ ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି । ସୁଚନାନୁଯାୟୀ, ମଙ୍ଗଳବାର ସନ୍ଧ୍ୟା ସମୟରେ ମାଲକାନଗିରି ଅଞ୍ଚଳର ତିନି ଯୁବକ, ନିଲିଗୁଡା ଗ୍ରାମର ଜଣେ ଯୁବକଙ୍କ ସହ କାର୍(ଓଡି ୧୦ କ୍ୟୁ ୭୭୪୩) ଯୋଗେ ପଡିଆ ବଜାରକୁ ଆସି ଫେରୁଥିଲେ । ଫେରିବା ବାଟରେ କତାଗୁଡା ଗ୍ରାମ ନିକଟସ୍ଥ ମୋଡ଼ରେ କାରଟି ଭାରସାମ୍ୟ ହରାଇ ଏକ ଗଛରେ ପିଟି ହୋଇ ଓଲଟି ଯାଇଥିଲା । ଯାହାଫଳରେ ଘଟଣା ସ୍ଥଳରେ ହିଁ ଅମରେଶ ଦେବ ମଣ୍ଡାଙ୍ଗିଙ୍କ ମୃତ୍ୟୁ ହୋଇଥିଲା । ଅନ୍ୟ ଜଣେ ଗୁରୁତର ଭାବେ ଆହତ ହୋଇଥିଲେ । ସୁଚନା ପାଇ ପଡିଆ ଅଗ୍ନିଶମ ଅଧିକାରୀ ବିରେନ୍ଦ୍ର ସିଂ ଏକ ଟିମ୍ ନେଇ ଘଟଣା ସ୍ଥଳରେ ପହଞ୍ଚି ଆହାତ ଯୁବକଙ୍କୁ ଉଦ୍ଧାର କରି ମେଡିକାଲକୁ ପଠାଇଥିଲେ । ପଡିଆ ଥାନା ଏସଆଇ ନିରୋଦ କୁମାର ବାଘ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି । ଏନେଇ ପଡିଆ ଥାନାରେ ଏକ ମାମଲା( ୩୫/୨୦୨୫) ରୁଜୁ ହୋଇଥିବା ଜଣାପଡ଼ିଛି ।

## ପାରିବାରିକ କଳହ; ନିଆଁରେ ପୋଡି ସ୍ୱାମୀ, ସ୍ତ୍ରୀ ଗୁରୁତର

ମାଲକାନଗିରି,୨୫ ।୧୧(ସମିସ): ମାଲକାନଗିରି ଜିଲ୍ଲା ସଦରେରେ ଥିବା ତାମିଲ ଚକ ନିକଟରେ ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି । ପାରିବାରିକ କଳହ ଯୋଗୁଁ ଜଣେ ମହିଳା କିରୋସିନ ଢାଳି ଆତ୍ମହତ୍ୟା ଉଦ୍ୟମ କରିଥିବା ବେଳେ ଏଥିରେ ତାଙ୍କ ସ୍ୱାମୀ ମଧ୍ୟ ପୋଡି ଗୁରୁତର ହୋଇଥିବା ଜଣାପଡିଛି । ସୂଚନାନୁଯାୟୀ, ମାଧୁରୀ କଟିମ୍ ନାମକ ମହିଳାଙ୍କ ତାଙ୍କ ସ୍ୱାମୀ ନରେନ୍ଦ୍ର କଟିମଙ୍କ ସହ କୌଣସି ଏକ କାରଣକୁ ନେଇ ଝଗଡା ହୋଇଥିଲା । ସ୍ଥିତି ଏପରି ହେଲା ଯେ, କିରୋସିନ ଢାଳି ଆତ୍ମହତ୍ୟା ଉଦ୍ୟମ କରିଥିଲେ ମାଧୁରୀ । ସେହି ସମୟରେ ତାଙ୍କ ସ୍ୱାମୀ ଆସି ସମ୍ପର୍କୀୟଙ୍କ ସାହାଯ୍ୟରେ ନିଆଁ ଲିଭାଇବା ପାଇଁ ଚେଷ୍ଟା କରିଥିଲେ । ସ୍ତ୍ରୀକୁ ବଞ୍ଚାଇବାକୁ ଯାଇ ସ୍ୱାମୀକୁ ମଧ୍ୟ ଦୁଇ ହାତ ସହ ଶରୀରର କିଛି ଅଂଶ ପୋଡ଼ିଯାଇଥିବା ଦେଖିବାକୁ ମିଳିଛି । ତେବେ ଗୁରୁତର ଅବସ୍ଥାରେ ଥିବା ସ୍ତ୍ରୀ ଏବଂ ସ୍ୱାମୀଙ୍କୁ ସଂପର୍କୀୟମାନେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିବା ବେଳେ ସେଠାରେ ସେମାନଙ୍କ ଚିକିତ୍ସା ଜାରି ରହିଛି । ମହିଳାଙ୍କ ଶରୀରର ପ୍ରାୟ ୭୦ ଭାଗ ପୋଡ଼ି ଥିବା ବେଳେ ସ୍ୱାମୀଙ୍କର ମଧ୍ୟ ପ୍ରାୟ ୩୦ ଭାଗ ପୋଡ଼ିଥିବା ଡାକ୍ତର କହିଛନ୍ତି ।

## ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ବୈଠକ

ମାଲକାନଗିରି,୨୫।୧୧(ସମିସ): ଖରିଫ ବର୍ଷ ୨୦୨୫-୨୬ ଧାନ ସଂଗ୍ରହ ନିମନ୍ତେ ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟଙ୍କ ଅଧ୍ୟକ୍ଷତାରେ ଆଜି ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ଚାଷୀ ଯେପରି ସୁବିଧାରେ ନିଜ ଧାନ ବିକ୍ରି କରିପାରିବେ ସେଥିପାଇଁ ଅବଶ୍ୟକୀୟ ପ୍ରସ୍ତୁତି କରିବା ପାଇଁ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେବା ସହ ପ୍ରଶାସନର ଆଦେଶ ଖିଲାପକାରୀ ଅଧିକାରୀ, ମିଲର ତଥା ଦଲାଲଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଚାଷୀଙ୍କୁ ପ୍ରତିଶୃତି ଦେଇଛନ୍ତି । ବୈଠକରେ ନବରଙ୍ଗପୁର ସାଂସଦ ବଳଭଦ୍ର ମାଝୀଙ୍କ ସମେତ ମାଲକାନଗିରି ବିଧାୟକ ନରସିଂହ ମାଡକାମୀ, ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ ଓ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସମାରୀ ଟାଙ୍ଗୁଲୁ ଉପସ୍ଥିତ ଥିଲେ । ମଣ୍ଡିରେ ଦଲାଲଙ୍କ ସମ୍ପୃକ୍ତି ଏବଂ କଟନୀ ଛଟନି ଭଳି ବିଭିନ୍ନ ଅବ୍ୟବସ୍ଥା ବନ୍ଦ କରିବା ପାଇଁ ଅତିଥିମାନେ ନିର୍ଦ୍ଦେଶ ଦେଇଥିଲେ । ଜିଲ୍ଲାପାଳ ତଥା ଉପସ୍ଥିତ ଲୋକ ପ୍ରତିନିଧିଙ୍କ ଅନୁମୋଦନ କ୍ରମେ ଆଗାମୀ ଡ଼ିସେମ୍ବର ୧୭ ତାରିଖରୁ ଖରିଫ ଋତୁ ଧାନ ସଂଗ୍ରହ ପାଇଁ ଧାର୍ଯ୍ୟ କରିବା ସହ ଜିଲ୍ଲାର ସମୁଦାୟ ୭ ଗୋଟି ବ୍ଲକରେ ଧାନ ସଂଗ୍ରହ କରିବା ବ୍ୟବସ୍ଥା କରାଯାଇଥିବା ସୂଚାଇଥିଲେ । ୨୦୨୫-୨୬ ଖରିଫ ଋତୁ ପାଇଁ ଏଫସିଆଇ ପକ୍ଷରୁ ଚାଉଳ ଉଠେଇବା ପାଇଁ ମାଲକାନଗିରି ଠାରେ ଏକ ଗୋଦାମ କରାଯିବ । ଚାଷୀଙ୍କ ସୁବିଧା ପାଇଁ ଧାନ ସଂଗ୍ରହ



କେନ୍ଦ୍ରରେ ଡିଜିଟାଲ ଆଦ୍ରତା ମିଟର, ତାରପୋଲିନ, ୱେଟବ୍ରିଜ, ବିଶ୍ଳେଷଣ କିଟ୍ ଆଦି ଯୋଗାଇବା ସହ ପ୍ରତୀକ୍ଷା କକ୍ଷ, ଛାଇ, ପାନୀୟଜଳ, ଲାଇଟ, ପାଇଖାନା, ସିସିଟିଭି ଏବଂ ମୂଲ୍ୟ ପ୍ରଦର୍ଶନ ବୋର୍ଡ ଆଦି ସୁବିଧା ଥିବା ମୋଡେଲ ମଣ୍ଡିର ବ୍ୟବସ୍ଥା ସୁନିଶ୍ଚିତ କରିବା ପାଇଁ କୁହାଯାଇଛି । ଚାଷୀଙ୍କ ପୂର୍ବ ସମସ୍ୟା ଗୁଡିକର ଆଲୋଚନା ତଥା ପରାମର୍ଶ ଝୋଟ ବ୍ୟାଗ ଯୋଗାଇବା କିମ୍ବା ଚାଷୀ ଦେଇଥିବା ବ୍ୟାଗର ଉଚିତ ମୂଲ୍ୟ ମିଲର ବହନ କରିବେ ଏବଂ ଏହାର ତଦାରଖ ନିମନ୍ତେ ସ୍ୱତନ୍ତ୍ର ଅଧିକାରୀଙ୍କୁ ଦାୟିତ୍ୱ ଦିଆଯିବ । ସେ ମଣ୍ଡିସ୍ତରରେ ସମସ୍ତ ଚାଷୀ କିଭଳି ସଠିକ ଭାବେ ପଇସା ପାଇବେ ସେ ବ୍ୟବସ୍ଥା କରିବେ ବୋଲି ଜିଲ୍ଲାପାଳ କହିଥିଲେ । ମଣ୍ଡିକୁ ଧାନ ଆସିବାର ଯଥା ସମୟ ପୂର୍ବରୁ

### ଡିସେମ୍ବର ୧୭ ରୁ ମଣ୍ଡି ଆରମ୍ଭ

ଆଧାରରେ ଜିଲ୍ଲାପାଳ ଏବର୍ଷ ଧାନ ସଂଗ୍ରହରେ ସ୍ୱଚ୍ଛତା ଆଣିବା ନିମନ୍ତେ କୌଣସି ମିଲର, ଆରଏମସି ଅଧିକାରୀ ଏବଂ ଯୋଗାଣ ଅଧିକାରୀ ଠକେଇ କଲେ ତୁରନ୍ତ ଥାନାରେ ଏତଲା ଦେବା କିମ୍ବା ଟୋଲ ଫ୍ରି ନମ୍ବରରେ ଅଭିଯୋଗ କରିବା ଓ ଅଭିଯୋଗର ୪୮ ଘଣ୍ଟା ମଧ୍ୟରେ ଅଭିଯୁକ୍ତଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜିଲ୍ଲାପାଳ କହିଥିଲେ । ଭିତ୍ତିଭୂମିର ସୁବିଧା ନିମନ୍ତେ ପ୍ରଶାସନ ତରଫରୁ ମଡେଲ ମଣ୍ଡି ବ୍ୟବସ୍ଥା କରାଯିବା ସହିତ ଚାଷୀଙ୍କୁ ଗ୍ରାମ ପଞ୍ଚାୟତସ୍ତରରେ ଚାଷୀମାନଙ୍କୁ ଟୋକେନ୍ ଦେବା ବ୍ୟବସ୍ଥା କରିବା, କଳାବଜାରୀ ଭଳି ବେଆଇନ କାର୍ଯ୍ୟଗୁଡିକୁ ରୋକିବା ପାଇଁ ଜିଲ୍ଲାର ସମସ୍ତ ସୀମାରେଖାରେ ପୋଲିସ୍ ମୁତୟନ କରିବା ସହିତ କଡାକଡି ଯାଞ୍ଚ କରିବା ପାଇଁ ବୈଠକରେ ନିଷ୍ପତ୍ତି ନିଆଯାଇଥିଲା । ବୈଠକରେ ଅତିରିକ୍ତ ଜିଲ୍ଲାପାଳ ବେଦବର ପ୍ରଧାନ, ଉପଜିଲ୍ଲାପାଳ ଅଶ୍ମି ଏଏଲଙ୍କ ସମେତ ଜିଲ୍ଲାର କୃଷକ ପ୍ରତିନିଧି, ଜିଲ୍ଲାସ୍ତରୀୟ ଅଧିକାରୀ ଉପସ୍ଥିତ ଥିବା ବେଳେ ଜିଲ୍ଲା ଯୋଗାଣ ଅଧିକାରୀ ଲିଙ୍ଗରାଜ ବେହେରା ବୈଠକକୁ ପରିଚାଳନା କରିଥିଲେ ।

## ଲଣ୍ଡନ କିଡ୍ସ ସ୍କୁଲର ବାର୍ଷିକ ଉତ୍ସବ

ଗୁଣୁପୁର,୨୫।୧୧(ସମିସ): ସ୍ଥାନୀୟ ଲଣ୍ଡନ କିଡ଼ସ ଇଂରାଜୀ ମାଧ୍ୟମ ବିଦ୍ୟାଳୟର ଦ୍ୱିତୀୟ ବାର୍ଷିକ ଉତ୍ସବ "କିଡ଼ସ କର୍ଣ୍ଣିଭାଲ"ସୋମବାର ଅନୁଷ୍ଠିତ ହୋଇଯାଇଛି । ଗୁଣୁପୁର ଆଦର୍ଶ ଥାନା ଅଧିକାରୀ କମଳାକାନ୍ତ କହଁର ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବା ବେଳେ ମୁଖ୍ୟ ବକ୍ତା ଭାବେ ରାୟଗଡା ଉତ୍କଳ ଆଇନ ବିଦ୍ୟାଳୟର ସଭାପତି ପ୍ରଫେସର ଡ଼. ଅଶୋକ କୁମାର ମିଶ୍ର, ସମ୍ମାନୀତ ଅତିଥି ଭାବେ ସ୍ଥାନୀୟ ଏମପାୱାର ପବ୍ଲିକ ସ୍କୁଲର ସଭାପତି ଅନିମୁ ସୂରିୟା ଏବଂ ଜଗନ୍ନାଥପୁର ଉଚ୍ଚ ବିଦ୍ୟାଳୟର ଆଦର୍ଶ ଶିକ୍ଷକ କେ. ଚିରଞ୍ଜିବି, ଲଣ୍ଡନ କିଡ଼ସ ବିଦ୍ୟାଳୟର ସଭାପତି ନୀଳକଣ୍ଠ ଦିଗାଲ, ସମ୍ପାଦକ ଅଶୋକ କର, ପରିଚାଳନା ନିର୍ଦ୍ଦେଶିକା ସୌଭାଗ୍ୟ ମଞ୍ଜରୀ ଜେନା, ଅଧ୍ୟକ୍ଷା ସ୍ମିତା ମଲ୍ଲିକ ମଞ୍ଚାସିନ ଥିଲେ । ବିଦ୍ୟାଳୟର ଅଧ୍ୟକ୍ଷା ସ୍ମିତା ମଲ୍ଲିକ ବାର୍ଷିକ ବିବରଣୀ ପାଠ କରିଥିଲେ । ମୁଖ୍ୟଅତିଥି ଶ୍ରୀ କହଁର ଛାତ୍ର ଜୀବନରେ ଶିକ୍ଷାର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରି ନିଷ୍ଠାର ସହ ବିଦ୍ୟା ଅର୍ଜନ କରିବାକୁ




ପିଲାଙ୍କୁ ପରାମର୍ଶ ଦେଇଥିଲେ । ଗତ ଦୁଇବର୍ଷ ଧରି ଅଭିଭାବକମାନଙ୍କ ସମ୍ପୂର୍ଣ୍ଣ ସହଯୋଗ ଓ ବିଦ୍ୟାଳୟ ପରିଚାଳନା କମିଟିର ଅବଦାନକୁ ନିର୍ଦ୍ଦେଶିକା ଶ୍ରୀମତୀ ଜେନା ପ୍ରକାଶ କରିଥିଲେ । ଅନୁଷ୍ଠାନର ଶିକ୍ଷକ, ଶିକ୍ଷୟିତ୍ରୀ ଛାତ୍ରଛାତ୍ରୀମାନଙ୍କୁ ନେଇ ମଞ୍ଚରେ "ଅପରେସନ ସିନ୍ଦୁର"ର ଏକ ଝଲକ ପରିବେଷଣ କରାଯାଇଥିଲା । ଯାହା ମୁଖ୍ୟ ଆକର୍ଷଣ ପାଲଟିଥିଲା । ନିଜ ଛୁଆଙ୍କ ସହ ମା'ମାନଙ୍କ ନୃତ୍ୟ ପରିବେଷଣ ଅତି ଉଚ୍ଚକୋଟିର ଥିଲା । ବିଭିନ୍ନ ପ୍ରତିଯୋଗିତାରେ କୃତି ଛାତ୍ରଛାତ୍ରୀଙ୍କୁ ଅତିଥିମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିବା ବେଳେ ବିଦ୍ୟାଳୟକୁ କ୍ରମାଗତ ଭାବରେ ସହଯୋଗ ଯୋଗାଇ ଆସୁଥିବା କିଛି ଅଭିଭାବକମାନଙ୍କୁ ମଞ୍ଚରେ ପୁଷ୍ପଗୁଚ୍ଛ ସହ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା । ସେହିପରି ଉତ୍ତମ ଶିକ୍ଷୟିତ୍ରୀ ଭାବେ ସୁଶ୍ରୀ ରଶ୍ମିତା ଗୁଣ୍ଟା, ସମୟାନୁବର୍ତ୍ତିତା ପାଇଁ ଶିକ୍ଷୟିତ୍ରୀ ସୁଶ୍ରୀ ଜୁଲି ଶବର, ଉତ୍ତମ ଛାତ୍ର ଭାବେ ଆରୁଷ ନାୟକ ଏବଂ ଆଦର୍ଶ ଅଭିଭାବକ ଭାବେ କେଶରାଓ୍ୱଧିତନୟା ପଣ୍ଡାଙ୍କୁ ସମ୍ମାନିତ କରାଯାଇଥିଲା । ଶିକ୍ଷୟିତ୍ରୀ ପ୍ରିୟଦର୍ଶିନୀ କର ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଶିକ୍ଷୟିତ୍ରୀ ରଶ୍ମିତା ଗୁଣ୍ଟା ଧନ୍ୟବାଦ ଅର୍ପଣ କରିଥିଲେ ।

■ ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ 'ସରଗିଫୁଲ' ଉଦ୍‌ଯାପିତ

## ଲୁକ୍କାୟିତ ପ୍ରତିଭା ଲୋକଲୋଚନକୁ ଆଣିବାର ମଞ୍ଚ 'ସରଗିଫୁଲ'

ଗୁଣୁପୁର/ରାୟଗଡ଼ା,୨୫।୧୧(ସମିସ): ରାୟଗଡ଼ା ଜିଲ୍ଲା ଗୁଣପୁର ବ୍ଲକ୍‌ର ବିକ୍ରମପୁର ସ୍ଥିତ ଏକଲବ୍ୟ ଆଦର୍ଶ ବିଦ୍ୟାଳୟ ପରିସରରେ ଦୁଇ ଦିନ ଧରି ଅନୁଷ୍ଠିତ ହୋଇଥିଲା ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ ସରଗିଫୁଲ । ରବିବାର ଉଦ୍‌ଯାପିତ ସନ୍ଧ୍ୟାରେ ମୁଖ୍ୟଅତିଥି ଭାବରେ ଗୁଣୁପୁର ବିଧାୟକ ସତ୍ୟଜିତ ଗମାଙ୍ଗ ଉପସ୍ଥିତ ରହିଥିବାବେଳେ ପଦ୍ମପୁର ବ୍ଲକ୍ ଅଧ୍ୟକ୍ଷା ମଣିମାଳା ଶବର ଏବଂ ରାମନାଗୁଡା ବ୍ଲକ୍ ଅଧ୍ୟକ୍ଷ ରବି ଶଙ୍କର ଗମାଙ୍ଗ, ଶିକ୍ଷା ନିରୀକ୍ଷକ ଶ୍ୟାମଘନ ଭୂୟାଁ, ଅତିରିକ୍ତ ମଙ୍ଗଳ ଅଧିକାରୀ ପ୍ରଦୀପ ଦଳେଇ, ଏକଲବ୍ୟ ସ୍କୁଲ ଅଧ୍ୟକ୍ଷ ଅନନ୍ତ ତ୍ରିପାଠୀ ଯୋଗଦେଇଥିଲେ । କାର୍ଯ୍ୟକ୍ରମକୁ ଜିଲ୍ଲା ମଙ୍ଗଳ ଅଧିକାରୀ ଅସୀମା ରାଓ ପରିଚାଳନା କରିଥିଲେ । ପ୍ରତ୍ୟେକ ପିଲାଙ୍କ ପାଖରେ ଗୋଟିଏ ପ୍ରତିଭା ଲୁଚି ରହିଛି, ସେ ପ୍ରତିଭା ଲୋକ ଲୋଚନକୁ ଆଣିବା ପାଇଁ ଏକମାତ୍ର ମଞ୍ଚ ସରଗିଫୁଲ ବୋଲି ବିଧାୟକ କହିବା ସହ ଶିକ୍ଷକ ଓ ଛାତ୍ରମାନଙ୍କ ମଧ୍ୟରେ ଉତ୍ତମ ସଂପର୍କ ରହିବା ଆବଶ୍ୟକ, ଶିକ୍ଷକ ସ୍ନେହ, ଶ୍ରଦ୍ଧା ଓ ସଂପର୍କର ଡୋରିରେ ବାନ୍ଧି ଛାତ୍ରଛାତ୍ରୀ ମାନଙ୍କୁ ଶିକ୍ଷା ପ୍ରଦାନ କରିଲେ ଛାତ୍ରଛାତ୍ରୀ ମାନେ ଉଚ୍ଚକୋଟୀର ଶିକ୍ଷାଲାଭ କରିବା ସହ ଭବିଷ୍ୟତରେ ସଫଳ ମଣିଷଟିଏ ହୋଇପାରିବ ବୋଲି ପ୍ରକାଶ କରିଥିଲେ । ୧୪୯ ଗୋଟି ସ୍କୁଲର ପ୍ରାୟ ୧୫ଶହ ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଭାଗ ନେଇଥିଲେ । ୪୯ ଗୋଟି ସ୍କୁଲର ଛାତ୍ରଛାତ୍ରୀ ମାନେ ବିଜ୍ଞାନ ସମ୍ବନ୍ଧୀୟ ଜ୍ଞାନ କୌଶଳ ପ୍ରଦର୍ଶନ କରିଥିଲେ । ଛାତ୍ରଛାତ୍ରୀମାନଙ୍କୁ ପରାମର୍ଶ ଦେବା ନିମନ୍ତେ ୪୫୯ ଜଣ ଶିକ୍ଷକ ନିୟୋଜିତ ହୋଇଥିଲେ । ବରିଷ୍ଠ ଓ କନିଷ୍ଠ ବିଭାଗରେ ଜୀବନ କୌଶଳ ପ୍ରଦର୍ଶନ, ମ୍ୟୁଜିକାଲ ଗ୍ୟାଲେରୀ, ଦଳଗତ ନୃତ୍ୟ ପ୍ରତିଯୋଗିତା, ଏକକ




ନୃତ୍ୟ ପ୍ରତିଯୋଗିତା, ଏକକ ଅଭିନୟ ପ୍ରତିଯୋଗିତା, ଯନ୍ତ୍ରବାଦକ ପ୍ରତିଯୋଗିତା, ସଂଗୀତ ପ୍ରତିଯୋଗିତା, ତର୍କ ପ୍ରତିଯୋଗିତା, ବକ୍ତୃତା, ଭଲିବଲ ପ୍ରତିଯୋଗିତା ଆଦି ଅନୁଷ୍ଠିତ ହୋଇଥିଲା । ଏଥିରେ କୃତିତ୍ୱ ଲାଭ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା । ଚଳିତ ବର୍ଷ ପ୍ରତି ବ୍ଲକର ଶ୍ରେଷ୍ଠ ଶିକ୍ଷକ, ସହାୟିକା ଏବଂ ହଷ୍ଟେଲ ନର୍ସମାନଙ୍କୁ ମଞ୍ଚରେ ସମ୍ମାନିତ କରାଯାଇଥିଲା । ପିଲାଙ୍କ ସାଂସ୍କୃତିକ କାର୍ଯ୍ୟକ୍ରମରେ ଦୁଲକି ଥିଲା ମଞ୍ଚ । କଲ୍ୟାଣ ବିଭାଗ ଶିକ୍ଷକ ଶିକ୍ଷୟତ୍ରୀମାନେ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ ।

## ଗୋଷ୍ଠୀ ଭିତ୍ତିକ ଓ ସାମାଜିକ ସଂଗଠନ କର୍ମୀଙ୍କ କର୍ମଶାଳା




କାଳିମେଳା,୨୫।୧୧(ସମିସ) : ମାଲକାନଗିରି ଜିଲ୍ଲା କାଳିମେଳା ବ୍ଲକ ସଦର ମହକୁମାରେ ଆଇଟିସି ମିଶନ ସୁନହରାକାଲ ସହଯୋଗରେ ପରିଚାଳିତ ଆଇଜିଡି ଏନଜିଓ ପକ୍ଷରୁ ଗୋଷ୍ଠୀ ଭିତ୍ତିକ ଓ ସାମାଜିକ ସଂଗଠନ କର୍ମୀଙ୍କୁ ନେଇ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଏଥିପାଇଁ ବ୍ଲକ୍ ସମ୍ମିଳନୀ କକ୍ଷରେ ଏକ ସ୍ୱତନ୍ତ୍ର ବୈଠକ ଅନୁଷ୍ଠିତ ହୋଇଥିଲା । ଗ୍ରାମାଞ୍ଚଳରେ ମାତୃ, ଶିଶୁ ସ୍ୱାସ୍ଥ୍ୟ, କିଶୋର ସ୍ୱାସ୍ଥ୍ୟ, କୁପୋଷଣ ଦୁରୀକରଣ, ରକ୍ତହୀନତା ଦୁରୀକରଣ ସହ ସ୍ୱଚ୍ଛତା ବଜାଇ ରଖିବା ନେଇ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇଥିଲା । ଆଇଜିଡି ଏନଜିଓର ରାଜ୍ୟ ମୁଖ୍ୟ ଡଃ ମୁକେଶ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ କାଳିମେଳା ବ୍ଲକର ଶ୍ୟାମ ସୁନ୍ଦର୍ ନାୟକ, ଓଡ଼ିଶା ଜିବିକା ମିଶନର ଅଧିକାରୀ ରତନ ଗୋଲଦାର, ସେବା ସଂସ୍ଥାର ସୁରେନ୍ଦ୍ରନାଥ ବାରିକ, ସୃଷ୍ଟି ସଂସ୍ଥାର ଶ୍ରୀନିବାସ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ । ଆଇଜିଡି ସଂସ୍ଥା ପକ୍ଷରୁ ଗ୍ରାମାଞ୍ଚଳରେ କୁପୋଷଣ ଓ ରକ୍ତହୀନତା ଦୂରକରିବା ପାଇଁ କ୍ଷୁଦ୍ର ଶସ୍ୟକୁ ପ୍ରତ୍ୟେକ ବ୍ୟକ୍ତି ନିଜର ଖାଦ୍ୟରେ ସାମିଲ କରିବାକୁ ଆହ୍ୱାନ ଦିଆଯାଇଛି । ପ୍ରତ୍ୟେକ ବ୍ୟକ୍ତିଙ୍କୁ ଅମୃତଭଣ୍ଡା, ଲେମ୍ବୁ, ସଜନା ଚାରା ପ୍ରଦାନ କରାଯାଇଥିଲା । ପୂଜା ଚକ୍ରବର୍ତ୍ତୀ, ଗୋବିନ୍ଦ ସରଦାର, ଝିଲି ସିଲ, ନୟାମୀ ଖରା ଓ ଅଭୟ ମଣ୍ଡଳ ପ୍ରମୁଖ ସହଯୋଗ କରିଥିଲେ ।

## ବିପଦ ସଂକୁଳ ଆମ୍ବାପଡ଼ା ପୋଲ


# କଂକ୍ରିଟ ଭାଙ୍ଗି ବାହାରି ପଡିଛି ଲୁହାଛଡ଼

ମାଥିଲି,୨୫ ।୧୧(ସମିସ): ରାଜ୍ୟ ଓ କେନ୍ଦ୍ର ସରକାର ଗ୍ରାମାଞ୍ଚଳ ଗୁଡିକୁ ସହର ସହିତ ଯୋଡିବା ପାଇଁ ଗମନାଗମନ ପାଇଁ ରାସ୍ତା ନିର୍ମାଣ ସହିତ ନଦୀ ଗୁଡିକ ଉପରେ ପୋଲ ନିର୍ମାଣ କରିଛନ୍ତି । ଯାହାଦ୍ୱାରା ଗ୍ରାମାଞ୍ଚଳ ଗୁଡିକ ଏବେ ସହର ସହିତ ଯୋଡି ହୋଇ ଗ୍ରାମାଞ୍ଚଳର ଲୋକମାନଙ୍କର ଆର୍ଥିକ ସ୍ଥିତିରେ ଉନ୍ନତି ଆସିପାରିଛି । କିନ୍ତୁ ଏମିତି କିଛି ନଦୀ ଉପରେ ନିର୍ମାଣ ହୋଇଥିବା ପୋଲ ଗୁଡିକ ବିଭାଗ ପକ୍ଷରୁ ମରାମତି କରିବାରେ ଅବହେଳା ଯୋଗୁଁ ପୋଲ ଉପରେ କଂକ୍ରିଟ ଭାଙ୍ଗି ଲୁହା ଛଡ଼ ବାହାରକୁ ବାହାରିଥିବା ଦେଖିବାକୁ ମିଳିଛି । ତଥାପି ବିଭାଗୀୟ ଅଧିକାରୀ ସେଥିପ୍ରତି ଦୃଷ୍ଟି ନ ଦେଇ ଅଧିକାରୀମାନେ ଉଦାସୀନତା ମନୋଭାବ ପୋଷଣ କରୁଥିବା ଅଭିଯୋଗ ହୋଇଛି । ଏହାର ଏକ ଜ୍ୱଳନ୍ତ ଚିତ୍ର ଦେଖିବାକୁ ମିଳିଛି ଉପାନ୍ତ ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକରେ । ମାଥିଲି ବ୍ଲକ୍ ଠାରୁ ଖଇରପୁଟ ବ୍ଲକ୍‌ର ଗମନାଗମନର ଦୂରତା କମାଇବା ପାଇଁ ବାଲିଗୁଡା ଠାରୁ



କୁମାରପୁଟ ପର୍ଯ୍ୟନ୍ତ ଦୀର୍ଘ ୧୨ କିଲୋମିଟର ରାସ୍ତା ନିର୍ମାଣ ହୋଇଛି । ଯାହାକୁ ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ନିର୍ମାଣ କରାଯାଇଥିଲା । ସେହି ୧୨ କିଲୋମିଟର ରାସ୍ତାରେ ଦୁଇଟି ନଦୀ ଉପରେ ଦୁଇଟି ପୋଲ ନିର୍ମାଣ କରାଯାଇଛି । ଗୋଟିଏ କରଡାବାଡ଼ି ଗ୍ରାମ ନିକଟରେ ନଦୀ ଉପରେ ନିର୍ମାଣ ହୋଇଛି ଏବଂ ଅନ୍ୟଟି ମାଥିଲି ବ୍ଲକ ସଦର ପଞ୍ଚାୟତ ଆମ୍ବାପଡା ଗ୍ରାମ ନିକଟରେ ଥିବା ନଦୀ ଉପରେ ନିର୍ମାଣ କରାଯାଇଛି । ଯାହାକୁ ପୂର୍ବତନ ସ୍ୱର୍ଗତ ପ୍ରହ୍ଲାଦ ଦୋରା ଉଦ୍‌ଘାଟନ କରି ଜନସାଧାରଣଙ୍କ ପାଇଁ ଉତ୍ସର୍ଗ କରିଥିଲେ । କିନ୍ତୁ ଦୁଃଖର ବିଷୟ ସେହି ପୋଲ ନିର୍ମାଣର ଦୀର୍ଘ ବର୍ଷ ବିତିଯାଇଥିଲେ ମଧ୍ୟ ବିଭାଗ ପକ୍ଷରୁ ମରାମତି ଅଭାବରୁ ପୋଲ ଉପରେ ଅନେକ ସ୍ଥାନରେ କଂକ୍ରିଟ ଭାଙ୍ଗି ଭିତରର ଲୁହା ଛଡ଼ ବାହାରକୁ ବାହାରି ଦେଖାଯାଉଛି । ଯାହାଫଳରେ ପୋଲଟି ଏବେ ସମ୍ପୂର୍ଣ୍ଣ ଭାବେ ବିପଦ ସଂକୁଳ ଅବସ୍ଥାରେ ଅଛି । ପୋଲ ଉପର ଦେଇ ଯାତାୟାତ କରୁଥିବା ଯାନବାହନର ଟାୟାରରେ ଲୁହା ଛଡ଼ ଗୁଡ଼ିକ ବାଜି ଖରାପ କରୁଥିବାରୁ ଚାଳକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ଯାହାକୁ ନେଇ ଅଞ୍ଚଳରେ ଜନ ଅସନ୍ତୋଷ ଦେଖାଦେଇଛି । ଏହାକୁ ବିଭାଗୀୟ ଅଧିକାରୀ ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ପଦକ୍ଷେପ ନେଇ ପୋଲର ସ୍ଥିତି ଅନୁଧ୍ୟାନ ସହ ବିହିତ ପଦକ୍ଷେପ ଗ୍ରହଣ କରିବା ପାଇଁ ସାଧାରଣରେ ଦାବି ହୋଇଛି ।

# ସମ୍ପାଦକୀୟ



ଶିଶୁ ଶ୍ରମିକ ପ୍ରଥା ମାନବିକତା ବିରୋଧୀ... । ମୋ ଜୀବନକାଳ ମଧ୍ୟରେ ଏହି ଘୃଣ୍ୟ ପ୍ରଥାର ସମାପ୍ତି ମୁଁ ଦେଖିବି

- କୈଳାସ ସତ୍ୟାର୍ଥୀ

ସକାଳ
THE SAKALA

## ଗଣତନ୍ତ୍ରରେ ଉତ୍ତରଦାୟିତ୍ୱ

ଦୀର୍ଘ ୭୯ ବର୍ଷର ଯାତ୍ରାରେ ସ୍ୱାଧୀନ ଭାରତର ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥା ଅନେକ ଉତ୍ଥାନ ପତନର ସମ୍ମୁଖୀନ ହୋଇଛି । ଗଣତନ୍ତ୍ରର ଭବିଷ୍ୟତକୁ ନେଇ ପ୍ରଶ୍ନ ଉଠିଛି । କିନ୍ତୁ ସମ୍ବିଧାନର ସାହାରାରେ ପୁଣି ଅଣ୍ଟା ସଳଖି ବିଶ୍ୱ କୂଟନୀତି, ଭୂ-ରାଜନୀତି ସହିତ ସଦର୍ପେ ପ୍ରତିଯୋଗିତାରେ ଅବତୀର୍ଣ୍ଣ ହୋଇଛି । କିନ୍ତୁ ବିଶ୍ୱର ସର୍ବବୃହତ୍ ଗଣତନ୍ତ୍ର ଭାରତ ଆଗରେ ଏବେ ସବୁଠାରୁ ବଡ଼ ଆହ୍ୱାନ ହେଉଛି ଉତ୍ତରଦାୟିତ୍ୱର ଅଭାବ । ସାମଗ୍ରିକ ଶାସନ ବ୍ୟବସ୍ଥାକୁ ନିରେଖି ଦେଖିଲେ ସମ୍ବେଦନଶୀଳ ପ୍ରଶ୍ନଟିଏ ଉଠିବା ସ୍ୱାଭାବିକ ଯେ ଗଣତନ୍ତ୍ରର ଚାରି ସ୍ତମ୍ଭ ବିଧାନପାଳିକା, କାର୍ଯ୍ୟପାଳିକା, ନ୍ୟାୟପାଳିକା ଓ ଗଣମାଧ୍ୟମ ନିଜ ନିଜ ଉତ୍ତରଦାୟିତ୍ୱ ନିର୍ବାହ କରିବାରେ ନିଷ୍ଠାବାନ ତ? ଏହାର ତିକ୍ତ ଅପ୍ରିୟ ଉତ୍ତର ନାସ୍ତିବାଚକ ହେବାକୁ ବାଧ୍ୟ ।

ସମ୍ବିଧାନ ଆମକୁ ଅଭିବ୍ୟକ୍ତିର ସ୍ୱାଧୀନତା, ସ୍ୱୟଂଶାସନର କ୍ଷମତା ଓ ଅନେକ ମୌଳିକ ଅଧିକାର ଦେଇଛି । କିନ୍ତୁ ଏହି ସ୍ୱାଧୀନତାକୁ ବ୍ୟବହାର କଲା ବେଳେ କିମ୍ବା କ୍ଷମତାର ପ୍ରୟୋଗ କିମ୍ବା ମୌଳିକ ଅଧିକାର ସାବ୍ୟସ୍ତ କଲା ବେଳେ ଉତ୍ତରଦାୟିତ୍ୱର ଅଭାବ ପରିଲକ୍ଷିତ ହେଉଛି । ଗଣତନ୍ତ୍ରର ସର୍ବୋଚ୍ଚ ମନ୍ଦିର ବିଧାନପାଳିକା ନୀତି ନିର୍ଦ୍ଧାରକମାନଙ୍କର ନିତାନ୍ତ ସ୍ୱଅଧିକାର କ୍ଷେତ୍ର ହୋଇଥିଲେ ମଧ୍ୟ ନିର୍ବାଚିତ ଜନପ୍ରତିନିଧି ହିସାବରେ ରାଷ୍ଟ୍ର ଓ ନାଗରିକଙ୍କ ପ୍ରତି ସେମାନଙ୍କ କାର୍ଯ୍ୟଧାରା ଉତ୍ତରଦାୟିତ୍ୱର ଶୃଙ୍ଖଳାରୁ ମୁକ୍ତ ନୁହେଁ । କିନ୍ତୁ ସାମ୍ବିଧାନିକ ମୂଲ୍ୟବୋଧକୁ କ୍ଷମତାସୀନ ଦଳମାନେ ନିଜକୁ ସୁହାଇବା ପରି ମୋଡ଼ିମକଚି ଦେବାରେ କୁଣ୍ଠାବୋଧ କରୁନଥିବାର ଅଭିଯୋଗ ବହୁଳ । ସେହିପରି ବିରୋଧୀ ଦଳର ଉଚ୍ଚାରଣ ଓ ଆଚରଣ ଉତ୍ତରଦାୟିତ୍ୱମୁକ୍ତ ହୋଇ ଗଣତାନ୍ତ୍ରିକ ଅନୁଷ୍ଠାନ ପ୍ରତି ବିଶ୍ୱସନୀୟତା ସଙ୍କଟ ସୃଷ୍ଟି କରୁଛି । ସଂଘୀୟ ଶାସନ ବ୍ୟବସ୍ଥାରେ ରାଜ୍ୟପାଳମାନେ କେନ୍ଦ୍ର-ରାଜ୍ୟ ଭିତରେ ସେତୁ ଭାବରେ କାର୍ଯ୍ୟ କରିବା ପାଇଁ ସମ୍ବିଧାନ କେତେକ ନିର୍ଦ୍ଦିଷ୍ଟ କ୍ଷମତା ଓ ଅଧିକାର ଦେଇଛି ଏବଂ କିଛି ଲକ୍ଷ୍ମଣରେଖା ଟାଣିଛି । ଅଥଚ ଉତ୍ତରଦାୟିତ୍ୱ ଅଭାବରୁ ସେହି ସେହି କ୍ଷମତା ଓ ଅଧିକାରର ଦୁରୁପଯୋଗ ଅନେକ ସମୟରେ ସାମ୍ବିଧାନିକ ସଙ୍କଟ ସୃଷ୍ଟି କରୁଛି ଏବଂ ନ୍ୟାୟପାଳିକାକୁ ଅଯଥା ହସ୍ତକ୍ଷେପ କରିବାକୁ ପଡୁଛି ।

ସେହିପରି କାର୍ଯ୍ୟପାଳିକା ସମ୍ବିଧାନ ପ୍ରଦତ୍ତ ଅଧିକାର ଓ କର୍ତ୍ତବ୍ୟ ନିର୍ବାହ ବେଳେ ଉତ୍ତରଦାୟିତ୍ୱକୁ ଗୁରୁତ୍ୱ ନ ଦେଇ କ୍ଷମତାସୀନ ଦଳର ହାତବାରିସି ହେଉଥିବାରୁ ସାଧାରଣରେ ନିନ୍ଦିତ ହେଉଛି, ଯାହାଫଳରେ ସାମଗ୍ରିକ ଭାବେ ଗଣତାନ୍ତ୍ରିକ ବ୍ୟବସ୍ଥା ଓ ସାମ୍ବିଧାନିକ ମୂଲ୍ୟବୋଧ ପ୍ରଭାବିତ ହେଉଛି । ନ୍ୟାୟପାଳିକାର ରାୟ ମଧ୍ୟ ଅନେକ ସମୟରେ ଦୂରଦର୍ଶୀ ନ ହୋଇ ତତ୍କାଳିକ ସାମାଧାନଭିତ୍ତିକ ହେଉଥିବାରୁ ରାୟର ପୁନଃତର୍ଜମା କରି ସଂଶୋଧନ କରିବାକୁ ପଡୁଛି । ଏହାଫଳରେ ନ୍ୟାୟପାଳିକାର ନିରପେକ୍ଷତା ଏବଂ ସାମ୍ବିଧାନିକ ଲକ୍ଷଣରେଖାର ସମ୍ମାନରକ୍ଷାରେ ଉତ୍ତରଦାୟିତ୍ୱ ଉପରେ ନାଗରିକ ସମାଜ ଦ୍ୱାରା ପ୍ରଶ୍ନ ଚିହ୍ନଟିଏ ଉଠୁଛି । ଗଣତନ୍ତ୍ରର ଜାଗ୍ରତ ପ୍ରହରି ଗଣମାଧ୍ୟମ ମଧ୍ୟ ଉତ୍ତରଦାୟିତ୍ୱ ନିର୍ବାହରେ ଅବହେଳା ଅଭିଯୋଗରୁ ମୁକ୍ତ ନୁହେଁ । ସାମ୍ପ୍ରତିକ ପ୍ରତିଯୋଗିତାପୂର୍ଣ୍ଣ ଓ ବିବିଧ ଆହ୍ୱାନଭରା ବିଶ୍ୱରେ ନିରପେକ୍ଷ ସମ୍ବାଦ ପରିବେଷଣ କରି ତିଷ୍ଠି ରହିବା ସମ୍ପୂର୍ଣ୍ଣ ସମ୍ଭବ ନ ହେଲେ ମଧ୍ୟ ଗଣମାଧ୍ୟମର ବିଶ୍ୱସନୀୟତା ଓ ପବିତ୍ରତା ହନନ ହେବା ଅନୁଚିତ । କିନ୍ତୁ ବାଧ୍ୟବାଧକତାରେ ହେଉ କିମ୍ବା ଉଦ୍ଦେଶ୍ୟମୂଳକ ଭାବେ ହେଉ ଅନେକ ସମୟରେ ବିଭ୍ରାନ୍ତିକର, କପୋଳକଳ୍ପିତ, ପକ୍ଷପାତପୂର୍ଣ୍ଣ ଓ ପରସ୍ପର ବିରୋଧୀ ଖବରମାନ ପ୍ରକାଶ ପାଇଲେ ପାଠକୀୟ ସମାଜର ଗଣମାଧ୍ୟମ ପ୍ରତି ଶ୍ରଦ୍ଧା, ସମ୍ମାନ, ଭରସା ତୁଟିବା ସ୍ୱାଭାବିକ । ଏହାଫଳରେ ଗଣ ଓ ସରକାରଙ୍କ ମଧ୍ୟରେ ସେତୁଟି ଦୁର୍ବଳ ହେଉଛି ଏବଂ ଶାସନତନ୍ତ୍ର ସ୍ୱୈରଚାର ଆଡ଼କୁ ଟାଣି ହୋଇଯିବାର ଅବାଞ୍ଛିତ ସୁଯୋଗ ସୃଷ୍ଟି କରୁଛି, ଯାହା ଗଣତନ୍ତ୍ରର ପରିପନ୍ଥୀ । ତେଣୁ ଗଣମାଧ୍ୟମ ନିଜକୁ ସ୍ୱଚ୍ଛ, ସ୍ୱଷ୍ଟ କରିବା ସହିତ ଉତ୍ତରଦାୟୀ ହେବା ସୁସ୍ଥ ଗଣତନ୍ତ୍ର ପାଇଁ ଅପରିହାର୍ଯ୍ୟ ।

ମୋଟ ଉପରେ ଦେଖିବାକୁ ଗଲେ କେବଳ ଗଣତନ୍ତ୍ରର ଚାରି ସ୍ତମ୍ଭ ନୁହେଁ, ନାଗରିକମାନେ ମଧ୍ୟ ନିଜ ନିଜ ଉତ୍ତରଦାୟିତ୍ୱ ପ୍ରତି ସଚେତନ, ନିଷ୍ଠାବାନ୍ ଓ ସମ୍ବେଦନଶୀଳ ନୁହନ୍ତି । ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାରେ ନାଗରିକଙ୍କୁ ସ୍ୱାବଲମ୍ବନ ଓ ଅର୍ଥ ଉପାର୍ଜନର ସ୍ୱାଧୀନତା ଓ ଅଧିକାର ଆମ ସମ୍ବିଧାନ ଦେଇଛି । କିନ୍ତୁ ଏହା ସହିତ ସମାଜ ଓ ରାଷ୍ଟ୍ରର ସାମୂହିକ ମଙ୍ଗଳ ଓ କଲ୍ୟାଣସାଧନ ପାଇଁ ଯେଉଁ ଉତ୍ତରଦାୟିତ୍ୱ ଯୋଡ଼ି ହୋଇଛି ତାହାର ଘୋର ଅଭାବ ରହିଥିବାରୁ ସାମାଜିକ, ଅର୍ଥନୈତିକ ଓ ପରିବେଶଗତ ବୈଷମ୍ୟ ଉତ୍କଟ ହେବାରେ ଲାଗିଛି । ସ୍ୱାବଲମ୍ବନର ଅର୍ଥ ନୁହେଁ ସର୍ବସାଧାରଣରେ ନିଷେଧ ଦ୍ରବ୍ୟ ବିକ୍ରି କରିବା କିମ୍ବା ନିଷିଦ୍ଧ ଓ ଅଶୋଭନୀୟ କାର୍ଯ୍ୟକଳାପ ପ୍ରଦର୍ଶନ କରିବା । ସମ୍ବିଧାନ ଓ ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାର ଉର୍ଦ୍ଧ୍ୱରେ ଆମ ସମାଜ ଆମ ପାଇଁ କେତେକ ସଂସ୍କାର, ସଂଭ୍ରମ, ସଂଯମ ଓ ଶିଷ୍ଟତାର ଲକ୍ଷ୍ମଣରେଖା ଟାଣିଛି । ସ୍ୱାଧୀନତାର ପରିପ୍ରକାଶ ଓ ଅଧିକାର ସାବ୍ୟସ୍ତ ବେଳେ ଏହି ଲକ୍ଷ୍ମଣରେଖାର ସୁରକ୍ଷା ଓ ସମ୍ମାନ ପ୍ରତି ଥିବା ଆମର ଉତ୍ତରଦାୟିତ୍ୱ ନିର୍ବାହ କରିବାକୁ ପଡ଼ିବ । କିନ୍ତୁ ଏହାର ତୀବ୍ର ଉଲ୍ଲଙ୍ଘନ ଓ ଉତ୍ତରଦାୟିତ୍ୱର ଅଭାବ ହେତୁ ଶିଳ୍ପ, ଶବ୍ଦ, ଜଳ ପ୍ରଦୂଷଣ ପରି ଭୀଷଣ ପରିବେଶ ସଙ୍କଟ ସୃଷ୍ଟି ହେଉଛି, ସାଂସ୍କୃତିକ ଅବକ୍ଷୟ ଘଟୁଛି ଏବଂ ମାନବୀୟ ସଂହତିର ବିପରୀତ ବାତାବରଣକୁ ଜନ୍ମ ଦେଉଛି । ଏହା ସମ୍ବିଧାନ ପ୍ରଦତ୍ତ ସ୍ୱଚ୍ଛ ଓ ସାବଳୀଳ ଜୀବନ ଜିଇଁବାର ଅଧିକାରର ପରିପନ୍ଥୀ । ଗୋଟିଏ ଅଧିକାର ସାବ୍ୟସ୍ତ ବେଳେ ଉତ୍ତରଦାୟିତ୍ୱ ନ ରହିଲେ ତାହା ଅନ୍ୟର ଅଧିକାରକୁ ହନନ କରେ । ଏହାଦ୍ୱାରା ସ୍ୱାଧୀନତା ହିଁ ଅର୍ଥହୀନ ହୋଇପଡ଼େ ।

ସ୍ୱାଧୀନତାର ଅମୃତକାଳ ଯାତ୍ରାରେ ଆମ ସମ୍ବିଧାନ ଅଧିକ ପରିପକ୍ୱ ହେଉଛି । ସାମ୍ପ୍ରତିକ ଅସ୍ଥିର ଭୂ-ରାଜନୈତିକ ପୃଷ୍ଠଭୂମିରେ ନାଗରିକ ଭାବେ ଆମର କର୍ତ୍ତବ୍ୟ ହେଉଛି ସାମ୍ବିଧାନିକ ମୂଲ୍ୟବୋଧର ସୁରକ୍ଷା ପ୍ରତି ଥିବା ଆମର ଉତ୍ତରଦାରୟିତ୍ୱର ନିର୍ବାହନ । ସ୍ୱାଧୀନତାର ଉପଭୋଗ ସହିତ ଉତ୍ତରଦାୟିତ୍ୱ ସୁଚାରୁ ରୂପେ ସମ୍ପାଦନ ହୋଇପାରିଲେ ସାମ୍ବିଧାନିକ ଅଧିକାର ସୁରକ୍ଷିତ ରହିପାରିବ ଏବଂ କ୍ଷମତାର ମଧ୍ୟ ସୁଷମ ଓ ସନ୍ତୁଳିତ ସଦୁପଯୋଗ ସୁନିଶ୍ଚିତ ହେବ । ●

## ଦୁର୍ନୀତି ଓ ଦୁରାଚାର

ବୈକୁଣ୍ଠନାଥ ମିଶ୍ର

ଏକ ସାମାଜିକ ପ୍ରାଣୀ ହିସାବରେ ମନୁଷ୍ୟ ଯେଉଁ ଆତ୍ମଗରିମା ଲାଭ କରି ଅନ୍ୟ ଉପରେ ଶ୍ରେଷ୍ଠତ୍ୱ ଜାହିର କରି ଆସୁଥିଲା, ତାହା କେବଳ ଏକ ବାଚନିକ ସଂଶ୍ଲେଷଣ । ବାସ୍ତବତା ସମ୍ପୂର୍ଣ୍ଣ ଭିନ୍ନ । କାରଣ ମଣିଷର ସାମାଜିକ ତତ୍ତ୍ୱ ଆଜି ଘୋର ବିତର୍କ ମଧ୍ୟକୁ ଠେଲି ହୋଇଯାଇଛି । ବାହ୍ୟରୂପକୁ ଦେଖି କୌଣସି ମଣିଷର ସ୍ୱଭାବ ଆକଳନ କରିବା କେବେ ବି ନିର୍ଭୁଲ ହୋଇ ନପାରେ । ବାହ୍ୟଦୃଷ୍ଟିରେ ଗୁରୁଗମ୍ଭୀର ଅଥବା ଧୀରପ୍ରଶାନ୍ତ, ପୁଣି ଅଙ୍ଗରାଜିରେ ବୟସର ଛାପ ପରିଲକ୍ଷିତ ହେଉଥିଲେ ମଧ୍ୟ ଅନ୍ତରରେ କୁତ୍ସିତ ଆଦିମତା ଭରପୂର ରହିଛି । ଏଭଳି ତତ୍ତ୍ୱମାନଙ୍କୁ ଦେଖିଲେ ମନରେ ସ୍ୱତଃ ସନ୍ଦେହ ଉପୁଜେ ଯେ ବ୍ୟକ୍ତିଟିକୁ ଆମେ ଯାହା ମନେକରୁ ସେ ତାହା ନୁହେଁ । ତେବେ ବିଶ୍ୱାସ ଶବ୍ଦଟି କ'ଣ ସମୟର ପ୍ରଭାବରେ ମରି ହଜି ଯିବାକୁ ବସିଛି । ଯଦି ବିଶ୍ୱାସର ବିଲୟ ଘଟେ ତେବେ ମାନବିକତା ତିଷ୍ଠିବ କିପରି? ତେବେ କ'ଣ ମନୁଷ୍ୟ କ୍ରମେ ପଶୁଠାରୁ ବି ନିମ୍ନସ୍ତରକୁ ଖସିଯାଉଛି? ଜଣେ ଚିନ୍ତାଶୀଳ ବ୍ୟକ୍ତିର ମନୋରାଜ୍ୟରେ ଆଜି ସହସ୍ର ସଂଶୟର ଭୂକମ୍ପନ ।

ସମାଜରେ ଶୃଙ୍ଖଳା ନାହିଁ । ବ୍ୟକ୍ତିର ବ୍ୟକ୍ତିତ୍ୱ ଭୂଲୁଣ୍ଠିତ । ନାରୀର ଇଜ୍ଜତ ପ୍ରତି କେହି ସମ୍ବେଦନଶୀଳ ନୁହନ୍ତି । ସରକାରର ତିନିଟିଯାକ ଅଙ୍ଗ- ବ୍ୟବସ୍ଥାପିକା, ଶାସନ ଓ ନ୍ୟାୟପାଳିକା ଅଳ୍ପବହୁତେ କୀଟଦ୍ରଷ୍ଟ । ଗୁରୁ ହରାଇ ବସିଲେଣି ଗୁରୁତ୍ୱ । ନିଜ ପୁତ୍ରୀ ସମାନ ଛାତ୍ରୀଟି ଗୁରୁଙ୍କଠାରୁ ଲାଭ କରୁଛି ଅବାଞ୍ଛିତ ମାତୃତ୍ୱ । ଈଶ୍ୱରଙ୍କ ଅନ୍ୟ ଏକ ଅବତାର ଚିକିତ୍ସକ ପବିତ୍ର କର୍ତ୍ତବ୍ୟରୁ ଓହରି ଯାଇ ଅର୍ଥ ଲିପ୍ସାର ଗୋଲାମ ସାଜୁଛି । ମନସ୍ଥିର, ଜ୍ଞାନଧୀର, କର୍ମଚଞ୍ଚଳ ଓ ଭକ୍ତପାଗଳ ଭଳି ମହାର୍ଘ ବାଣୀ ଆଜି ବିଲକ୍ଷଣଯୁକ୍ତ । କେଉଁଠି ପତ୍ନୀ ନିଜ ପ୍ରେମିକ ସହ ହାତ ମିଳାଇ ପତିଙ୍କର ମୃତ୍ୟୁଲୀଳା ରଚିଲାଣି ତ ପୁଣି କେଉଁଠି ପରକୀୟା ପ୍ରୀତିରେ ନିମଗ୍ନ କାମୁକ ପୁରୁଷଟି ପତିପ୍ରାଣା ପତ୍ନୀଙ୍କୁ ଦେଉଛି ହତ୍ୟାର ଉପହାର । ବୃଦ୍ଧ ପିତାମାତା ଆତ୍ମଜଙ୍କ ଦ୍ୱାରା ଉପେକ୍ଷିତ ଓ ଲାଞ୍ଛିତ ହୋଇ ଶେଷଦିନର ଅବଗଣନା କରୁଛନ୍ତି ।

ମଣିଷ ନା ନିଜେ ସୁଖରେ ରହି ପାରୁଛି, ନା ଅନ୍ୟକୁ ସୁଖରେ ରହିବାରେ ସହାୟକ ହେଉଛି । ବିନା ଶାସନ, ବିନା ଭୟରେ ସମସ୍ତେ ଏକ ଉଦ୍ଦାମ ସ୍ୱାଧୀନତା ଉପଭୋଗରେ ନିମଗ୍ନ । ଭୟ ଥିଲେ ରାଜ୍ୟର ପ୍ରଶାସନିକ ସେବା ପରୀକ୍ଷାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଯୁବକଟି ମାତ୍ର ୧୫ହଜାର ଟଙ୍କାର ଲାଞ୍ଚ ନେଇ ବିଚାରାଧୀନ ଅପରାଧୀ ସାଜି ନ ଥା'ନ୍ତା । ଭୟ ଥିଲେ ଏଏସଆଇ ଚାକିରି କରାଇ ଦେବାକୁ ମୁଣ୍ଡପିଛା ୨୫ଲକ୍ଷ ଟଙ୍କାର ଲାଞ୍ଚ ଆଦାୟ କରି ପୁଲିସ୍ ହାତରେ ଧରା ପଡ଼ି ନ ଥା'ନ୍ତେ । ଦୁର୍ନୀତି ଏକ ସଂକ୍ରାମକ ରୋଗର ରୂପ ନେଇ ସାରିଥିବା ବେଳେ ଯୌନ ଉଚ୍ଛୃଙ୍ଖଳତା ଏକ ଦୁରାରୋଗ୍ୟ ସଂକ୍ରାମକ ଭାବେ ତୀବ୍ର ପ୍ରସାର ଲାଭ କରିବାରେ ଲାଗିଛି । ଦୁର୍ନୀତି ଓ ଦୁରାଚାର ସମାଜର ସବୁସ୍ତରକୁ ବ୍ୟାପିଗଲାଣି । ଏଥିରୁ ଶିକ୍ଷକ, ପ୍ରଶାସକ, ଚିକିତ୍ସକ, ନେତା ଅଭିନେତା ଓ ଅନ୍ୟ ପ୍ରତିଷ୍ଠିତ ବ୍ୟକ୍ତିବିଶେଷ କେହି ବି ମୁକ୍ତ ନୁହନ୍ତି ।

ଚଳଚିତ୍ର ଜଗତରେ କାଷ୍ଟିଂ କାଉଚ (ଅଭିନୟ ପାଇଁ ସୁଯୋଗ ଦେବା ଆଳରେ ଅଭିନେତ୍ରୀମାନଙ୍କ ପ୍ରତି ଯୌନ ଆକାଂକ୍ଷା ପୋଷଣ କରିବା ) ଏକ ଲୁକ୍କାୟିତ ପ୍ରକ୍ରିୟା, ଯାହା ସମୟାନ୍ତରେ ପ୍ରକଟିତ ହୋଇ ସଭ୍ୟ ସମାଜର ଭ୍ରୁକୁଞ୍ଚନ ସୃଷ୍ଟିକରେ । ୨୦୧୭ ମସିହାରେ ହଲିଉଡ୍ ଚଳଚିତ୍ର ପ୍ରଯୋଜକ ୱାଇନ୍ଷ୍ଟାଇନ୍, ଯେକି ଫିଲ୍ମ ଜଗତର ଜଣେ କ୍ଷମତାଶାଳୀ ବ୍ୟକ୍ତିତ୍ୱ ତାଙ୍କ ବିରୋଧରେ ଯୌନ ଶୋଷଣର ଅଭିଯୋଗ ଆଣିଥିଲେ ପ୍ରାୟ ୮୦ଜଣ ଅଭିନେତ୍ରୀ । ସେଥିପାଇଁ ୱାଇନ୍ଷ୍ଟାଇନ୍‌ଙ୍କୁ ନିଜ କମ୍ପାନୀ ବହିଷ୍କାର କରିଥିଲା । ସେହିପରି ଲୋକପ୍ରିୟ ନିର୍ଦ୍ଦେଶକ ଜେମ୍ସ୍ ଟବାକଙ୍କ ନାମରେ ଯୌନ ଶୋଷଣର ଅଭିଯୋଗ ଆଣିଥିଲେ ୨୩୮ଜଣ ମହିଳା । ଫିଲ୍ମ ଜଗତରେ ପୁରୁଷମାନଙ୍କ ଆଧିପତ୍ୟ ରହୁଥିବାରୁ ନାରୀଙ୍କ ସ୍ୱର ଗୌଣ ହୋଇଥାଏ । ମାତ୍ର କୌଣସି କ୍ଷେତ୍ରରେ ଗୋଟିଏ ନାରୀ ସାହସ ସଞ୍ଚୟ କରି ସ୍ୱର ଉଠାଇଲେ ଅନ୍ୟ ପୀଡ଼ିତାମାନେ ନିଜ ଉପରେ ବହିଯାଇଥିବା ଅପ୍ରକାଶ୍ୟ ଝଡ଼କୁ ପ୍ରକାଶ କରିବାର ସୁଯୋଗ ପା'ନ୍ତି । ସମ୍ମାନହାନି ଭୟରେ ମହିଳାମାନେ ଅଧିକାଂଶ କ୍ଷେତ୍ରରେ ଅନିଚ୍ଛା ସତ୍ତ୍ୱେ ନିରବ ରହିବାକୁ ଶ୍ରେୟ ମଣନ୍ତି । ନାରୀମାନେ ଯୌନାଚାର ବିରୋଧରେ ନିରବତା ଅବଲମ୍ବନ କରନ୍ତି । କାରଣ ସେମାନଙ୍କୁ ହିଁ ପ୍ରଥମେ କଷ୍ଟ ଭୋଗିବାକୁ ହେବ ।

ନ୍ୟାସନାଲ କ୍ରାଇମ୍ ରେକର୍ଡସ୍ ବ୍ୟୁରୋର ସଦ୍ୟ ଆକଳନ ଅନୁଯାୟୀ ଭାରତରେ ଦୈନିକ ୪୨୦ ମହିଳା ଯୌନ ଅତ୍ୟାଚାରର ଶିକାର ହେଉଛନ୍ତି । ଧର୍ଷଣ, ଅପହରଣ, ଯୌତୁକ ଜନିତ ମୃତ୍ୟୁ ଓ ପରକୀୟା ପ୍ରୀତିର କରୁଣ ପରିଣତି ଯେପରି ଭାବରେ ବଢ଼ି ଚାଲିଛି, ନିଜକୁ ଏକ ସଭ୍ୟ ଜାତିର ଦାୟଦ କହିବାକୁ ଲଜ୍ଜାବୋଧ ହେଉଛି । ଦିବ୍ୟଜନନୀ ଶ୍ରୀମା କହନ୍ତି -'ପ୍ରତ୍ୟେକ କନ୍ୟାରତ୍ନ ଉଦ୍ୟାନର ଗୋଟିଏ ଗୋଟିଏ ପୁଷ୍ପ ସଦୃଶ । ସେମାନଙ୍କୁ ଦୂରରୁ ଅବଲୋକନ କରି ତା' ସୌନ୍ଦର୍ଯ୍ୟରେ ଆତ୍ମହରା ହେବା ଏବଂ ତା'ର ସୃଷ୍ଟିକର୍ତ୍ତାଙ୍କୁ ଧନ୍ୟବାଦ ଦେବା । କୌଣସି ପରିସ୍ଥିତିରେ ପୁଷ୍ପଗୁଡ଼ିକୁ ଦଳିତ ମଥିତ କରିବାର ଅଧିକାର ଆମର ନାହିଁ ।'

ଦିନଥିଲା, ପିଲାମାନେ ସଂଭ୍ରମତାର ସହ ପ୍ରତ୍ୟେକ କାର୍ଯ୍ୟ ସମ୍ପାଦନକୁ ଶ୍ରେୟ ମଣୁଥିଲେ । ଏହାଦ୍ୱାରା ତାଙ୍କ ପରିବାରର ସମ୍ମାନ ବୃଦ୍ଧି ପାଉଥିଲା । ବର୍ତ୍ତମାନ ଯଦି କାହା ପୁଅ ଗୁଣ୍ଡାଗର୍ଦ୍ଦି କରୁଛି, ତା' ବାପାର ପାଦ ତଳେ ଲାଗୁନି ଯେ ପୁଅକୁ ପାଞ୍ଚଜଣ ଡରୁଛନ୍ତି, ଯଦ୍ଦ୍ୱାରା ତା' ପୁଅ ଉଚ୍ଚସମ୍ମାନର ଅଧିକାରୀ ହୋଇଛି । ବର୍ତ୍ତମାନ ଯେତେକ ଆପତ୍ତିଜନକ କାର୍ଯ୍ୟ ସେସବୁ ଭଲ କାମ ବୋଲି ବିବେଚିତ ହେଲାଣି । ଚୋରି, ଡକାୟତି, ଲୁଣ୍ଠନ କରି ଅର୍ଥର ସାମ୍ରାଜ୍ୟ ବିସ୍ତାର କରିପାରିଲେ ତା'କୁ ପରିବାର ତରଫରୁ ଶ୍ରେୟ ମିଳୁଛି । ସାଧାରଣ ଚାକିରିଟିଏ କରିଥିବା ପିଲାଟି ଅପେକ୍ଷା ଚୋରି ଡକାୟତିରେ ବିପୁଳ ଅର୍ଥ ଉପାର୍ଜନ କରିଥିବା ପିଲାଟି ବାପାମା'ଙ୍କର ଅଧିକ ପ୍ରିୟ ହୋଇପାରିଛି ।

କିଛିବର୍ଷ ତଳେ ମଦ୍ୟପାନକୁ ଘୃଣା କରାଯାଉଥିବା ବେଳେ ଆଜିକାଲି ମଦ୍ୟପାନ ଉଗ୍ର ଆଧୁନିକତା ତଥା ସମ୍ଭ୍ରାନ୍ତୀୟ ଲକ୍ଷଣର ପରିଚୟ ବହନ କରୁଛି । ପୂର୍ବେ ସମାଜ ଶୃଙ୍ଖଳିତ ଥିଲା, କାରଣ ମଦ୍ୟପାନ ନଥିଲା । ମଦ ଗୋଟିଏ ଏପରି ଜିନିଷ, ଯାହା ମଣିଷର ବୁଦ୍ଧି ବିବେକକୁ ପ୍ରଥମେ ପ୍ରଭୂତ କ୍ଷତି ପହଞ୍ଚାଇଥାଏ । ଜଣେ ସୁସ୍ଥ ମସ୍ତିଷ୍କଧାରୀ ବ୍ୟକ୍ତି କୌଣସି ଆପତ୍ତିଜନକ କାର୍ଯ୍ୟ କରିପାରିବ ନାହିଁ । କିନ୍ତୁ ମଦ୍ୟପଟିଏ ଅକ୍ଳେଶରେ ଏହା କରିପାରେ । ମଦକୁ ନିଷିଦ୍ଧ କରିବା ପରିବର୍ତ୍ତେ ସରକାର ମଦ୍ୟପଙ୍କୁ ପରୋକ୍ଷରେ ପ୍ରୋତ୍ସାହିତ କରୁଛନ୍ତି । ବାର୍ଷିକ ପ୍ରାୟ ୧୦ହଜାର କୋଟି ଟଙ୍କାର ରାଜସ୍ୱ କ୍ଷତି ହେବା ଭୟରେ ସରକାର ମଦ ବିକ୍ରିକୁ ପ୍ରୋତ୍ସାହିତ କରି ଆସୁଛନ୍ତି । ତେଣୁ ସମାଜରେ ସମସ୍ତ ପ୍ରକାର ବ୍ୟଭିଚାର ବଢ଼ି ଚାଲିଛି । ମଧ୍ୟପ୍ରଦେଶ ସରକାର କିଛିଦିନ ତଳେ ବିଧାନସଭାରେ ଏକ ଆଇନ ପ୍ରଣୟନ କରିଛନ୍ତି, ଯେଉଁଥିରେ ୧୨ କିମ୍ବା ତା'ଠାରୁ କମ୍ ବୟସର ଝିଅକୁ ବଳାତ୍କାର କରିବା ପ୍ରମାଣିତ ହେଲେ ଅପରାଧୀକୁ ମୃତ୍ୟୁଦଣ୍ଡର ପ୍ରାବଧାନ ଅଛି । ●

ସିଦ୍ଧଳ(ଜଗତସିଂହପୁର), ମୋ: ୯୯୩୭୪୫୦୫୪୦

## ହିଂସାମୁକ୍ତ ଓ ଶାନ୍ତିଯୁକ୍ତ ପୃଥିବୀର ପରିକଳ୍ପନା

ମୀରା ବେଉରା

ଆଜି ସମଗ୍ର ବିଶ୍ୱ ବାରୁଦର ସ୍ତୁପ ଉପର ଦଣ୍ଡାୟମାନ । ଦେଶ-ଦେଶ ମଧ୍ୟରେ ସ୍ନେହ, ପ୍ରେମ, ଭ୍ରାତୃତ୍ୱ ଭାବ କ୍ଷୁଣ୍ଣ ହୋଇ ହିଂସା, ଈର୍ଷା, ଅସହିଷ୍ଣୁତା, ପରଶ୍ରୀକାତରତା, ତିକ୍ତତା ଆଦି ବୃଦ୍ଧି ପାଇ ଆତଙ୍କବାଦକୁ ପ୍ରତି ମୁହୂର୍ତ୍ତରେ ନିମନ୍ତ୍ରଣ କରୁଛି । ପ୍ରେମ ସଂପର୍କ କ୍ରମଶଃ ତିକ୍ତ ହେଉଛି । ଦେଶ ସୁରକ୍ଷା ଆଳରେ ପରମାଣୁ ଅସ୍ତ୍ର-ଶସ୍ତ୍ରର ପ୍ରତିଯୋଗିତା ଆରମ୍ଭ ହୋଇଛି । ବିଶ୍ୱଶାନ୍ତି ପାଇଁ ଆଜି ପ୍ରତିଟି ମଣିଷ ଆର୍ତ୍ତଚିତ୍କାର କରୁଛି । ଏହିସମୟରେ ଇ.ଏମ୍. ଫୋଷ୍ଟରଙ୍କ କଥା ମନେ ପଡ଼େ । ଏଇ ପ୍ରଖ୍ୟାତ ଇଂରାଜୀ ଲେଖକ କହୁଥିଲେ ଯଦି ବିଭିନ୍ନ ଦେଶର ମାଆମାନେ ଏକତ୍ର ବସି ବିଶ୍ୱଶାନ୍ତି ସ୍ଥାପନ ଉପରେ ଚିନ୍ତା କରିବେ ତେବେ ବିଶ୍ୱରୁ ଯୁଦ୍ଧ ବିଭୀଷିକା ଲୋପ ପାଇଯାଆନ୍ତା । ଜଣେ ଉତ୍ତମ ମାଆ ହିଁ ସୃଷ୍ଟି କରିପାରେ ଗୋଟିଏ ହିଂସାମୁକ୍ତ ଓ ଶାନ୍ତିଯୁକ୍ତ ସୁନ୍ଦର ପରିବାର, ସମାଜ, ରାଷ୍ଟ୍ର ଓ ସମଗ୍ର ବିଶ୍ୱ ।

ଏ ସୃଷ୍ଟିରେ ଯେତେ ସ୍ୱର ଝଙ୍କୃତ ହୁଏ ସବୁଠୁ ସୁନ୍ଦର ସ୍ୱର ହେଉଛି 'ମାଆ' ଡାକର । ସତରେ ମାଆ ଏଭଳି ଦିବ୍ୟସତ୍ତାଟିଏ, ଯିଏ ନିଜର ରକ୍ତ, ମାଂସ, ମଜ୍ଜାରୁ ସୃଷ୍ଟି କରେ ସନ୍ତାନ । ପୁଣି ସେହି ସନ୍ତାନ ପାଇଁ ଜୀବନର ସମସ୍ତ ସୁଖ, ସୌନ୍ଦର୍ଯ୍ୟକୁ ଜଳାଞ୍ଜଳି ଦେଇ ସେହି ସନ୍ତାନର ପରିଚୟରେ ପରିଚିତ ହୋଇ ଆତ୍ମଗର୍ବ କରେ । ଆଜି ମନେ ପଡ଼ନ୍ତି ଅନେକ ତ୍ୟାଗଶୀଳା, ବାତ୍ସଲ୍ୟମୟୀ ମାତା - ମାଆ କୌଶଲ୍ୟା, ମାତା କୁନ୍ତୀ, ମାଆ ଗାନ୍ଧାରୀ, ମାଆ ଯଶୋଦା । ମାଆ ପୁତୁଳୀବାଇ, ମାଆ ଜୀଜାବାଇ, ମଦରଟେରେସା, ଫ୍ରାନ୍ସର ମହୀୟସୀ ମାଆ ମୀରା ଆଲଫଂସା, ମାଆ ପ୍ରଭାବତୀ ଦେବୀ, ମାଆ ରମା ଦେବୀ, ମାଆ ସରଳା ଦେବୀ, ମାଆ କସ୍ତୁରବା ଗାନ୍ଧୀଙ୍କୁ ପାଇ ଏ ଜାତି ଆଜି ବି ଗର୍ବ କରୁଛି । ସେହି ମାତୃଜାତି ଯେଉଁ ଅମୂଲ୍ୟ ରତ୍ନ ସ୍ୱରୂପ ସନ୍ତାନ ସୃଷ୍ଟି କରିଥିଲେ, ସେହି ଅମ୍ଳାନ କାଳଜୟୀ ସନ୍ତାନମାନଙ୍କୁ ନେଇ କେବଳ ରାଷ୍ଟ୍ର ନୁହେଁ, ସମଗ୍ର ବିଶ୍ୱ ମଧ୍ୟ ଗର୍ବିତ । ରାଷ୍ଟ୍ର ନିର୍ମାଣର ଦିବ୍ୟ ସ୍ରଷ୍ଟା ହେଉଛି ମାଆ । ଆମ ବେଦ ମଧ୍ୟ କହେ ମାଆ ହେଉଛି ଗୋଟିଏ ରାଷ୍ଟ୍ରର ଧ୍ୱଜା । ପ୍ରତିଟି ସନ୍ତାନ ଏହା ମଧ୍ୟ ସ୍ୱୀକାର କରିବ ଯେ, ତା'ର ପ୍ରଥମ ପରିଚୟ ହେଉଛି ମାଆର ଛାତି, ଯେଉଁଠାରୁ ଅମୃତ ପାନ କରି ବଡ଼ ମଣିଷ ହୋଇ ସମାଜ ଓ ରାଷ୍ଟ୍ରର ବିକାଶରେ ଶ୍ରେଷ୍ଠ ସାଧକ ହୁଏ ।

ଏଇଠି ମନେ ପଡ଼ନ୍ତି ବିଂଶ ଶତାବ୍ଦୀର ଆମେରିକାର ବିଖ୍ୟାତ ବୈଜ୍ଞାନିକ ଥୋମାସ୍ ଆଲଭା ଏଡିସନ୍ । ସାତବର୍ଷ ବୟସରେ ସ୍କୁଲରୁ ପାଇଥିବା ଗୋଟିଏ ଡାଇରି ଯେତେବେଳେ ଘରକୁ ଆଣି ମାଆଙ୍କୁ ଦେଖାନ୍ତି ଓ ପଚାରନ୍ତି - 'ମାଆ ଶିକ୍ଷୟିତ୍ରୀ କ'ଣ ଲେଖିଛନ୍ତି?' ମାଆ ପଢ଼ି କହନ୍ତି, 'ତମ ପିଲା ଜଣେ ଅସାଧାରଣ ପ୍ରତିଭା ସଂପନ୍ନ ବୁଦ୍ଧିମାନ ବାଳକ । ତା'କୁ ପଢ଼ାଇବାକୁ ଏଠାରେ ଶିକ୍ଷକ ନାହାନ୍ତି । ତେଣୁ ତା'କୁ ତୁମେ ଘରେ ପାଠ ପଢ଼ାଅ ।' ସେଦିନ ସେ ନିଜ ସ୍ୱାଭିମାନ ରକ୍ଷା କରି ପିଲାଟିର ବୌଦ୍ଧିକତାକୁ ବାଧା ନଦେଇ ନିଜେ ଘରେ ତାଙ୍କ ପାଠପଢ଼ାର ଦାୟିତ୍ୱ ନେଲେ । ସେହି ପିଲା ଦିନେ ବୁଦ୍ଧିମତ୍ତାରେ ସମଗ୍ର ବିଶ୍ୱକୁ ଚମତ୍କୃତ କରି ବିଦ୍ୟୁତ୍ ବଲବ୍ ସହ ପ୍ରାୟ ତିନିଶହ ନୂତନ ପଦାର୍ଥ ଉଦ୍ଭାବନ କରି ସମଗ୍ର ବିଶ୍ୱକୁ ଆଲୋକିତ କରିଥିଲେ । ମାଆଙ୍କ ଦେହାନ୍ତ ପରେ ଯେତେବେଳେ ଥୋମାସ୍ ସେହି ଡାଏରିଟିକୁ ପାଇ ପଢ଼ିଲେ ସେଥିରେ କିନ୍ତୁ ଲେଖାଥିଲା: 'ଥୋମାସ୍ ଆଲଭା ଏଡିସନ ଏକ ବିକୃତ ମସ୍ତିଷ୍କ ପିଲା । ତା'କୁ ଏଠାରେ ପଢ଼ାଇ ହେବନି । ତାକୁ ଘରେ ପଢ଼ାନ୍ତୁ ।' ଏଡିସନ ଏକଥା ଜାଣି ମାଆଙ୍କ ମହନୀୟତାକୁ ସ୍ମରଣ କରି ସେହି ଡାଏରୀରେ ଲେଖିଲେ, ଥୋମାସ୍ ଆଲଭା ଏଡିସନ୍ ଜଣେ ବିଚଳିତ ଶିଶୁ ଥିଲେ, ଯିଏ ଜଣେ ବୀରା ମାଆଙ୍କ ଦ୍ୱାରା ଦେଶର ପ୍ରତିଭା ରୂପେ ପରିଚୟ ଲାଭ କରିଥିଲେ ।' ଏହି ଦୂରଦର୍ଶୀ ବିଚକ୍ଷଣା ହୃଦୟଗ୍ରାହୀ ମାଆ ଥିଲେ ନାନ୍ସୀ ଏଡିସନ୍ ଯେ କି ବାଳକ ଏଡିସନଙ୍କ ମନରେ ପ୍ରଚଣ୍ଡ ଆତ୍ମବିଶ୍ୱାସ ସହ ଆଶାର ସୌଧ ଗଢ଼ି ଦେଇଥିଲେ ।

ବିଶ୍ୱକବି କାଳିଦାସ ରଚିତ ନାଟକ 'ଅଭିଜ୍ଞାନ ଶକୁନ୍ତଳମ'ରେ ମଧ୍ୟ ବର୍ଣ୍ଣନା ହୋଇଛି ମାତା ମେନକା ଓ ପିତା ବିଶ୍ୱାମିତ୍ରଙ୍କଠାରୁ ଜନ୍ମିତ ଶକୁନ୍ତଳା ଥିଲେ କଣ୍ୱ ଋଷିଙ୍କ ପାଳିତ କନ୍ୟା । ଶକୁନ୍ତଳା ହସ୍ତିନା ନୃପତି ଦୁଷ୍ମନ୍ତଙ୍କୁ ବିବାହ କରି ମାତା ହୋଇଥିଲେ । ପରେ ପିତୃତ୍ୱର ସତ୍ୟତା ପାଇଁ ତାଙ୍କୁ କେତେ ପରୀକ୍ଷା ଓ ବିଷମ ପରିସ୍ଥିତିର ସମ୍ମୁଖୀନ ହେବାକୁ ନ ପଡ଼ିଛି! ନିଜକୁ ମାଆ ରୂପେ ପ୍ରମାଣ କରିବାକୁ ସେ କେତେ କଷ୍ଟ କରିନଥିଲେ! କାଶ୍ୟପ ମୁନିଙ୍କ ଆଶ୍ରମରେ ସେ ଧୈର୍ଯ୍ୟର ସହିତ ପାଳି ଚାଲିଲେ ତାଙ୍କ ପୁତ୍ର ଭରତକୁ । ମାତୃତ୍ୱର ଦାମ୍ଭିକତା ନେଇ ସେ ସାହସର ସହ ଦେଶର ଭବିଷ୍ୟତକୁ ସେଦିନ ପାଳନ କରିଥିଲେ ଯେଉଁ ଭରତଙ୍କ ନାମାନୁସାରେ ଆଜି ଆମ ରାଷ୍ଟ୍ରର ନାମ ଭାରତବର୍ଷ ହୋଇଛି । ସେହିପରି ଭଗବାନ ଗୌତମବୁଦ୍ଧ ଯେତେବେଳେ ଗୃହତ୍ୟାଗ କରି ବୁଦ୍ଧତ୍ୱ ଲାଭ କରିବାକୁ ଯାଇ ପତ୍ନୀ ଯଶୋଧାରାଙ୍କୁ ତ୍ୟାଗ କଲେ, ଶିଶୁ ପୁତ୍ର ରାହୁଲର ସଂପୂର୍ଣ୍ଣ ଦାୟିତ୍ୱ ସେ ନେଇ ସୁନ୍ଦର ମାତୃତ୍ୱର ପରିଚୟ ଦେଇଥିଲେ ।

ନବମ ଲୁଇ ଥିଲେ ଫ୍ରାନ୍ସ ରାଜପରିବାରରେ ଜଣେ ଲୋକପ୍ରିୟ ପ୍ରଭାବଶାଳୀ ଓ ତେଜସ୍ୱୀ ରାଜା, ଯିଏ ଜୀବନର ସମସ୍ତ ସଫଳତାର ଶ୍ରେୟ ତାଙ୍କ ମାତାଙ୍କୁ ହିଁ ଦେଇଥିଲେ । ଯେତେବେଳେ ସେ ଛୋଟ ଥିଲେ ତାଙ୍କ ମା' ତାଙ୍କୁ ଭଲ ମଣିଷ ହେବା ପାଇଁ ପ୍ରେରଣା ଦେଇ ତାଗିଦ୍ କରି ସେଦିନ କହିଥିଲେ, 'ତୁମେ ଜୀବନରେ କୌଣସି ଅକରଣୀୟ କାମ କରିବ ନାହିଁ । ଯଦି ତୁମେ ଭୁଲ ବାଟରେ ଯାଅ ଏବଂ ତୁମ ଆତ୍ମାରେ କଳଙ୍କର ଟିକା ଲାଗେ, ତେବେ ମୁଁ ଏହା କଦାପି ସହ୍ୟ କରିବି ନାହିଁ । ବରଂ ସିଂହାସନ ଖାଲି ରହୁ ବୋଲି ଇଚ୍ଛା କରିବି । ତୁମର କୁକର୍ମ ଦେଖିବା ଅପେକ୍ଷା ବରଂ ମୁଁ ନିଜେ ତୁମର ମୃତ୍ୟୁର କାମନା କରିବି ।' ନିଜର ଶିଶୁପୁତ୍ରକୁ ଭଲ ବାଟରେ ଆଣିବା ପାଇଁ ଏହା କେବଳ କଡ଼ା ତାଗିଦ୍ ନଥିଲା, ଥିଲା କଠୋରତା ଓ କଟୁତା । ମାଆଙ୍କ ପ୍ରେରଣାରେ ନବମ ଲୁଇ ଭବିଷ୍ୟତରେ ଜଣେ ଲୋକପ୍ରିୟ ପ୍ରଭାବଶାଳୀ ରାଜା ହୋଇ ପାରିଥିଲେ ।

ଏ ତ ଥିଲା ମାତୃତ୍ୱର ପରାକାଷ୍ଠା ଓ ପ୍ରେରଣା ତା'ର ସନ୍ତାନ ପ୍ରତି । ଆଜିର ଆଧୁନିକ ମଣିଷ ଜଗତିକରଣ, ପାଶ୍ଚାତ୍ୟକରଣ ଓ ସହରୀକରଣର ଆଳ ଦେଖାଇ ବସ୍ତୁବାଦୀ ମୋହରେ ଅଧିକ ଅର୍ଥ ଓ ପ୍ରତିଷ୍ଠା ପଛରେ ଧାଇଁ ନୈତିକତାକୁ ହରାଇ ମାଆ ପ୍ରତି ସମ୍ମାନ ତ ଦୂରର କଥା ବରଂ ଆଧୁନିକ ସମାଜରେ ଜରାଶ୍ରମ ହିଁ ମାଆର ଶେଷ ଠିକଣା ହୋଇଛି । ମାଆ ଆଜି ବୋଝ ପାଲଟି ଯାଇଛି । ଆମେ ଭୁଲିଯିବା ଉଚିତ ନୁହେଁ ଯେ ମାତୃଶକ୍ତି ବିନା ସମାଜ ଓ ରାଷ୍ଟ୍ରର ବିକାଶ ସମ୍ଭବ ନୁହେଁ । ପ୍ରତ୍ୟେକ ମାଆ ଶାନ୍ତି, ମୈତ୍ରୀ ଓ ପ୍ରୀତିର ସ୍ୱାକ୍ଷର, ବିଶ୍ୱାସର ମେରୁଦଣ୍ଡ ଓ ପ୍ରଗତିର ପ୍ରତୀକ । ଯଦି ଆମେ ଆମ ସମାଜର ଓ ରାଷ୍ଟ୍ରର ପ୍ରତ୍ୟେକ ମାଆଙ୍କୁ ଉପଯୁକ୍ତ ସମ୍ମାନ ଦେଇ ଶୃଙ୍ଖଳିତ ହୋଇ ମାଆର ଇଚ୍ଛାକୁ ବିଶ୍ୱକଲ୍ୟାଣରେ ବ୍ରତୀ କରାଇ ଦେଶକୁ ପ୍ରଗତିପଥରେ ଆଗେଇ ନେବା, ତେବେ ଆମେ ଗଢ଼ିବା ଏକ ହିଂସାମୁକ୍ତ ଓ ଶାନ୍ତିଯୁକ୍ତ ସୁନ୍ଦର ସୁସ୍ଥ ପୃଥିବୀ । ●

କଟକ, ମୋ: ୭୮୪୭୯୨୧୪୦୦

## ଦଣ୍ଡିତ ଜଗନ୍ନାଥ

### ଲୋକକଥାରେ ଲୋକଦେବତା

ସ୍ୱପ୍ନେଶ୍ୱର

ମାର୍ଗଶୀର ମାସର ପ୍ରତି ଗୁରୁବାର ଦିନ ଓଡ଼ିଶାର ଘରେଘରେ ମାଣ ବସେଇ ମାଆ ଲକ୍ଷ୍ମୀଙ୍କର ଆରାଧନା କରାଯାଏ । ନୂଆ ଧାନରେ ପୂର୍ଣ୍ଣ ମାଣକୁ ମାଆଙ୍କର ପ୍ରତୀକାତ୍ମକ ବିଗ୍ରହ ବୋଲି ଧରାଯାଏ । ଲକ୍ଷ୍ମୀ ସୃଷ୍ଟି ପାଳନ ପାଇଁ ଆବଶ୍ୟକ ସମସ୍ତ ସାଧନର ଅଧିଷ୍ଠାତ୍ରୀ ଦେବୀ ଏବଂ ପାଳନ କର୍ତ୍ତା ବିଷ୍ଣୁଙ୍କର ଶକ୍ତି । ତେଣୁ ଧାନ ଅମଳ ପରେ ଓଡ଼ିଆମାନେ କୃତଜ୍ଞତାର ସହ ମାଆଙ୍କର ଆରାଧନା କରନ୍ତି ।

ଥରେ ସେହିପରି ଏକ ଗୁରୁବାର ପାଳିଦିନ ପ୍ରଭାତରେ ମାଆ ମହାପ୍ରଭୁଙ୍କ ଅନୁମତି କ୍ରମେ ନଗର ଭ୍ରମଣରେ ବାହାରିଲେ । ବୁଲି ବୁଲି ମାତା ଲକ୍ଷ୍ମୀ ଏକ ଚାଣ୍ଡାଳ ସାହିରେ ପହଞ୍ଚିଲେ । ଯାଉ ଯାଉ ତାଙ୍କର ପାଦ ଗୋଟେ ଘର ସାମନାରେ ଅଟକି ଗଲା । ଘର ଭିତରୁ ଧୂପଦୀପର ସୁଗନ୍ଧ ବାହାରି ବାତାବରଣକୁ ସୁଗନ୍ଧିତ କରୁଥିଲା; ଶଙ୍ଖ ହୁଳହୁଳିର ଶବ୍ଦ ଅଞ୍ଚଳକୁ ପ୍ରକମ୍ପିତ କରୁଥିଲା । ଘର ବାହାର ପରିଷ୍କାର କରି ଝୋଟିଚିତାରେ ମଣ୍ଡଣି କରା ଯାଇଥିଲା । ମାଆ ପଦ୍ମଫୁଲର ସୁଗନ୍ଧରେ ଆକର୍ଷିତା ହୋଇ ଘର ଭିତରକୁ ଗଲେ ଏବଂ ଦେଖି ଖୁସି ହେଲେ ଯେ ଶ୍ରୀୟା ନାମକ ଜଣେ ଚଣ୍ଡାଲୁଣୀ ଭକ୍ତି ଓ ସମର୍ପଣ ଭାବ ସହ ତାଙ୍କର ପୂଜା କରୁଥିଲା । ତା'ର ଭକ୍ତି ଓ ଆନ୍ତରିକତାରେ ମାଆ ମୁଗ୍ଧ ହେଲେ ଏବଂ ତା' ଘରେ ସ୍ୱଦେହରେ ଦର୍ଶନ ଦେଇ ଅନେକ ବର ପ୍ରଦାନ କଲେ ।

ରକ୍ଷଣଶୀଳ ବଡ଼ଠାକୁର ବଳଭଦ୍ର ଯୋଗବଳରେ ଲକ୍ଷ୍ମୀ ଚଣ୍ଡାଲୁଣୀର ପୂଜା ଗ୍ରହଣ କରୁଥିବା କଥା ଜାଣି କ୍ରୋଧିତ ହେଲେ ଏବଂ ମହାପ୍ରଭୁଙ୍କ ସମସ୍ତ ବୃତ୍ତାନ୍ତ କହି ଲକ୍ଷ୍ମୀଙ୍କୁ ମନ୍ଦିରରୁ ବାହାର କରି ଦେବା ପାଇଁ ଆଦେଶ ଦେଲେ । ଜଗନ୍ନାଥ ଜାଣିଥିଲେ ଯେ ସାରା ସଂସାରର ସମସ୍ତଙ୍କୁ ସେ ସମାନ କରି ଗଢ଼ିଥିଲେ ଏବଂ ଲକ୍ଷ୍ମୀଙ୍କ ପୂଜା ଗ୍ରହଣରେ କିଛି ଅସ୍ୱାଭାବିକତା ନ ଥିଲା । ମହାପ୍ରଭୁ ବଡ଼ଭାଇଙ୍କ ନିଷ୍ପତ୍ତିକୁ ନାପସନ୍ଦ କରୁଥିଲେ ମଧ୍ୟ ଘରର ମୁରବିଙ୍କୁ ଅବମାନନା କରିବାର ଏକ ଅସୁସ୍ଥ ପରମ୍ପରା ସୃଷ୍ଟି କରିବାକୁ ଚାହୁଁ ନ ଥିଲେ । କିନ୍ତୁ ବଡ଼ଠାକୁର ଘୋଷଣା କଲେ - 'ଭାରିଜାରେ କାର୍ଯ୍ୟ ଯେବେ ଅଛିରେ କହ୍ନାଇ, ଚଣ୍ଡାଳ ସାହିରେ ଘର ତୋଳ ବେଗେ ଯାଇ ।' ଅନ୍ୟ ଉପାୟ ନ ଦେଖି ମହାପ୍ରଭୁ ଲକ୍ଷ୍ମୀ ନଗର ଭ୍ରମଣରୁ ଫେରିବା ପରେ ତାଙ୍କୁ ବଡ଼ ଭାଇଙ୍କ ନିଷ୍ପତ୍ତି ଜଣେଇ ଦେଲେ ଏବଂ ତାଙ୍କର ମନ୍ଦିର ପ୍ରବେଶକୁ ବାରଣ କଲେ ।

ଏପରି ନିଷ୍ପତି ଶୁଣି ଲକ୍ଷ୍ମୀ ମର୍ମାହତା ହେଲେ, କିନ୍ତୁ ଭାଙ୍ଗିପଡ଼ିଲେ ନାହିଁ । କାରଣ ସେ ଭଲ ଭାବରେ ଜାଣି ଥିଲେ ଯେ ସେ କିଛି ଭୁଲ କରି ନ ଥିଲେ । ଦୁଇ ଭାଇଙ୍କୁ ଏକ ଶିକ୍ଷା ଦେବା ପାଇଁ ଏହାକୁ ବ୍ୟବହାର କଲେ । ମାତା ଅଭିଶାପ ଦେଲେ-'ମୁହିଁ ଯାଉ ଅଛି ହୀନା ଅରକ୍ଷିତା ହୋଇ, ମୋର ଅଭିଶାପ ଘେନ ପ୍ରଭୁ ଭାବଗ୍ରାହୀ/ ସତେ ଯେବେ ଚନ୍ଦ୍ର ସୂର୍ଯ୍ୟ ହୁନ୍ତି ଆତଯାତୟ, ତୁମ୍ଭଙ୍କୁ ଅନ୍ନ ନ ମିଳୁ ଆହେ ଜଗନ୍ନାଥ / ବାର ବର୍ଷ ଯାଏଁ ତୁମ୍ଭେ ଦରିଦ୍ର ହୋଇବ, ଅନ୍ନ ବସ୍ତ୍ର ଜଳ ବି ତୁମ୍ଭଙ୍କୁ ନ ମିଳିବ ।'

ଲକ୍ଷ୍ମୀଙ୍କ ଅଭିଶାପ ଅନୁଯାୟୀ ଦୁଇଭାଇ ବାରବର୍ଷ ପର୍ଯ୍ୟନ୍ତ ଭୋକରେ ବାର ଦୁଆର ବୁଲିଲେ ସିନା ହେଲେ ଖାଇବାକୁ ମିଳିଲା ନାହିଁ । ଓଡ଼ିଆରେ ଏକ ଲୋକକଥା ଅଛି ଲକ୍ଷ୍ମୀଛଡ଼ାଙ୍କୁ ଖାଇବାକୁ ମିଳେ ନାହିଁ । ଜଗନ୍ନାଥ ଓ ବଳଭଦ୍ରଙ୍କ ଅବସ୍ଥା ସେୟା ହେଲା । ଶେଷରେ ଅଜାଣତରେ ଦୁଇଭାଇ ଲକ୍ଷ୍ମୀଙ୍କ ଦୁଆରକୁ ଯାଇ ଅନ୍ନଭିକ୍ଷା କଲେ । ଦୁଇ ଭାଇ ଭୋଗୀ ଥିବା ଦୁଃଖ ସେତେବେଳକୁ ମାଆଙ୍କୁ ବିଚଳିତ କରି ସାରିଥିଲା । ସେ ଦୁଇ ଭାଇଙ୍କର ମନ ମୁତାବକ ନାନା ପ୍ରକାରର ବ୍ୟଞ୍ଜନ ପ୍ରସ୍ତୁତ କରି ଦାସୀମାନଙ୍କ ହାତରେ ପରଶି ଦେଲେ । ଭୋଜନ ଶେଷରେ ପୋଡ଼ପିଠା ପରଶିଲେ । ଆକଣ୍ଠ ଭୋଜନ କରି ଦୁଇ ଭାଇ ତୃପ୍ତ ହେଲା ପରେ ବଡ଼ ଠାକୁର ଜାଣିପାରିଲେ ଯେ ତାହା ଲକ୍ଷ୍ମୀଙ୍କ ହାତରନ୍ଧା । ତେଣୁ ସେ ଲକ୍ଷ୍ମୀଙ୍କୁ ଯାଇ କ୍ଷମା ମାଗି ମନ୍ଦିରକୁ ଫେରିଯିବା ପାଇଁ ଅନୁରୋଧ କରିବାକୁ ଜଗନ୍ନାଥଙ୍କୁ ଆଦେଶ ଦେଲେ । ଲକ୍ଷ୍ମୀ କେତେକ ସର୍ତ୍ତରେ ଯିବା ପାଇଁ ରାଜି ହେଲେ- 'ଏତେ କହି ଗୋବିନ୍ଦ ଧରିଲେ ଲକ୍ଷ୍ମୀ ହସ୍ତ, ଜଗତ ମାତ ବୋଇଲେ ତୁମ୍ଭେ କର ସତ୍ୟ / ଚଣ୍ଡାଳୁ ବ୍ରାହ୍ମଣ ଯାଏଁ ଖୁଆ ଖୋଇ ହେବେ, ସମସ୍ତେ ଖାଇଣ ହାତ ଜଳେ ନ ଧୋଇବେ / ହାଡ଼ିର ହାତୁ ବ୍ରାହ୍ମଣ ଛଡ଼ାଇ ଖାଇବେ, ବ୍ରାହ୍ମଣେ ଖାଇ ହାତକୁ ମୁଣ୍ଡରେ ପୋଛିବେ / ଅନ୍ନ ଖାଇ ସର୍ବେ ମୁଣ୍ଡେ ପୋଛୁଥିବେ ହସ୍ତ, ତେବେ ବଡ଼ ଦେଉଳକୁ ଯିବି ଜଗନ୍ନାଥ ।' ମହାପ୍ରଭୁ ମାଆଙ୍କର ସମସ୍ତ କଥାରେ ରାଜି ହେବାରୁ ଦୁଇ ଠାକୁର ମାଆଙ୍କ ସହ ମନ୍ଦିରକୁ ବିଜେ କଲେ । ଏହି ଲୋକକଥା ଆଧାରରେ 'ଲକ୍ଷ୍ମୀ ପୁରାଣ' ଲେଖି ମହାତ୍ମା ବଳରାମ ଦାସ ସଂସାରକୁ ଏକ ଶିକ୍ଷା ଦେବା ପାଇଁ ସଫଳ ପ୍ରୟାସ କରିଥିଲେ । ●

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

**ମୁଦ୍ରା ବିନିମୟ ମୂଲ୍ୟ**

ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୯.୨୫ ● ପାଉଣ୍ଡ ୧୧୭.୦୩
- ୟୁରୋ ୧୦୨.୯୪ ● ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**

୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୬,୪୫୦ (ନୂଆଦିଲ୍ଲୀ)
- ରୁପା : ୧,୬୨,୯୦୦ (କେଜି)

**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୪,୫୮୭.୦୦
- ନିଫ୍ଟି ୨୫,୮୮୪.୦୦

**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

# ୨୦୨୭ ସୁଦ୍ଧା ଅଧା ହୋଇଯିବ ତେଲ ଦର

## ୩୦ ଡଲାର ତଳକୁ ଖସିଆସିବ ଅଶୋଧିତ ତୈଳ



### ବିଶ୍ୱ ବଜାରରେ ଚାହିଦା ଅପେକ୍ଷା ୩ ଗୁଣ ବଢ଼ିବ ଯୋଗାଣ

ନୂଆଦିଲ୍ଲୀ,୨୫।୧୧(ଏଜେନ୍ସି): ଆଗାମୀ ଦିନରେ ଦିନରେ ଦେଶରେ ପେଟ୍ରୋଲ, ଡିଜେଲ ଏବଂ ଏଲପିଜିର ମୂଲ୍ୟ ହ୍ରାସ ପାଇପାରେ। ଆର୍ଥିକବର୍ଷ ୨୦୨୭ ସୁଦ୍ଧା ବିଶ୍ୱ ବଜାରରେ ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ପ୍ରତି ବ୍ୟାରେଲ ୩୦ ଡଲାରକୁ ହ୍ରାସ ପାଇପାରେ। ଏହାର ମୁଖ୍ୟ କାରଣ ହେଉଛି, ଯେତେବେଳେ ବିଶ୍ୱରେ ତୈଳ ଯୋଗାଣ ଚାହିଦାଠାରୁ ବହୁତ ଅଧିକ ରହିବ ସେତେବେଳେ ତେଲ ଦରରେ ଏଭଳି ପରିବର୍ତ୍ତନ ଘଟିବ ବୋଲି ବିଶ୍ୱ ସ୍ତରୀୟ ରେଟିଂ ଏଜେନ୍ସି ଜେପି ମୋର୍ଗାନ୍ କହିଛି। ଏହା ଭାରତ ଭଳି ଦେଶ ପାଇଁ ଭଲ ଖବର। ସୂଚନାଯୋଗ୍ୟ ଯେ, ଭାରତ ଏହାର ଅଶୋଧିତ ତୈଳ ଆବଶ୍ୟକତାର ୮୫% ରୁ ଅଧିକ ଆମଦାନୀ କରିଥାଏ।

ଜେପି ମୋର୍ଗାନର ସଦ୍ୟତମ ପୂର୍ବାନୁମାନ ଅନୁଯାୟୀ, ଆଗାମୀ ତିନି ବର୍ଷ ମଧ୍ୟରେ ତୈଳ ବ୍ୟବହାର ବୃଦ୍ଧି ପାଇବ, କିନ୍ତୁ ତୈଳ ଉତ୍ପାଦନ ଆହୁରି ଦ୍ରୁତ ଗତିରେ ବୃଦ୍ଧି ପାଇବ। ବିଶେଷକରି ଓପେକ୍ ପ୍ଲସ୍ ରାଷ୍ଟ୍ରଙ୍କ ବ୍ୟତୀତ ଅନ୍ୟ ଦେଶଗୁଡ଼ିକ ମଧ୍ୟ ଅଶୋଧିତ ତୈଳ ଉତ୍ପାଦନ ବୃଦ୍ଧି କରିବେ। ରିପୋର୍ଟ ଅନୁଯାୟୀ, ବିଶ୍ୱ ବଜାରରେ ତେଲ ଯୋଗାଣ ଚାହିଦା ଅପେକ୍ଷା ପ୍ରାୟ ତିନି ଗୁଣ ଦ୍ରୁତ ଗତିରେ ବୃଦ୍ଧି ପାଇବ। ୨୦୨୭ରେ ଯୋଗାଣ ବୃଦ୍ଧିର ଗତି ସାମାନ୍ୟ ହ୍ରାସ ପାଇବ, କିନ୍ତୁ ଏହା ବଜାର ପାଇଁ ଗୁରୁତ୍ୱପୂର୍ଣ୍ଣ ରହିବ। ଚାହିଦା ଏବଂ ଯୋଗାଣରେ ଏହି ଅସନ୍ତୁଳନ ଅଣ-ଓପେକ୍ ପ୍ଲସ୍ ଦେଶଗୁଡ଼ିକରୁ ତୈଳ ଉତ୍ପାଦନ ବୃଦ୍ଧି ହେତୁ ହୋଇଛି। ୨୦୨୭ ସୁଦ୍ଧା ମୋଟ ଯୋଗାଣ ବୃଦ୍ଧିର ଅଧା ଏହି ଦେଶଗୁଡ଼ିକରୁ ଆସିବ। ଏହି ଅସନ୍ତୁଳନ ଯୋଗୁଁ, ୨୦୨୬ ରେ ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ୬୦ ଡଲାର ତଳକୁ ଖସିଯାଇ ବର୍ଷର ଶେଷ ତିନି ମାସରେ ୫୦ ଡଲାରରେ ପହଞ୍ଚିପାରେ। ୨୦୨୭ ସୁଦ୍ଧା, ହାରାହାରି ମୂଲ୍ୟ ୪୨ ଡଲାରକୁ ଯାଇ ବର୍ଷ ଶେଷ ସୁଦ୍ଧା ୩୦ ଡଲାର ତଳକୁ ମଧ୍ୟ ଖସିଯାଇପାରେ। ବର୍ତ୍ତମାନ, ବ୍ରେଣ୍ଟ କ୍ରୁଡ୍ ମୂଲ୍ୟ ପ୍ରତି ବ୍ୟାରେଲ ୬୦ ଡଲାର ଉପରେ କାରବାର କରୁଛି।

## କାନାରା ବ୍ୟାଙ୍କ ଭୁବନେଶ୍ୱର ମଣ୍ଡଳର ନୂତନ ମଣ୍ଡଳ ମୁଖ୍ୟ



ଭୁବନେଶ୍ୱର, ୨୫।୧୧(ସମିସ): କାନାରା ବ୍ୟାଙ୍କ, ଭୁବନେଶ୍ୱର ମଣ୍ଡଳର ନୂତନ ମଣ୍ଡଳ ମୁଖ୍ୟ ଭାବେ ସୁମନ ଚକ୍ରବର୍ତ୍ତୀ କାର୍ଯ୍ୟଭାର ଗ୍ରହଣ କରିଛନ୍ତି। ଶ୍ରୀ ଚକ୍ରବର୍ତ୍ତୀଙ୍କର ବ୍ୟାଙ୍କିଙ୍ଗ କ୍ଷେତ୍ରରେ ବିଭିନ୍ନ ସ୍ଥାନରେ ବିଭିନ୍ନ ପଦପଦବୀରେ କାର୍ଯ୍ୟ କରିବାର ଦୀର୍ଘ ୨୯ ବର୍ଷର ଅଭିଜ୍ଞତା ରହିଛି। ତାଙ୍କର ସଫଳ ନିଜର କ୍ୟାରିୟରରେ ସେ ରିଟେଲ ଆସେଟ୍ ହବ୍, ରିଜିଓନାଲ ମୁଖ୍ୟ, ଟ୍ରେଜେରୀ ପରିଚାଳନା, ମିଡ୍ କର୍ପୋରେଟ୍ କ୍ରେଡିଟ୍, ରିସ୍କ ମ୍ୟାନେଜମେଣ୍ଟ ସହିତ ହଙ୍ଗକଙ୍ଗ ଏବଂ ଜୋହାନସବର୍ଗର ବ୍ୟାଙ୍କର ବିଦେଶୀ ଶାଖାରେ କାର୍ଯ୍ୟ କରିଛନ୍ତି। ଶ୍ରୀ ଚକ୍ରବର୍ତ୍ତୀ ଭୁବନେଶ୍ୱରର ମଣ୍ଡଳ ମୁଖ୍ୟ ଭାବେ ବ୍ୟବସାୟିକ ଅଭିବୃଦ୍ଧିକୁ ସୁଦୃଢ କରିବା, ଗ୍ରାହକ ସେବା ପ୍ରଦାନ କରିବା, କାର୍ଯ୍ୟ ଦକ୍ଷତାକୁ ବୃଦ୍ଧି କରିବା ଏବଂ ଓଡିଶାର ଗ୍ରାମୀଣ, ଅର୍ଦ୍ଧ-ସହରୀ ଓ ସହରାଞ୍ଚଳରେ ବ୍ୟାଙ୍କିଙ୍ଗ୍ ସେବାକୁ ତ୍ୱରାନ୍ୱିତ କରିବା ଉପରେ ଗୁରୁତ୍ୱାରୋପ କରିବେ ବୋଲି ସୂଚନା ଦେଇଛନ୍ତି।

## ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡର ୪ ନୂଆ ପାସିଭ୍ ସ୍କିମ୍

ମୁମ୍ବଇ,୨୫।୧୧ : ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ ଚାରିଟି ନୂତନ ପାସିଭ୍ ସ୍କିମ୍ ପ୍ରଚଳନ ସମ୍ପର୍କରେ ଘୋଷଣା କରିଛି। ସେଗୁଡିକ ହେଉଛି ଡିଏସ୍‌ପି ନିଫ୍‌ଟି ମିଡ୍‌କ୍ୟାପ ୧୫୦ ଇଣ୍ଡେକ୍ସ ଫଣ୍ଡ, ଡିଏସ୍‌ପି ନିଫ୍‌ଟି ମିଡ୍‌କ୍ୟାପ ୧୫୦ ଇଟିଏଫ, ଡିଏସ୍‌ପି ନିଫ୍‌ଟି ସ୍ମଲକ୍ୟାପ୍ ୨୫୦ ଇଣ୍ଡେକ୍ସ ଫଣ୍ଡ ଏବଂ ଡିଏସ୍‌ପି ନିଫ୍‌ଟି ସ୍ମଲକ୍ୟାପ୍ ୫୦ ଇଟିଏଫ୍। ଏହି ନୂତନ ଉତ୍ପାଦଗୁଡିକ ମିଡ୍ ଓ ସ୍ମଲ୍ କ୍ୟାପ୍ ବିଭାଗଗୁଡିକ ନିମନ୍ତେ ନିୟମ ଆଧାରିତ, କମ୍ ଖର୍ଚ୍ଚସାପେକ୍ଷ ସୁଯୋଗ ଯୋଗାଇଦେଇ ଡିଏସ୍‌ପିର ପରୋକ୍ଷ ପୁଞ୍ଜିନିବେଶ କ୍ଷେତ୍ରକୁ ସୁଦୃଢ କରୁଛି।

## ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ




ଭୁବନେଶ୍ୱର,୨୫।୧୧(ସମିସ): ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଭୁବନେଶ୍ୱର ଅଞ୍ଚଳ କାର୍ଯ୍ୟାଳୟ ପକ୍ଷରୁ ୱାର୍ଲ୍ଡ ସ୍କିଲ୍ ସେଣ୍ଟରଠାରେ ୧୮ତମ ସିକେୱାଇସିଆର୍‌ଆର୍ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର ବରିଷ୍ଠ ଅଧିକାରୀମାନଙ୍କ ସମେତ ଭୁବନେଶ୍ୱର ସହର ଅନ୍ତର୍ଗତ ବିଭିନ୍ନ ବ୍ୟାଙ୍କର ଅଧିକାରୀମାନେ ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ଏହି ଅବସରରେ ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ମୁଖ୍ୟ କାର୍ଯ୍ୟାଳୟର କେୱାଇସି ମହାପ୍ରବନ୍ଧକ ସୁନିଲ କୁମାର, ଅର୍ଥ ମନ୍ତ୍ରଣାଳୟର ଯୁଗ୍ମ ସଚିବ ଡିଏଫ୍‌ଏସ୍ ସୁଧିର ଶ୍ୟାମ ,ମୁଖ୍ୟ ମହାପ୍ରବନ୍ଧକ ପ୍ରବୀଣ ଶର୍ମା, ସେରସାଇର ଏମ୍‌ଡି ଉମେଶ କୁମାର ସିଂ, ଫିଉ-ଇଣ୍ଡର ଡେପୁଟୀ ଡାଇରେକ୍ଟର ହନି ପାଟଡି, ମୁଖ୍ୟ ମହାପ୍ରବନ୍ଧକ ତଥା ଏସ୍‌ଏଲ୍‌ବିସି ସଂଯୋଜକ ଗୌତମ ପାତ୍ର ଏବଂ ଭୁବନେଶ୍ୱରର ଅଞ୍ଚଳ ପ୍ରବନ୍ଧକ ଏଚ୍. କେ ଦାସ୍ ପ୍ରମୁଖ ଉପସ୍ଥିତ ଥିଲେ।

## ଧର୍ମେନ୍ଦ୍ରଙ୍କୁ ଭାରତ ମସଲାର ଶ୍ରଦ୍ଧାଞ୍ଜଳି




କଟକ,୨୫।୧୧(ସମିସ): ଭାରତ ମସଲାକୁ ବିଶ୍ୱଦରବାରରେ ପହଞ୍ଚାଇବାରେ ଧର୍ମେନ୍ଦ୍ରଙ୍କର ରହିଛି ମହତ୍ୱପୂର୍ଣ୍ଣ ଅବଦାନ। ୨୦୧୫ରୁ ସେ କମ୍ପାନୀର ବ୍ରାଣ୍ଡ ଆମ୍ବାସାଡର ଭାବେ କାର୍ଯ୍ୟ କରି ଆସୁଥିଲେ। ତାଙ୍କର ଦେହାନ୍ତ ଖବର ପାଇ ଭାରତ ମସଲା କମ୍ପାନୀର ପ୍ରତ୍ୟେକ ସଦସ୍ୟ ଆଜି ଦୁଃଖରେ ମ୍ରିୟମାଣ। ଆଜିଠାରୁ ଧର୍ମେନ୍ଦ୍ରଜୀଙ୍କ ସ୍ୱରରେ ଟିଭି ପରଦାରେ ଆଉ ଶୁଭିବନି ଭାରତ ମସଲା 'ଦି ଟେଷ୍ଟ ଅଫ ନିଉ ଇଣ୍ଡିଆ' ବୋଲି ଧର୍ମେନ୍ଦ୍ରଙ୍କ ବିୟୋଗରେ ଶୋକ ବ୍ୟକ୍ତ କରି କହିଛନ୍ତି ଭାରତ ମସଲାର ଏମ୍‌ଡି ସୁଶାନ୍ତ କୁମାର ପଣ୍ଡା। କଟକ ବାରଙ୍ଗସ୍ଥିତ ରାମଦାସପୁର କମ୍ପାନୀ ପରିସରରେ ଆୟୋଜିତ ଶୋକସଭାରେ ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ପଣ୍ଡା, ନିର୍ଦ୍ଦେଶକ ଶ୍ରୀମନ୍ତ କୁମାର ପଣ୍ଡା, ଦିଗନ୍ତ କୁମାର ପଣ୍ଡା, ଆଶୁତୋଷ ପଣ୍ଡା, ଏସଏନ ମିଲେନିୟମ, ଜିଏମ୍ ଅପରେସନ ଅରୁଣ କୁମାର ନାୟକ, ଜିଏମ୍ ପ୍ରଡକ୍ସନ ନବକୃଷ୍ଣ ପ୍ରଧାନ ଓ ଲୋକ ସମ୍ପର୍କ ଅଧିକାରୀ ଆଶିଷ ମଙ୍ଗନ ପ୍ରମୁଖ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ।


ADMISSION NOTICE-2025-26

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

*Campus:* 262, Puranpadhan, Balakati, Bhubaneswar

Mob. 7019799641, 7978608747 9853801459

Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL


**LOST**

I, **Saroj Kumar Sahu,** S/o- Jagadananda Sahu, resident of Vill/PO: Purena, PS/Teh: Padampur, Dist: Bargarh, Odisha do hereby declare that, the original Regd. Sale Deed bearing No. 10171401541 dtd- 31.07.2014 & the original patta of M.S.R.O.R Khata No. 152/334 (Issue dt. 23.09.2021) Mouza- Purena, PS- Padampur, Dist: Bargarh has been lost somewhere while I was going from my house at Purena to Padampur on dt. 29/10/2025. If anyone finds it kindly contact to my address. If anyone will misutilize it, we will not be responsible for it.

**Saroj Kumar Sahu**

**NOTICE**

By virtue of an affidavit sworn before **Hemangini Majhi O.R.S Executive Magistrate, Kakatpur**, dated 21/11/2025, **LAXMIPRIYA BEHERA,** W/o Ajay Behera permanent resident of Tentulia, Po: Bangurigaon, Ps - Kakatpur, Dist- Puri, State- Odisha, Pin-752118 declare that I have changed my daughter's name from **PRAGNAYAPARIMITA BEHERA** to **PRANGA PARIMITA BEHERA.** Henceforth, she shall be known as **PRANGA PARIMITA BEHERA** for all future purposes.

(Sd- **LAXMIPRIYA BEHERA)**

B-733

E-mail ID: eerbngpur@yahoo.com
Tel & Fax -06858-222833 (O)

**GOVERNMENT OF ODISHA**
**OFFICE OF THE SUPERINTENDING ENGINEER, NABARANGPUR (R&B) DIVISION, NABARANGPUR**

**e-Procurement Notice**

**Bid Identification No. S.E (R&B)-22/2025-26/NGP**

No.6364/Date 17.11.2025

Bid Documents consisting of work, Estimated Cost, Cost of Tender paper, EMD, Time of completion, Class of Contractors and the set of terms and conditions of contract and other necessary documents can be seen in Govt. Website i.e www.tendersodisha.gov.in.

1. Name of the Work : Electrical Work as mentioned in DTCN
2. No. of Work : 05 Nos.
3. Estimated Cost : Rs. 6.73 Lakhs to 37.47 Lakhs
4. Period of completion : 2 Calendar of Months
5. Date & Time of Bidding : From 11.00 hours of 25.11.2025. upto 16.00 hours of 05.12.2025.
6. Last date & time for receipt of bids in portal : 16.00 hours of 05.12.2025.
7. Bids received online shall be opened on : 11.00 hours of 06.12.2025.
8. Name and address of the officer inviting Bid : Superintending Engineer, Nabarangpur(R&B)Division, Nabarangpur

Further details can be seen from the www.tendersodisha.gov.in

OIPR-

Superintending Engineer
Nabarangpur (R&B) Division

**AFFIDAVIT**

By virtue of an affidavit sworn before The Notary Public, Bhubaneswar, date-18/11/2025. I, Susit Kumar Jena, S/o Nimain Charan Jena, resident of Flat No. 401, Manjulata Mansion, Nandan Vihar, Kalarahanga, Bhubaneswar, DIst- Khordha, PIN- 751024, Odisha declare that I have changed my minor daughter's name from **Sritika Sephali Jena to Sritika Jena.** Henceforth, she shall be known as **Sritika Jena** (new name) for all purposes.

**Susit Kumar Jena**

**AFFIDAVIT**

By virtue of an affidavit no. 4439, before the Executive Magistrate, Salipur, Cuttack on dtd.24.11.2025, I, WAZDA TABSUM, W/o- Mohammed Habib, resident of At/Po: Tilda, Ps: Salipur, Dist: Cuttack, Odisha, do hereby declare that my name has been wrongly mentioned as WAZEDA TABASSUM in some documents, whereas my correct and actual name is **WAZDA TABSUM** both names refer to the same and one person, i.e., myself. Henceforth, I shall be known as **WAZDA TABSUM** for all purposes.


यूनियन बैंक ऑफ इंडिया Union Bank of India
भारत सरकार का उपक्रम A Government of India Undertaking


**କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର**
ଗାୟତ୍ରୀ ସେଣ୍ଟ୍ରାଲ୍ ପ୍ଲାଜା, ଟାଟା ବେଞ୍ଜ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା, ଫୋନ୍: ୦୬୮୦-୨୨୨୫୨୭୨

**ମେଗା ଇ-ନିଲାମ ବିକ୍ରୟ ବିଜ୍ଞପ୍ତି**

**ସ୍ଥାବର/ ଅସ୍ଥାବର ସମ୍ପତ୍ତିଗୁଡ଼ିକର ବିକ୍ରୟ ନିମନ୍ତେ ବିକ୍ରୟ ବିଜ୍ଞପ୍ତି**

**ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ୍ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୯(୧) ଅନୁଯାୟୀ ସ୍ଥାବର / ଅସ୍ଥାବର ସମ୍ପତ୍ତିଗୁଡ଼ିକର ଇ-ନିଲାମ ବିକ୍ରୟ ବିଜ୍ଞପ୍ତି।**

ଏତଦ୍ୱାରା ସମୂହଭାବେ ସର୍ବସାଧାରଣଙ୍କୁ ଏବଂ ବିଶେଷ କରି ରଣଗ୍ରହୀତା ଏବଂ ଗ୍ୟାରେଣ୍ଟିଦାତାମାନଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ **ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର କ୍ଷମତାପ୍ରାପ୍ତ ଅଧିକାରୀ (ସୁରକ୍ଷିତ ରଣଦାତା)**ଙ୍କ ଦ୍ୱାରା ବ୍ୟାଙ୍କ ବକେୟା ଦେୟ ବାବଦକୁ ନିମ୍ନରେ ପ୍ରଦତ୍ତ ସ୍ଥାବର / ଅସ୍ଥାବର ସମ୍ପତ୍ତିଗୁଡିକୁ ଗଠନାତ୍ମକ / ସାଙ୍କେତିକ/ ଭୌତିକ ଦଖଲକୁ ନେଇଛନ୍ତି ଏବଂ ନିମ୍ନସ୍ୱାକ୍ଷରକାରୀ ରଣଗ୍ରହୀତା / ଗ୍ୟାରେଣ୍ଟିଦାତାମାନଙ୍କଠାରୁ ବ୍ୟାଙ୍କ ଦେୟ ଆଦାୟକରଣ ନିମନ୍ତେ ନିମ୍ନଦର୍ଶିତ ବନ୍ଧକ ସମ୍ପତ୍ତିଗୁଡ଼ିକୁ **"ଯେଉଁଠାରେ ଯେପରି ଅଛି", "ଯାହା ଯେପରି ଅଛି" ଏବଂ "ସେଠାରେ ଯାହା ଅଛି" ଭିତ୍ତିରେ ତା.୧୧.୧୨.୨୦୨୫ରିଖ ମଧ୍ୟାହ୍ନ ୧୨.୦୦ ଘଟିକା ଠାରୁ ଅପରାହ୍ନ ୫.୦୦ ଘଟିକା** ମଧ୍ୟରେ ଇ-ନିଲାମ ମାଧ୍ୟମରେ ବିକ୍ରୟ କରିବାକୁ ସ୍ଥିର କରିଛନ୍ତି। ସମ୍ପତ୍ତିଗୁଡ଼ିକର ସଂରକ୍ଷିତ ମୂଲ୍ୟ ଏବଂ ଅମାନତ ଜମା ରାଶି ନିମ୍ନରେ ପ୍ରଦାନ କରାଗଲା।

| କ୍ର. ନଂ. | ଶାଖା / ରଣଗ୍ରହୀତା/ ଗ୍ୟାରେଣ୍ଟିଦାତା/ବନ୍ଧକଦାତା/ କୋ-ଆପ୍ଲିକାଣ୍ଟ/କୋ-ଓବ୍ଲିଗାଣ୍ଟମାନଙ୍କ ନାମ ଓ ଠିକଣା / ବକେୟା ଦେୟ | ନିଲାମ ହେବାକୁ ଥିବା ସମ୍ପତ୍ତିଗୁଡିକର ବିବରଣୀ | ସଂରକ୍ଷିତ ମୂଲ୍ୟ/ ଅମାନତ ରାଶି/ ବିଡ୍ ବୃଦ୍ଧି ପରିମାଣ |
|---|---|---|---|
| ୧. | **ଭାବିନିପୁର ଶାଖା, ଫୋନ୍: ୭୨୦୫୨୨୭୫୭୦/** ୧) **ବି ଚନ୍ଦ୍ରୟା,** ପିତା: ବୁରୁଡୁ ସାତେୟା, ପଡା ପେଣ୍ଟାପଲ୍ଲୀ, ବାହାଦୁର ପେଟା, ଡୁରା, ଗଞ୍ଜାମ, ୨) **ବି ଲଚିମି ଆମ୍ମା,** ସ୍ୱାମୀ: ବି ଚନ୍ଦ୍ରୟା, ପଡା ପେଣ୍ଟାପଲ୍ଲୀ, ବାହାଦୁର ପେଟା, ଡୁରା, ଗଞ୍ଜାମ, ଓଡ଼ିଶା, ୩) **ରବି ନାରାୟଣ ସାହୁ,** ପିତା: କୃଷ୍ଣ ଚନ୍ଦ୍ର ସାହୁ, ବିଜୟ ବିହାର ୨ୟ ଲେନ୍, ବ୍ରହ୍ମପୁର, ଗଞ୍ଜାମ, ଓଡ଼ିଶା / **ମୋଟ ବକେୟା: ୦୨.୦୧.୨୦୨୦ ସୁଦ୍ଧା ଟ.୬,୭୩,୯୬୨/-** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ବି ଲଚିମି ଆମ୍ମା**ଙ୍କ ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୧୨୧୧, ଖାତା ନଂ.: ୧୨୯୦/୯୮୭, କ୍ଷେତ୍ର: ଏକର୦.୦୨୫ ଡିସିମିଲି, ରେଭିନ୍ୟୁ ମୌଜା: ଡୁରା, ପଡା ପେଣ୍ଟାପଲ୍ଲୀ, ବାହାଦୁର ପେଟା, ଡୁରା, ତହସିଲ: କନିସି, ଜିଲ୍ଲା: ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ପି ଏରମ୍ମାଙ୍କ ଗୃହ, ପଶ୍ଚିମ: ବି ସାତେୟାଙ୍କ ଗୃହ, ଉତ୍ତର: ଦଣ୍ଡାସୀ ଷ୍ଟ୍ରିଟ୍, ଦକ୍ଷିଣ: ରାସ୍ତା | ଟ.୧୧,୩୨,୫୦୦/- / ଟ.୧,୧୩,୨୫୦/- / ଟ.୧୧,୫୦୦/- |
| ୨. | **ନୀଳକଣ୍ଠନଗର ଶାଖା,ଫୋନ୍: ୯୮୬୧୨୮୧୨୩୪ /** ୧) **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ,** ପିତା: ଅଭିମନ୍ୟୁ ବିଶ୍ୱାଳ/ ସୁରକ୍ଷା ବିଶ୍ୱାଳ, ସା: ରାମ ନଗର ୨ୟ ଲେନ୍, କମାପଲ୍ଲୀ, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୦୦୦୨, ୨) **ଶ୍ରୀ ନୀଳକଣ୍ଠ ମହାନ୍ତି,** ପିତା: ଶ୍ରୀ ସୁଦର୍ଶନ ମହାନ୍ତି, ସା: ଶାସ୍ତ୍ରୀ ନଗର-୨, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୧୦୧୮ / **ମୋଟ ବକେୟା: ୦୬.୦୪.୨୦୨୦ ସୁଦ୍ଧା ଟ.୧୯,୧୫,୨୯୧.୫୦** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ**ଙ୍କ ନାମରେ ଥିବା ଜମି ସହିତ ଫାଉଣ୍ଡେସନ୍ ଷ୍ଟ୍ରକଚର ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୪୨୬୭/ ୧୫୬୩୯/ ୧୬୮୩୭, ଖାତା ନଂ.: ୧୫୩୦/୭୯୪୧, ମୌଜା: ଭାବିନିପୁର, ରେଭିନ୍ୟୁ ସର୍କଲ: ବଡ଼କୁଶସ୍ଥଳି, ଥାନା: ବ୍ରହ୍ମପୁର ସଦର, ତହସିଲ: କନିସି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଗୃହ ସମ୍ପତ୍ତିର **ସମୁଦାୟ ପରିମିତ କ୍ଷେତ୍ର: ଏକର ୦.୦୧୪ ଡ଼ିସିମିଲି,** ଏହାର ଚାରିପାର୍ଶ୍ୱରେ ପୂର୍ବ: ନୀଳକଣ୍ଠ ମହାନ୍ତିଙ୍କ ସମ୍ପତ୍ତି, ପଶ୍ଚିମ: ସନ୍ତୋଷ କୁମାର ସାହୁ ଏବଂ ଲକ୍ଷ୍ମୀକାନ୍ତ ପାଢ଼ୀଙ୍କ ସମ୍ପତ୍ତି, ଉତ୍ତର: ପ୍ଲଟ୍ ନଂ.: ୪୨୪୪, ଦକ୍ଷିଣ: ରାସ୍ତା | ଟ.୧୧,୨୮,୦୦୦/- / ଟ.୧,୧୫,୦୦୦/- / ଟ.୧୨,୦୦୦/- |
| ୩. | **ଦିଗପହଣ୍ଡି ଶାଖା, ଫୋନ୍: ୯୭୦୪୯୧୯୨୭୦ /** ୧) **ମେସର୍ସ ଅଏଲ୍‌ଲେସ୍ ଫୁଡ୍ ଇଣ୍ଡଷ୍ଟ୍ରି, ସ୍ୱତ୍ତ୍ୱାଧିକାରୀ: ଶ୍ରୀମତୀ ହିଙ୍ଗଳ ତିଲତମା ରେଡ୍ଡୀ,** ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨, ୨) **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ,** ପିତା: ଶ୍ରୀ ହିଙ୍ଗଳ ସୋମନାଥ ରେଡ୍ଡୀ, ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨ / **ମୋଟ ବକେୟା: ୧୦.୧୦.୨୦୨୨ ସୁଦ୍ଧା ଟ.୧୧,୪୯,୧୦୬.୬୭** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ**ଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୩୭୧୭, ଖାତା ନଂ.: ୬୬୯, ରେଭିନ୍ୟୁ ମୌଜା: ଗୋକର୍ଣ୍ଣପୁର, ତହସିଲ/ଏସ୍‌ଆର୍‌ଓ: ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା, ପରିମିତ କ୍ଷେତ୍ର: ଏକର ୦.୦୨୦ ଡିସିମିଲି ଯାହା ୮୭୧ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ଉତ୍ତର: ରାସ୍ତା, ଦକ୍ଷିଣ: ଶିବରାମ ମହାରଣାଙ୍କ ଜମି, ପୂର୍ବ: ଏଚ୍ ରଘୁନାଥ ରେଡ୍ଡୀଙ୍କ ଗୃହ, ପଶ୍ଚିମ: ଏଚ୍ କସ୍ତୁରୀଙ୍କ ଗୃହ | ଟ.୧୮,୩୫,୦୦୦/- / ଟ.୧,୮୩,୫୦୦/- / ଟ.୧୯,୦୦୦/- |
| ୪. | **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଶ୍ରୀ ପ୍ରଭାକର ସାହୁ,** ପିତା: ଶ୍ରୀ ଅଶୋକ କୁମାର ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା,୨) **ଶ୍ରୀ ଅଶୋକ କୁମାର ସାହୁ,** ପିତା: ଶ୍ରୀ ଖଲ୍ଲି ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା / **ମୋଟ ବକେୟା: ୦୧.୦୯.୨୦୧୮ ସୁଦ୍ଧା ଟ.୧୦,୨୧,୪୬୪/-** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ଶ୍ରୀ ଅଶୋକ କୁମାର ସାହୁ(ସମ୍ପତ୍ତିର ମାଲିକ)**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପରିମିତ କ୍ଷେତ୍ର:୧୦୮୯ ବର୍ଗଫୁଟ, ପ୍ଲଟ୍ ନଂ.: ୧୧୧୮, ଖାତା ନଂ.: ୪୭୦/୨୮୧, ରେଭିନ୍ୟୁ ମୌଜା: ଆରୁଆପଲ୍ଲୀ, ଆରୁଆପଲ୍ଲୀ, ଗଞ୍ଜୁ, ଗଞ୍ଜାମ ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ତ୍ରିନାଥ ସାହୁଙ୍କ ଗୃହ, ପଶ୍ଚିମ: ନରସିଂଘ ସାହୁଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ସୀମା ବେହେରାଙ୍କ ସମ୍ପତ୍ତି | ଟ.୨୯,୦୩,୦୦୦/- / ଟ.୨,୯୦,୩୦୦/- / ଟ.୨୯,୧୦୦/- |
| ୫. | **କୁଲ୍ଲାଡ ଶାଖା, ଫୋନ୍: ୭୦୦୪୮୩୬୬୭୬ /** ୧) **ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକ, ୨) **ବିଜୟ ନାୟକ,** ପିତା: ସହଦେବ ନାୟକ, ଉଭୟଙ୍କ ଠିକଣା- ସା.: ରାଇପଲ୍ଲୀ, ପୋ.: ତିଲିସିଙ୍ଗି, ଭାୟା: କୁଲ୍ଲାଡ, ଗଞ୍ଜାମ, ଓଡିଶା-୭୬୧୧୩୧ / **ମୋଟ ବକେୟା: ୩୧.୦୩.୨୦୨୧ ସୁଦ୍ଧା ଟ.୮,୯୪,୧୦୫.୭୦** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | ୧) **ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ବାଲିଆପଟା, ଏସ୍‌ଆର୍‌ଓ /ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୬୮/୧୦୦, ପ୍ଲଟ୍ ନଂ.: ୭୬୭/୧୨୦୮, କ୍ଷେତ୍ର: ଏକର ୦.୨୦୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ : ଉମା ଚରଣ ପ୍ରଧାନଙ୍କ ଜମି, ପଶ୍ଚିମ: ଶତ୍ରୁଘନ ପ୍ରଧାନଙ୍କ ଜମି, ଦକ୍ଷିଣ: ରବିନ୍ଦ୍ର ନାୟକଙ୍କ ପ୍ଲଟ୍ ନଂ.: ୭୬୮, ଉତ୍ତର: ରାସ୍ତା, ୨) **ବିଜୟ ନାୟକ,** ପିତା: ସହଦେବ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ରାଇପଲ୍ଲୀ, ଏସ୍‌ଆର୍‌ଓ / ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୨୩, ପ୍ଲଟ୍ ନଂ.: ୯୯୫, କ୍ଷେତ୍ର: ଏକର ୦.୦୩୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଲିଙ୍ଗରାଜ ପ୍ରଧାନଙ୍କ ଜମି, ଦକ୍ଷିଣ: କାଶୀନାଥ ଗୌଡଙ୍କ ଜମି, ଉତ୍ତର: ତ୍ରିନାଥ ନାୟକଙ୍କ ଜମି, ପଶ୍ଚିମ: ରାସ୍ତା | (୧) ଟ.୧୧,୬୬,୦୦୦/- / ଟ.୧,୨୦,୦୦୦/- / ଟ.୧୨,୦୦୦/- (୨) ଟ.୫,୮୫,୦୦୦/- / ଟ.୬୦,୦୦୦/- / ଟ.୬,୦୦୦/- |
| ୬. | **ରମ୍ଭା ଶାଖା, ଫୋନ୍: ୯୮୬୧୦୧୪୪୯୦ /** ୧) **ରଞ୍ଜନ କୁମାର ନାହାକ,** ପିତା: ରାମ ଚନ୍ଦ୍ର ନାହାକ, ୨) **ଗୁରୁବାରୀ ନାହାକ (ବନ୍ଧକଦାତା/ଗ୍ୟାରେଣ୍ଟିଦାତା),** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ୩) **ବିକ୍ରମ କୁମାର ନାହାକ,** ପିତା: ହାଡୁ ବନ୍ଧୁ ନାହାକ, ସମସ୍ତଙ୍କ ଠିକଣା- ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମ, ପିନ୍-୭୬୧୦୨୮ / **ମୋଟ ବକେୟା: ୩୧.୦୩.୨୦୨୧ ସୁଦ୍ଧା ଟ.୨,୫୩,୭୨୦.୦୭** + ସେବାବଦ ଅର୍ଜିତ ପରବର୍ତ୍ତୀ ସୁଧ, ଅନ୍ୟାନ୍ୟ ଖର୍ଚ୍ଚ ଓ ଦେୟ | **ଗୁରୁବାରୀ ନାହାକ,** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ସା: ଏନ୍‌ଏସି ମେନ୍ ରୋଡ୍, ହାଇସ୍କୁଲ ସମ୍ମୁଖ, ମୌଜା: ମଧୁରଚୁଆ, ଥାନା: ରମ୍ଭା, ତହସିଲ/ ଜିଲ୍ଲା: ଗଞ୍ଜାମ, ପ୍ଲଟ୍ ନଂ.: ୫୧୩, ଖାତା ନଂ.:୧୯୫ (ପୁରୁଣା), ଖାତା ନଂ.: ୩୧୨/୨୧୩ (ନୂତନ), କ୍ଷେତ୍ର: ଏକର୦.୦୩୬ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ନାହାକଙ୍କ ଗୃହ, ପଶ୍ଚିମ: ଭିକାରୀ ନାହାକଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ଯୋଗୀ ମହାପାତ୍ରଙ୍କ ଜମି | ଟ.୧୩,୧୦,୦୦୦/- / ଟ.୧,୩୧,୦୦୦/- / ଟ.୧୫,୦୦୦/- |

**ଇ-ନିଲାମ ତାରିଖ ଏବଂ ସମୟ : ତା.୧୧.୧୨.୨୦୨୫ରିଖ ମଧ୍ୟାହ୍ନ ୧୨:୦୦ ଘଟିକାରୁ ଅପରାହ୍ନ ୫:୦୦ ଘଟିକା ମଧ୍ୟରେ** (ପ୍ରତ୍ୟେକଙ୍କ ପାଇଁ ଅସୀମିତ ବର୍ଦ୍ଧିତ ୧୦ ମିନିଟ୍ ସମୟ ସହିତ), ଇ-ନିଲାମ ୱେବ୍‌ସାଇଟ୍ : **https://baanknet.com**

**ଅମାନତ ରାଶି ଦାଖଲ କରିବାର ଅନ୍ତିମ ତାରିଖ ଏବଂ ସମୟ : ତା.୧୧.୧୨.୨୦୨୫ରିଖ ଇ-ନିଲାମ ଆରମ୍ଭ ସୁଦ୍ଧା**

**ଅମାନତ ରାଶି ଜମା କରିବାର ଆକାଉଣ୍ଟର ବିବରଣୀ:** ପେମେଣ୍ଟ ଗେଟ୍‌ୱେ ମାଧ୍ୟମରେ ଅମାନତ ରାଶି ପୈଠ କରନ୍ତୁ ଏବଂ ଚଲାଣ ଜେନେରେଟ୍ କରି ମଧ୍ୟ ପୈଠ କରନ୍ତୁ ଏବଂ ଅମାନତ ରାଶି ବିଡରଙ୍କ ଇଏମ୍‌ଡି ୱାଲେଟ୍‌କୁ ସ୍ଥାନାନ୍ତର କରନ୍ତୁ

**ଇଚ୍ଛୁକ କ୍ରେତାମାନଙ୍କ ନିମନ୍ତେ ସମ୍ପତ୍ତିଗୁଡିକୁ ତନଖି କରିବାର ତାରିଖ ଏବଂ ସମୟ : ତା.୧୦.୧୨.୨୦୨୫ରିଖ ସୁଦ୍ଧା ବ୍ୟାଙ୍କ କାର୍ଯ୍ୟାଳୟ ସମୟ ମଧ୍ୟରେ,ଏନ୍‌କମ୍ବ୍ରାନ୍‌ସେସ୍ ବିବରଣୀ ଯଦି କିଛି ଥାଏ : ନାହିଁ**

ରେଜିଷ୍ଟ୍ରେସନ୍ ଏବଂ ଲଗଇନ ଓ ନିଲାମ ସମ୍ବନ୍ଧୀୟ ନିୟମ ଏବଂ ସର୍ତ୍ତାବଳୀ ନିମନ୍ତେ ବ୍ୟାଙ୍କର ପ୍ରଦତ୍ତ ୱେବ୍‌ସାଇଟ୍: **https://baanknet.com and https://www.unionbankofindia.co.in/auction-property/view-auction-property.aspx** ଦେଖନ୍ତୁ। ସବିଶେଷ ବିବରଣୀ ନିମନ୍ତେ ଯୋଗାଯୋଗ କରନ୍ତୁ: ଶ୍ରୀ ଦୁର୍ଗା ପ୍ରସାଦ ବେହେରା, ମୋ.: ୬୨୮୯୨୪୬୪୯୨

ଏହି ବିକ୍ରୟ ନୋଟିସ୍‌ଟି ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୯(୧) ଅନୁଯାୟୀ ୧୫ ଦିନିଆ ବୈଧାନିକ ବିକ୍ରୟ ନୋଟିସ୍ ଅଟେ।

ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ର ରୁଲ୍ ୯(୧) ଅନୁଯାୟୀ ରଣଗ୍ରହୀତା ଏବଂ ଗ୍ୟାରେଣ୍ଟିଦାତାମାନଙ୍କୁ ଏହା ଏକ ନୋଟିସ୍ କି, ଉପରଦର୍ଶିତ ତାରିଖ ଅନୁଯାୟୀ ଇ-ନିଲାମ ପ୍ରକ୍ରିୟାରେ ସେମାନଙ୍କର ରଣ ଆକାଉଣ୍ଟକୁ ବିକ୍ରୟ କରାଯିବ।

ସ୍ଥାନ: ବ୍ରହ୍ମପୁର, ତାରିଖ: ୨୫.୧୧.୨୦୨୫ — ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

**NOTICE**

By virtue of an affidavit sworn before Executive Magistrate, Puri, dated 20.11.2025 I, Sujata Mallik, D/o: Duryodhana Mallik, Vill- Balipadia, Po: Gorual, Ps: puri sadar, Dist: Puri, Pin: 752002, odisha declare that I have changed my name from Puja Mallik to Sujata Mallik. Henceforth, I shall be known as Sujata Mallik for all purposes.

**Sujata Mallik**

**AFFIDAVIT**

By virtue of an affidavit sworn before NOTARY PUBLIC, KESINGA, Dated 24/11/2025. I, PRIYA RANJAN SADANGI, S/o- Niranjan Sarangi, At: Bagad, Po/Ps - Kesinga, Dist.: Kalahandi, Odisha declare that, I have changed my name from PRIYA RANJAN SADANGI to PRIYA RANJAN SARANGI. Henceforth, I shall be known as PRIYA RANJAN SARANGI for all purpose.

**PRIYA RANJAN SARANGI**

**AFFIDAVIT**

**I, Jitendra Kumar Behera,** S/o.: Kuda Behera, Permanent resident of At/PO.: Arkil, P.S.: Rengali Dam Side, Dist.: Angul, Odisha-759100 declare by this Affidavit No.: 5927, sworn before Executive Magistrate, Angul on Dt.11.11.2025 that from now onwards my name Jitendra Behera will be known as **Jitendra Kumar Behera** for all future legal purposes.

**AFFIDAVIT**

By virtue of an affidavit sworn before NOTARY PUBLIC, KESINGA, Dated 24/11/2025. I, CHANMIYI DAS, W/o- Priya Ranjan Sarangi, At: Bagad, Ward No. 2, Po/Ps - Kesinga, Dist.: Kalahandi, Odisha declare that, I have changed my name from CHANMIYI DAS to CHINMAYEE DASH. Henceforth, I shall be known as CHINMAYEE DASH for all purpose.

**CHINMAYEE DASH**

**AFFIDAVIT**

By virtue of an affidavit before the Notary Public, Titilagarh, on dated- 15/11/2025. I, **Susanta Behera** (new name), formerly called as Shushant Behera (old name), S/o- Balakrishna Behera, permanent resident of AT/PO- Rigdul, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Shushant Behera** (old name) to **Susanta Behera** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Susanta Behera** (new name) for all future purposes.

**Susanta Behera**

**AFFIDAVIT**

By virtue of an affidavit sworn before NOTARY PUBLIC, KESINGA, Dated 24/11/2025. I, PRIYA RANJAN SARANGI, S/o- Niranjan Sarangi, At: Bagad, Po/Ps - Kesinga, Dist.: Kalahandi, Odisha declare that, I have changed my daughter's name from SANTIDAUPA SADANGI to SHANTADWEEPA SARANGI. Henceforth, she will be known as SHANTADWEEPA SARANGI for all purpose.

**PRIYA RANJAN SARANGI**

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar Address dated 21.11.2025, I, Baidhar Shau, Vill-Narasinghpur, P.O.:- Bhandaridiha, Dist-Kendujhar, Odisha Pin-758025 declare that, I have changed the name of my daughter from Dipika Priyadarshini Shau to Dipika Priyadarshini Sahu. Henceforth, she shall be known as Dipika Priyadarshini Sahu for all purposes.

**AFFIDAVIT**

I, Sutapali Balajee, S/o- Sri Surya Narayan Sutapali, Resident of Dasarathi Street, Bell Road, Back side of Old Bhaskar Rao Pan Shop, Jeypore L/R, Po./Ps.- Jeypore Town, Dist.- Koraput, Odisha declare by this affidavit no. 1043, dated- 25/11/2025 that, now onwards I shall be known as **SUTAPALI BALAJI** for all future purposes.

**AFFIDAVIT**

I, Sakuntala Chintala, W/o Eswara Rao Chintala, resident of B-801, Tamarind Terraces, Sailashree Vihar, Bhubaneswar-751021, Odisha declare by this affidavit no: IN-KA64946228954308X, dt- 09/10/2025 that now onwards I shall be known as **SAKUNTALA SAHU** for all future purposes.

**GOVERNMENT OF ODISHA**
**ST & SC DEVELOPMENT DEPARTMENT**
**INTEGRATED TRIBAL DEVELOPMENT AGENCY: CHAMPUA**
**DIST- KEONJHAR**
**"e" procurement Notice**
**Bid Identification No. ITDACH.-04/2025-26**
**No. 1915 Dt. 25.11.2025**
**e-mail: itda.champua@gmail.com**

| | | |
|---|---|---|
| 1 | No. of the work :- | 02 Nos of Construction work. |
| 2 | Estimated cost :- | Rs. 260.76 to Rs.260.76 lakh |
| 3 | Period of completion :- | **09 (Nine Calender Months)** |
| 4 | Date and Time of availability of Bid document in the portal:- | From 10.00 Hr **02.12.2025** to 17.30 Hr of **13.12.2025** |
| 5 | Last date / Time for receipt of bids in the portal :- | 17.30 Hr of **13.12.2025.** |
| 6 | Date of opening of Bid from Portal :- | 11.30 Hr of **15.12.2025.** |
| 7 | Name and address of the officer inviting Bid :- | Project Administrator, I.T.D.A., Champua |

Further details can be seen from the e-procurement portal "http://tendersorissa.gov.in"

Project Administrator,
I.T.D.A., Champua.

# ବଢ଼ୁଛି ଲଘୁ ଖଣିଜ ସମ୍ପଦର ବେଆଇନ ଚାଲାଣ



କାଲିମେଲା/ପଡିଆ,୨୫।୧୧(ସମିସ): ମାଲକାନଗିରି ଜିଲ୍ଲା ସୀମାବର୍ତ୍ତୀ ପଡିଆ ବ୍ଲକ୍‌ର ଏକାଧିକ ସ୍ଥାନରୁ ଦୈନିକ ଶହ ଶହ ଟ୍ରକ ମେଟାଲ୍ ଓ ଗୋଡ଼ି ଭଳି ଲଘୁ ଖଣିଜ ସମ୍ପଦ ବେଆଇନ ଭାବେ ପୋଡଶୀ ଛତିଶଗଡ଼ ରାଜ୍ୟର ବିଭିନ୍ନ ସ୍ଥାନକୁ ଚାଲାଣ ହେଉଥିବାବେଳେ ପ୍ରଶାସନ ନିରବଦ୍ରଷ୍ଟା ସାଜିଥିବା ଅଭିଯୋଗ ହୋଇଛି। ସୂଚନାନୁଯାୟୀ, ପଡ଼ିଆ ବ୍ଲକ୍ ମାଟେରୁ ପଞ୍ଚାୟତ ଅନ୍ତର୍ଗତ ଟେକାଲଗୁଡା, ପରସନପଲ୍ଲୀ ଆଦି ଦୁଇଟି ସ୍ଥାନରେ ଏକ ବେସରକାରୀ ସଂସ୍ଥା କ୍ରସର ବସାଇ ଦୈନିକ ଶହଶହ ଟ୍ରକ କ୍ରସର୍ ମେଟାଲ୍, ଚିପ୍ସ ଆଦି ପ୍ରସ୍ତୁତ କରି ମାଲକାନଗିରି ଜିଲ୍ଲା ସମେତ ପଡୋଶୀ ଛତିଶଗଡ଼ ରାଜ୍ୟର ବିଭିନ୍ନ ସ୍ଥାନକୁ ଚାଲାଣ କରୁଥିବା ଜଣାପଡ଼ିଛି। ଚାଲାଣ ହେଉଥିବା ହାଇବା ଗୁଡିକଙ୍କଠାରେ କୌଣସି ୱେ ବିଲ କିମ୍ବା ୱାଇ ଫର୍ମ ନଥିବା ବେଳେ କେଉଁଠାରୁ କେତେ ପରିମାଣରେ ଲଘୁ ଖଣିଜ ଚାଲାଣ ହେଉଛି ତାହାର ହିସାବ କୌଣସି ଏକ ନିର୍ଦ୍ଦିଷ୍ଟ ବିଭାଗ ପାଖରେ ନଥିବା ଜଣାପଡ଼ିଛି। ସବୁଠାରୁ ବିଡମ୍ବନାର ବିଷୟ ଆଦିବାସୀ ଅଧ୍ୟୁଷିତ ଏହି ଇଲାକାରୁ ପଥର କୁଆଁରୀରୁ ବାହାରିବା ପରେ ପଥର, ମେଟାଲ୍ ଓ ଚିପ୍ସ ରୂପେ ପରିବର୍ତ୍ତନ ପରେ ବିକ୍ରି ବେଳେ କୌଣସି ବିଭାଗର ଲଗାମ ନଥିବା ଜଣାପଡିଛି। ଯାହାଫଳରେ ଲଘୁ ଖଣିଜ ସମ୍ପଦ ବିଭାଗ, ରାଜସ୍ୱ ବିଭାଗ ଓ ପୁଲିସ ବିଭାଗ ସମସ୍ତେ ଦୈନିକ ଶହଶହ ଟ୍ରକ ଲଘୁ ଖଣିଜ ସମ୍ପଦ ବାହାର ରାଜ୍ୟକୁ ଚାଲାଣ ହେଉଥିଲେ ମଧ୍ୟ ସରକାରୀ ଅଧିକାରୀମାନେ ନିରବଦ୍ରଷ୍ଟା ସାଜିଛନ୍ତି। ଅନ୍ୟପଟେ ବିନା ଟିକସ ଓ ରାଜସ୍ୱରେ ଦୈନିକ ଏତେ ସଂଖ୍ୟକ ଟ୍ରକରେ ଚିପ୍ସ, ଗୋଡ଼ି, ବଜୁରୀ ବାହାର ରାଜ୍ୟକୁ ଚାଲାଣ ହେବା ସରକାରୀ ଅଧିକାରୀଙ୍କ ଉଦାସୀନତାକୁ ପଦାରେ ପକାଇଛି। ବିଭିନ୍ନ

**● ପ୍ରଶାସନ ନୀରବଦ୍ରଷ୍ଟା**

ମହଲରେ ସରକାରୀ ବାବୁ ଓ କ୍ରସର ମାଲିକଙ୍କ ମଧୁଚନ୍ଦ୍ରିକାର ଏହା ନଗ୍ନ ଉଦାହରଣ ବୋଲି କୁହାଯାଇଛି। ପ୍ରକାଶ ଥାଉକି, ୨୦୨୨ ଜୁନ୍ ୨୦ରୁ ଚଳିତ ବର୍ଷ ଜୁନ୍ ୧୯ ପର୍ଯ୍ୟନ୍ତ ପ୍ରାୟ ପାଞ୍ଚ ବର୍ଷ ଧରି ପଥର କୁଆଁରୀ ଏହି ବେସରକାରୀ ସଂସ୍ଥାକୁ ପ୍ରଦାନ କରାଯାଇଥିଲା। ଅନ୍ୟପଟେ ଏ ବାବଦରେ ଜିଲ୍ଲା ମାଇନିଂ ବିଭାଗକୁ ଯୋଗାଯୋଗ କରିବାରୁ ମାଟେରୁ ପଞ୍ଚାୟତରେ ଗୋଟିଏ କୁଆଁରୀ ଓ ଗୋଟିଏ କ୍ରସର ନିମନ୍ତେ ଅନୁମତି ରହିଛି ଓ ଚାଲାଣ ବେଳେ ବିଭାଗର ସେତେଟା ଅଧିକାର ରହୁ ନଥିବା କହିଛନ୍ତି। ମୋଟୁର ଅତିରିକ୍ତ ତହସିଲଦାର ନାରାୟଣ ନାୟକଙ୍କୁ ଏବାବଦରେ ପଚାରିବାରୁ ରାଜସ୍ୱ ବିଭାଗର ଏନେଇ କୌଣସି ଅଧିକାର ନଥିବା କହିଛନ୍ତି। ଶେଷରେ ଏ ବାବଦରେ ପଡିଆ ଥାନା ଅଧିକାରୀଙ୍କ ସହ ଯୋଗାଯୋଗ କରିବାରୁ ଯଦି କୌଣସି ବେଆଇନ କ୍ରସର୍ ଥାଏ ତାହେଲେ କାର୍ଯ୍ୟାନୁଷ୍ଠାନ କରାଯିବ ଅନ୍ୟଥା କ୍ରସର ସାମାଗ୍ରୀ ସେ ପଡୋଶୀ ରାଜ୍ୟ ଛତିଶଗଡକୁ ନେଇ ବିକ୍ରି କରି ପାରିବ ବୋଲି କହିଛନ୍ତି। ତେବେ ପ୍ରଶାସନର ତଦାରଖ ବିନା ଶହଶହ ଗାଡି ଲଘୁ ଖଣିଜ ଚାଲାଣ ଓ ଗୋଟିଏ ଖାଦାନରେ ଏକାଧିକ କ୍ରସର ସ୍ଥାପନ ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଭିନ୍ନ ଭିନ୍ନ ମତ ପ୍ରକାଶ ପାଉଛି। ତେଣୁ ମାଟେରୁ ପଞ୍ଚାୟତରେ ରହିଥିବା ଏହି ପଥର ଖାଦାନ ସମେତ ଦୁଇଦୁଇଟି କ୍ରସର ପଥର ଉଠାଣ ଓ ବିକ୍ରିକୁ ନେଇ ପୁଙ୍ଖାନୁପୁଙ୍ଖ ତଦନ୍ତ କଲେ ଏକ ବଡ ଧରଣର ଗୁମର ଫିଟିବ ବୋଲି ସାଧାରଣରେ ଆଲୋଚନା ହେଉଛି। ତେବେ ଏନେଇ ମାଲକାନଗିରି ଅତିରିକ୍ତ ଜିଲ୍ଲାପାଳ ବେଦବର ପ୍ରଧାନଙ୍କୁ ଯୋଗାଯୋଗ କରିବାରୁ, ତୁରନ୍ତ ଏବିଷୟରେ ଜିଲ୍ଲା ଖଣି ବିଭାଗକୁ ଅବଗତ କରାଇ ହେଉଥିବା ବେଆଇନ କାର୍ଯ୍ୟର ତଦନ୍ତ ସହ ଏହା ଉପରେ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଥିଲେ।

# ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଉଦ୍‌ଘାଟିତ




ମାଲକାନଗିରି,୨୫।୧୧(ସମିସ): ମାଲକାନଗିରି ଜିଲ୍ଲାରେ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଉଦ୍‌ଘାଟିତ ହୋଇଯାଇଛି। ଜିଲ୍ଲାର ପ୍ରଧାନିଗୁଡାରେ ଏହାର ଶୁଭ ଉଦଘାଟନ ହୋଇଥିଲା। ଏହି ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବରେ ନବରଙ୍ଗପୁର ସାଂସଦ ବଳଭଦ୍ର ମାଝୀ ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବରେ ମାଲକାନଗିରି ବିଧାୟକ ନରସିଂ ମଡ଼କାମୀ ଏବଂ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସମାରୀ ତାଙ୍ଗୁଲୁ ଯୋଗଦେଇଥିଲେ। ଏହାସହ ନବରଙ୍ଗପୁର ସାଂସଦ ପ୍ରତିନିଧି ସଞ୍ଜୟ ସରକାର, ସ୍ଥାନୀୟ କାଉନସିଲର ପେଣ୍ଡରା ପ୍ରସାଦ ପଣ୍ଡା ଉପସ୍ଥିତ ରହିଥିଲେ। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ତରଫରୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ଦୋଳମଣି ପ୍ରଧାନ, ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ଚୌଧୁରୀ ନିହାର ରଞ୍ଜନ ପ୍ରହରାଜ, ଅତିରିକ୍ତ ଜିଲ୍ଲା ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ଦିବାକର ମାଝୀ, ଅତିରିକ୍ତ ଜିଲ୍ଲା ଜନ ସ୍ୱାସ୍ଥ୍ୟ ଅଧିକାରୀ, ଡା. ନୀଳମଣି ତିଳକଚାନ୍ଦ ବେହେରା, ଜିଲ୍ଲା କାର୍ଯ୍ୟକ୍ରମ ପରିଚାଳିକ, ଜାତୀୟ ସ୍ୱାସ୍ଥ୍ୟ ମିଶନ, ଡା. ମୌସୁମୀ ମିଶ୍ର ଯୋଗଦେଇଥିଲେ। ଏହି ଆୟୁଷ୍ମାନ ଆରୋଗ୍ୟ ମନ୍ଦିର, ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରଟି ଜେଲ ସାହି ମାଲକାନଗିରି ଠାରୁ ପ୍ରଧାନିଗୁଡା, ନୂତନ ନିର୍ମିତ କୋଠା ଗୃହକୁ ସ୍ଥାନାନ୍ତରିତ ହୋଇଛି। ଅତିଥିଗଣ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରର ବିଭିନ୍ନ ବିଭାଗକୁ ପରିଦର୍ଶନ କରିଥିଲେ। ପରେ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ସଭାଗୃହରେ ଏକ ସାଧାରଣ ସଭା ଆୟୋଜନ କରାଯାଇଥିଲା। ସାଂସଦ ଉପସ୍ଥିତ ଜନସାଧାରଣଙ୍କୁ ସ୍ୱାସ୍ଥ୍ୟ କେନ୍ଦ୍ରରେ ଉତ୍ତମ ସ୍ୱାସ୍ଥ୍ୟ ସେବା ଯୋଗାଇଦେବା ଏବଂ ସ୍ୱାସ୍ଥ୍ୟ କର୍ମୀ, ସ୍ୱାସ୍ଥ୍ୟ ଅଧିକାରୀଙ୍କୁ ନିରବଚ୍ଛିନ୍ନ ସ୍ୱାସ୍ଥ୍ୟ ସେବା ଯୋଗାଇଦେବା ନିମନ୍ତେ ନିର୍ଦ୍ଦେଶ ଦେଇଥିଲେ। ଏହି ଉଦଘାଟନୀ କାର୍ଯ୍ୟକ୍ରମରେ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରର ଡା. ଅଭିଷେକ ମିଶ୍ର, ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କର୍ମଚାରୀ, ଜିଲ୍ଲାସ୍ତରୀୟ ଅଧିକାରୀଗଣ ଉପସ୍ଥିତ ଥିଲେ।

# ଆଇଟିଆଇରେ ଅଗ୍ନିଶମ ବିଭାଗର ମକ୍‌ଡ୍ରିଲ୍



ନନ୍ଦପୁର,୨୫।୧୧(ସମିସ): ନନ୍ଦପୁର ଅଗ୍ନିଶମ ବିଭାଗ ପକ୍ଷରୁ ସ୍ଥାନୀୟ ଆଇଟିଆଇ କଲେଜ୍ ପରିସରରେ ମୋକଡ୍ରିଲ ଅନୁଷ୍ଠିତ ହୋଇଯାଇଛି। କଲେଜ୍ ଛାତ୍ରଛାତ୍ରୀ ଓ ଶିକ୍ଷକମାନଙ୍କ ମଧ୍ୟରେ ଅଗ୍ନି ନିର୍ବାପଣ ସଚେତନତା, ଆପାତକାଳୀନ ପ୍ରତିକ୍ରିୟା ଓ ରେସ୍କ୍ୟୁ ପ୍ରକ୍ରିୟା ବିଷୟରେ ସଚେତନ କରାଯାଇଥିଲା। ଅଗ୍ନିଶମ କର୍ମୀମାନେ ଅଗ୍ନି ଲାଗିଲେ କିପରି ସତର୍କତା ଅବଲମ୍ବନ କରିବା ଉଚିତ, କିପରି ଧୁଆଁ ଭରିଥିବା ଘରୁ ସୁରକ୍ଷିତଭାବେ ବାହାରିବା, ଅଗ୍ନି ନିର୍ବାପଣ ଯନ୍ତ୍ର ବ୍ୟବହାର ପ୍ରଣାଳୀ ସହିତ ବିଭିନ୍ନ ରେସ୍କ୍ୟୁ ପ୍ରକ୍ରିୟା ପ୍ରାୟୋଗିକ ଭାବେ ଦେଖାଇଥିଲେ। ଅଂଶଗ୍ରହଣକାରୀ ମାନେ ଜରୁରୀ କାଳୀନ ପରିସ୍ଥିତିରେ ଅଧିକ ପ୍ରଭାବଶାଳୀ ପ୍ରତିକ୍ରିୟା ସୁନିଶ୍ଚିତକରିବା, ସମନ୍ୱିତ କାର୍ଯ୍ୟ, ଯୋଗାଯୋଗ ପ୍ରୋଟୋକଲ୍ ଏବଂ ଦ୍ରୁତ ନିଷ୍ପତ୍ତି ଗ୍ରହଣ କରିବା ଅଭ୍ୟାସ କରିଥିଲେ। ନନ୍ଦପୁର ଅଗ୍ନିଶମ ବିଭାଗ ପକ୍ଷରୁ ଏଏସଓ ହେମନ୍ତ ସାମଲ, ଫାୟାର ଫାଇଟର ପ୍ରକାଶ କିଷାନ୍, ରଞ୍ଜନ ମଲ୍ଲିକ, ଥବିର ଭୋଇ ଓ ଦିଲେଶ୍ୱର୍ ସେଠୀଆ, ଜଗନ୍ନାଥ ଦଳାଇ, କିରଣ କୁମାର ମହାରଣା ପ୍ରମୁଖ ଉପସ୍ଥିତ ରହି ବିପର୍ଯ୍ୟୟ ସମୟରେ ମିଳିତ ପ୍ରୟାସ ମାଧ୍ୟମରେ ସମାଜକୁ ସୁରକ୍ଷା ଦେବାରେ ଏପରି ଅଭ୍ୟାସର ଗୁରୁତ୍ୱ ଉପରେ କହିଥିଲେ।

# ୩୨ ଲିଟର ମଦ ଜବତ; ୨ ଗିରଫ

ତେନ୍ତୁଳିଖୁଣ୍ଟି,୨୫।୧୧(ସମିସ): ନବରଙ୍ଗପୁର ଅବକାରୀ ଅଧିକ୍ଷକ ପ୍ରତାପ କୁମାର ଦାସଙ୍କ ନିର୍ଦ୍ଦେଶ କ୍ରମେ ତଥା ଅବକାରୀ ନିରୀକ୍ଷକ ଦିଲ୍ଲୀପ କୁମାର ରଥଙ୍କ ନେତୃତ୍ୱରେ ତେନ୍ତୁଳିଖୁଣ୍ଟି ବ୍ଲକ୍ ଅନ୍ତର୍ଗତ ଖାତିଗୁଡା ଅଞ୍ଚଳରେ ଚଢ଼ଉ କରି ୩୨ ଲିଟର ରନ୍ଧା ମଦ ଜବତ କରାଯାଇଛି। ଏଥିରେ ଦୁଇଜଣଙ୍କୁ ଗିରଫ କରି ଜଣଙ୍କୁ ବ୍ୟକ୍ତିଗତ ମୁଚାଲିକାରେ ଛଡା ଯାଇଥିବା ବେଳେ ଅନ୍ୟ ଜଣଙ୍କୁ କୋର୍ଟଚାଲାଣ କରାଯାଇଥିବା ଅବକାରୀ ବିଭାଗ ପକ୍ଷରୁ ସୂଚନା ମିଳିଛି। ଅବକାରୀ ବିଭାଗ ପକ୍ଷରୁ ଖାତିଗୁଡ଼ା ଥାନା ଅର୍ନ୍ତଗତ ବିରୀଗୁଡା ଗ୍ରାମରେ ଚଢ଼ଉ କରି ଜଣେ ମଦ ବ୍ୟବସାୟୀଙ୍କୁ ଗିରଫ କରିଥିବା ବେଳେ ତାଙ୍କ ନିକଟରୁ ୧୪ ଲିଟର ଚୋରା ଦେଶୀ ହାତ ରନ୍ଧା ମଦ ଜବତ କରାଯାଇଛି। ସେହିପରି ଖାତିଗୁଡା ଥାନା ଅନ୍ତର୍ଗତ ଲାଉଗୁଡା ଗ୍ରାମରେ ଚଢ଼ଉ କରି ମଦ ବ୍ୟବସାୟୀଙ୍କ ନିକଟରୁ ୧୮ ଲିଟର ଚୋରା ଦେଶୀ ରନ୍ଧା ମଦ ଜବତ କରାଯାଇଥିବା ବେଳେ ତାଙ୍କୁ ଏସଡିଜେଏମଙ୍କ ଅଦାଲତରେ ହାଜର କରାଯାଇଛି। ଏହି ଚଢ଼ଉରେ ରଞ୍ଜି ଜାନି, ରିସମା ସୁନା, ଅକ୍ରମ ଖାନ ସାମିଲ ରହି ସହଯୋଗ କରିଥିଲେ।

# ବ୍ଲକ୍‌ସ୍ତରୀୟ 'ଚଇତି' ପାଇଁ ପ୍ରସ୍ତୁତି ବୈଠକ





ଗୁଡାରୀ,୨୫।୧୧(ସମିସ): ଗୁଡାରୀ ପଞ୍ଚାୟତ କାର୍ଯ୍ୟାଳୟର ସଦ୍‌ଭାବନା କକ୍ଷରେ ମଙ୍ଗଳବାର ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁଶ୍ରୀ ସୁଚିସ୍ମିତା ବେହେରାଙ୍କ ତତ୍ତ୍ୱାବଧାନରେ ଗୁଡ଼ାରୀ ବ୍ଲକ୍‌ସ୍ତରୀୟ ଚଇତି ପାଳନ ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ପରିଷଦର ନିର୍ବାହୀ ଅଧିକାରୀ ପ୍ରସନ୍ନ ପାଢି, ଗୁଡାରୀ ତହସିଲଦାର ସୁଶ୍ରୀ ଏସ୍.ସ୍ନେହଲତା, ବ୍ଲକ୍ ଉପାଧ୍ୟକ୍ଷ ବିଶ୍ୱନାଥ ଶବର, ଗୁଡାରୀ ଥାନା ଅଧିକାରୀ ସମର୍ପିତା ସ୍ୱାଇଁ, ସିଡ଼ିପିଓ ଅନିତା ପାଣିଗ୍ରାହି, ଏମ୍‌ପି ପ୍ରତିନିଧି ମିନେକେଶ୍ୱର ରାଓ ଉପସ୍ଥିତ ଥିବା ବେଳେ ବ୍ଲକ୍ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ତଥା ନଅ ଗୋଟି ପଞ୍ଚାୟତର ସରପଞ୍ଚ, ସମିତିସଭ୍ୟ ଉପସ୍ଥିତ ଥିଲେ। ଆସନ୍ତା ଡିସେମ୍ବର ମାସରେ ହେବାକୁ ଥିବା ବ୍ଲକ୍‌ସ୍ତରୀୟ ଚଇତି ପର୍ବ ପାଇଁ କଳସୀ ଯାତ୍ରା ଠାରୁ ଆରମ୍ଭ କରି ମଞ୍ଚ ପରିଚାଳନା, ବିଭିନ୍ନ କ୍ରୀଡା ପ୍ରତିଯୋଗିତା, ତତ୍ ସହିତ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମର ବିଷୟକୁ ନେଇ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇଥିଲା। ଚଇତି-୨୦୨୫ର ପ୍ରତ୍ୟେକ କାର୍ଯ୍ୟକ୍ରମ ପାଇଁ ଗୁଡାରୀ କାର୍ଯ୍ୟାଳୟର କର୍ମଚାରୀଙ୍କ ମଧ୍ୟରେ ଦାୟିତ୍ୱ ବଣ୍ଟନ କରାଯାଇଥିଲା।

ବିଷମ କଟକ: ରାୟଗଡ଼ା ଜିଲ୍ଲା ବିଷମ କଟକ ପଞ୍ଚାୟତ ସମିତି କାର୍ଯ୍ୟାଳୟର ସମ୍ମିଳନୀ କକ୍ଷରେ ମଙ୍ଗଳବାର ବ୍ଲକ୍‌ସ୍ତରୀୟ ଲୋକ ମହୋତ୍ସବ ଚଇତି ପାଳନ ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶିବ ପ୍ରସାଦ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଏହି ବୈଠକଟି ଆୟୋଜିତ ହୋଇଥିବାବେଳେ ଆଦିବାସୀମାନଙ୍କ କଳା ଓ ସଂସ୍କୃତିର ଚଇତି ମହତ୍ସବଟି କିପରି ଲୋକାଭିମୂଖି ହୋଇପାରିବ ସେନେଇ ଆଲୋଚନା ହୋଇଥିଲା। ଏ ଅବସରରେ ବିଭିନ୍ନ ବର୍ଗର ଲୋକଙ୍କୁ ଏଥିରେ ସାମିଲ କରି ନୃତ୍ୟ, ଗୀତ, ବକ୍ତୃତା ସାଙ୍ଗକୁ ବିଭିନ୍ନ କ୍ରିଡ଼ା ପ୍ରତିଯୋଗିତା ଆୟୋଜନ କରିବା ନିମନ୍ତେ ଆଲୋଚନା ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ସୁଚାର ରୂପେ ପରିଚାଳନା କରିବା ନିମନ୍ତେ ବିଭିନ୍ନ କମିଟି ଗଠନ କରି ବିଭିନ୍ନ ବର୍ଗର ଲୋକଙ୍କୁ ସାମିଲ କରିବା ନିମନ୍ତେ ନିଷ୍ପତ୍ତି ହୋଇଛି। ଏଥିରେ ସ୍ଥାନୀୟ ଅଞ୍ଚଳରେ କଳା ଓ ସଂସ୍କୃତିକୁ ପ୍ରଦର୍ଶନ କରିବା ନିମନ୍ତେ କଳାକାରଙ୍କୁ ସୁଯୋଗ ଦିଆଯିବ। ଚଇତି ମହୋତ୍ସବ ପଡିଆରେ ବିଭିନ୍ନ ବିଭାଗ, ସ୍ୱୟଂ ସହାୟକ ଗୋଷ୍ଠୀମାନଙ୍କ ଦ୍ୱାରା ଷ୍ଟଲ ପ୍ରଦର୍ଶନ କରାଯିବାକୁ ମଧ୍ୟ ନିଷ୍ପତି ହୋଇଛି। ଆଜିର ଏହି ବୈଠକରେ ଲୋକପ୍ରତିନିଧିଙ୍କ ସଂଖ୍ୟା ଅଧିକ ମାତ୍ରାରେ କମ୍ ରହିଥିବାରୁ ଚଇତି ପାଳନର ତାରିଖ ଏବଂ ସ୍ଥାନ ଧାର୍ଯ୍ୟ ହୋଇପାରିନାହିଁ। ତେଣୁ ୨୯ ତାରିଖ ଦିନ ପୁନର୍ବାର ବୈଠକ କରି ସମସ୍ତ ଲୋକ ପ୍ରତିନିଧିଙ୍କ ଉପସ୍ଥିତି ଓ ସହମତି କ୍ରମେ ଦିନ ଏବଂ ସ୍ଥାନ ଧାର୍ଯ୍ୟ କରି ପ୍ରସ୍ତୁତି ଚୂଡାନ୍ତ କରାଯିବ ବୋଲି ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ପଟ୍ଟନାୟ ସୂଚନା ଦେଇଛନ୍ତି। ବୈଠକରେ ସଂସଦ ପ୍ରତିନିଧି ଦିଲ୍ଲିପ ପଟ୍ଟନାୟକ, ସହକାରୀ ଯନ୍ତ୍ରୀ ଝରଣା ତ୍ରିପାଠୀ, କୃଷି ଅଧିକାରୀ ଘନଶ୍ୟାମ ହାଇବୃ, ବିଏସ୍‌ଏସ୍‌ଓ ମୁନା ତାଡିଙ୍ଗି, ଯୋଗାଣ ନିରିକ୍ଷକ ଧିରେନ ସାହୁ, ଜଳ ଓ ପରିମଳ ବିଭାଗ ସହକାରୀ ଯନ୍ତ୍ରୀ ରାଜଶ୍ରୀ ପାତ୍ର, ମିଶନ ଶକ୍ତି ବିପିଏମ୍. ମାନସି ଟାକ୍ରି, କୁର୍ଲୀ ସରପଞ୍ଚ ସୁବର୍ଦ୍ଧନି ୱାଡକାଙ୍କ ସମେତ ବ୍ଲକ୍‌ର ସମସ୍ତ ବିଭାଗର କର୍ମଚାରୀ ଉପସ୍ଥିତ ଥିଲେ।

# ହ୍ୟୁମାନଙ୍କ ପାଇଁ ମହମବତୀ ଶୋଭାଯାତ୍ରା




ସେମିଳିଗୁଡ଼ା,୨୫।୧୧(ସମିସ): କୋରାପୁଟ ଜିଲ୍ଲା ସେମିଳିଗୁଡାରେ ହ୍ୟୁମାନ ସାଗରଙ୍କ ଆତ୍ମାର ସଦ୍‌ଗତି ନିମନ୍ତେ ମହମବତୀ ଶୋଭାଯାତ୍ରା ଆୟୋଜନ କରାଯାଇଛି। ସେମିଳିଗୁଡା ଯୁବଗୋଷ୍ଠୀମାନେ ସ୍ଥାନୀୟ ଗାଙ୍ଗାମା ମନ୍ଦିର ନିକଟରୁ ଶୋଭାଯାତ୍ରାରେ ବାହାରି ଜାତୀୟ ରାଜପଥ ଦେଇ ପୁରୁଣା ବସ୍‌ଷ୍ଟାଣ୍ଡ ପର୍ଯ୍ୟନ୍ତ ଯାଇଥିଲେ। ହ୍ୟୁମାନ ସାଗର ଅମର ରହେ ବୋଲି ନାରା ଦେବା ସହ ତାଙ୍କ ଆତ୍ମାର ସଦ୍‌ଗତି ନିମନ୍ତେ କ୍ୟାଣ୍ଡଲ ଜାଳିଥିଲେ ଓ ଫୋଟଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ।

# ବହୁଜନ ସମାଜ ପାର୍ଟିର ଦାବିପତ୍ର

କଲ୍ୟାଣସିଂହପୁର,୨୫।୧୧(ସମିସ): ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ୍‌ଠାରେ ବହୁଜନ ସମାଜ ପାର୍ଟି ତତ୍ତ୍ୱାବଧାନରେ କୋରପା ପଞ୍ଚାୟତ ଅଧୀନସ୍ତ ଲେଲିଙ୍ଗପଦର, ହେଟକଣା ଟିକରାଗୁଡା ଗ୍ରାମବାସୀଙ୍କ ମୌଳିକ ସମସ୍ୟାର ସମାଧାନ ନିମନ୍ତେ ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ୧୩ ଦଫା ଦାବି ସମ୍ବଳିତ ଦାବି ପତ୍ର ସ୍ଥାନୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ ପ୍ରଦାନ କରାଯାଇଛି। ଏହି ଦାବିପତ୍ର ପ୍ରଦାନ ସମୟରେ ବ୍ଲକ୍ ସଭାପତି କୃପାସିନ୍ଧୁ ଭତ୍ରା, ଜିଲ୍ଲା ସଭାପତି ଜିତୁ ଜାକେଶିକା, ଜିଲ୍ଲା ଉପସଭାପତି ଜାଗାମ ବେନିଆ, କୋଲନରା ବ୍ଲକ ସଭାପତି ଜିତେନ୍ଦ୍ର କରକରିଆଙ୍କ ସହ ଜିଲ୍ଲା ପ୍ରଭାରୀ ପୂର୍ଣ୍ଣଚନ୍ଦ୍ର ଟାକରି ଉପସ୍ଥିତ ଥିଲେ।

# ଭୂତଳ ଜଳ ପରିଚାଳନକୁ ନେଇ ତାଲିମ ଶିବିର

କୋରାପୁଟ,୨୫।୧୧(ସମିସ): ସ୍ଥାନୀୟ ସଦଭାବନା ସଭାଗୃହଠାରେ ଆଞ୍ଚଳିକ ଭୂତଳ ଜଳ ପରିଚାଳନା ଏବଂ ସମସ୍ୟାକୁ ନେଇ ତିନି ଦିନିଆ ତାଲିମ ଶିବିର ଉଦ୍‌ଘାଟିତ ହୋଇଯାଇଛି। ଦକ୍ଷିଣ ପୂର୍ବାଞ୍ଚଳ କେନ୍ଦ୍ରୀୟ ଭୂତଳ ଜଳ ବୋର୍ଡ ଦ୍ୱାରା ଆୟୋଜିତ ଶିବିରରେ ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ ମୁଖ୍ୟଅତିଥି ଏବଂ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବେଣୁଧର ଶବର ସମ୍ମାନିତ ଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରିଥିଲେ। ଭୂତଳ ଜଳ ସମସ୍ୟା, ବୈଜ୍ଞାନିକ ପଦ୍ଧତି, କୃତ୍ରିମ ରିଚାର୍ଜ ପ୍ରଯୁକ୍ତି, ନିରୀକ୍ଷଣ ପ୍ରଣାଳୀ ଏବଂ ସ୍ଥାୟୀ ଜଳ ପରିଚାଳନାକୁ ନେଇ ତାଲିମ ପ୍ରଦାନ କରାଯିବ। କେନ୍ଦ୍ରୀୟ ଭୂତଳ ଜଳ ବୋର୍ଡର କ୍ଷେତ୍ରୀୟ ନିର୍ଦ୍ଦେଶକ ବିକେ ସାହୁଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଶିବିରରେ ସନ୍ଧ୍ୟା ମହାପାତ୍ର, ଚିରାଶ୍ରୀ ମହାନ୍ତି, ସଂଜୟ କୁମାର ନାଏକ, ଆଶୁତୋଷ ଚୌଧୁରୀ, ମୌସୁମୀ ସାହୁ, ବିଏନ ଦେହୁରୀ, ସତ୍ୟମ ଶୁକ୍ଳା ପ୍ରମୁଖ ଉପସ୍ଥିତ ଥିଲେ। ବିଭିନ୍ନ ବିଭାଗର ସମୁଦାୟ ୨୮ ଜଣ ଅଧିକାରୀମାନେ ଶିବିରରେ ଯୋଗଦେଇ ତାଲିମ ନେବେ ବୋଲି ଜଣାପଡିଛି। ଜାତୀୟସ୍ତରରେ ପୁରସ୍କୃତ ହୋଇଥିବା ଦାମନଯୋଡିର ମାଲୁସାନ୍ତା ପିଏମଶ୍ରୀ ବିଦ୍ୟାଳୟକୁ ଅଂଶଗ୍ରହଣକାରୀମାନେ କ୍ଷେତ୍ର ପରିଦର୍ଶନ କରିବେ ବୋଲି ବୈଜ୍ଞାନିକ ଚିରାଶ୍ରୀ ମହାନ୍ତି ସୂଚନା ଦେଇଛନ୍ତି।

# ଡିଏଭି ଭିଏସ୍ ବିଦ୍ୟାଳୟରେ ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ

ସୁନାବେଡା,୨୫।୧୧(ସମିସ): ସୁନାବେଡା ମିଗ୍ ନଗରୀ ସ୍ଥିତ ଡିଏଭି ଭିଏସ୍ ବିଦ୍ୟାଳୟରେ କନ୍ୟା ଛାତ୍ରୀମାନଙ୍କ ପାଇଁ "ମେନଷ୍ଟ୍ରୁଆଲ୍ ହାଇଜିନ୍' ବିଷୟରେ ଏକ ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଏଚ୍ ଏ ଏଲ୍ ହସ୍ପିଟାଲର ଡାକ୍ତର ବିଳାସିନୀ ପ୍ରଧାନ ଯୋଗଦେଇଥିଲେ। ଡା. ପ୍ରଧାନ ମାସିକ ଧର୍ମର ସଠିକ୍ ପ୍ରକ୍ରିୟା, ସ୍ୱଚ୍ଛତା ରକ୍ଷା, ସ୍ୱାସ୍ଥ୍ୟ ଏବଂ ଏହାକୁ ନେଇ ଥିବା ସାମାଜିକ ଭ୍ରାନ୍ତିଗୁଡ଼ିକ ବିଷୟରେ ବିସ୍ତାରିତ ଆଲୋଚନା କରିଛନ୍ତି। ସେ ଛାତ୍ରୀମାନଙ୍କୁ ନିଜ ଶରୀର ବିଷୟରେ ସଚେତନ ହେବା ସହିତ ସଠିକ୍ ହାଇଜିନ୍ ଅନୁଶୀଳନ କରିବାକୁ କହିଥିଲେ। ଶେଷରେ ବିଦ୍ୟାଳୟର ଅଧ୍ୟକ୍ଷ ବାସୁଦେବ ପାଣିଗ୍ରାହୀ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଅଭିଯୋଗ ଶୁଣାଣିରେ ୩ ଗାଁର ରାସ୍ତା ସମସ୍ୟାକୁ ନେଇ ବର୍ଷିଲେ ଜିଲ୍ଲାପାଳ




ପୋଡାଗଡ଼,୨୫।୧୧(ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ୍ ସ୍ଥିତ ସମ୍ମିଳନୀ କକ୍ଷରେ ସୋମବାର ଜିଲ୍ଲାପାଳଙ୍କ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରଟି ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିବା ବେଳେ ସହକାରୀ ଯନ୍ତ୍ରୀ ଅଭିଷେକ ଷଡଙ୍ଗୀ ପରିଚାଳନା କରିଥିଲେ। ଜିଲ୍ଲା ଆରକ୍ଷୀ ଅଧିକ୍ଷକ ରୋହିତ ବର୍ମା, ଜିଲ୍ଲା ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀଙ୍କ ପରିବର୍ତ୍ତେ ଜିଲ୍ଲା ପବ୍ଲିକ ହେଲ୍‌ଥ ଅଧିକାରୀ ଡାକ୍ତର ଦେବଦତ୍ତା ମଲ୍ଲିକ, ବ୍ଲକ୍ ଅଧ୍ୟକ୍ଷା ପୂର୍ଣ୍ଣିମା ଜାନି, ଗ୍ରାମ୍ୟ ଗୃହ ଓ ରାସ୍ତା ବିଭାଗ କନିଷ୍ଠ ଯନ୍ତ୍ରୀ ଦୁର୍ଗା ଚରଣ ମାରାଣ୍ଡିଙ୍କ ସମେତ ମୃତ୍ତିକା ସଂରକ୍ଷଣ ବିଭାଗ, ଜିଲ୍ଲା ଆଦିବାସୀ ଉନ୍ନୟନ ସଂସ୍ଥା, ଶିକ୍ଷା, ସ୍ୱାସ୍ଥ୍ୟ, ଜଳ ଓ ପରିମଳ, ଶିଶୁ ବିକାଶ, ପଶୁ ଚିକିତ୍ସା, ମତ୍ସ୍ୟ ବିଭାଗ ଭଳି ପ୍ରତ୍ୟେକ ବିଭାଗୀୟ ଅଧିକାରୀ ଏବଂ କର୍ମଚାରୀମାନେ ଯୋଗଦେଇଥିଲେ। ତେବେ ଏହି ଜନ ଶୁଣାଣିରେ ସାମୁହିକ ଓ ବ୍ୟକ୍ତିଗତ ଅଭିଯୋଗର ଜିଲ୍ଲାପାଳ ଶୁଣାଣି କରିବା ସହ ଅବଧି ଶେଷ ହୋଇ ଦୀର୍ଘ ବର୍ଷ ବିତିଯାଇଥିଲେ ହେଁ ମନ୍ଥର ଗତିରେ ଚାଲିଥିବା ମେଘା ପ୍ରକଳ୍ପକୁ ନେଇ ଜିଲ୍ଲାପାଳ ବିରକ୍ତି ପ୍ରକାଶ କରିଥିଲେ। ଏଥିସହ ଗୃହ ଓ ରାସ୍ତା ବିଭାଗ ପକ୍ଷରୁ ଠିକାଦାର ଅଧାରୁ ଛାଡି ଚାଲିଯାଇଥିବା ବାଣୁଆଗୁଡ଼ା ଛକ ଠାରୁ ମାଣ୍ଡିଆଗୁଡ଼ା ନବ ନିର୍ମିତ ପକ୍କା ରାସ୍ତା ଏବଂ ପିଡବ୍ଲ୍ୟୁଡି ଛକଠାରୁ ବଦଲି କୁଡୁମା ପକ୍କା ରାସ୍ତା ଏବଂ ମହୁଗାଁ ରାସ୍ତା କାର୍ଯ୍ୟକୁ ନେଇ ମଧ୍ୟ ଜିଲ୍ଲାପାଳ ଅଧିକାରୀଙ୍କ ଉପରେ ବର୍ଷିକା ସହ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ଶ୍ରୀ ମହାଜନ ନିର୍ଦ୍ଦେଶ ଦେଇଥିଲେ। ଏହି ଅବସରରେ ସ୍ଥାନୀୟ ଥାନା ଅଧିକାରୀ ସୁକୁମା ହାସଦା ଓ ପୁଲିସ ଟିମ ମୁତୟନ ହୋଇଥିଲେ।

**ଜିଲ୍ଲା ସମନ୍ୱୟ ଓ ତଦାରଖ କମିଟି ବୈଠକ**

# ଯୋଜନାର ସଫଳ ରୂପାୟନ ଉପରେ ଗୁରୁତ୍ୱ



ମାଲକାନଗିରି,୨୫।୧୧(ସମିସ): ମାଲକାନଗିରି ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲା ସମନ୍ୱୟ ଓ ତଦାରଖ କମିଟି ବୈଠକ ମଙ୍ଗଳବାର ଲୋକସଭା ସାଂସଦ ବଳଭଦ୍ର ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାର ବିକାଶ ପାଇଁ ନିର୍ବାଚିତ ପ୍ରତିନିଧି ଓ ବିଭିନ୍ନ ଅଧିକାରୀଙ୍କ ମଧ୍ୟରେ ସମନ୍ୱୟ ରହିବା ଜରୁରୀ ବୋଲି କହିବା ସହ ବିଭିନ୍ନ ଯୋଜନାର ସଫଳ ରୂପାୟନ ଉପରେ ସାଂସଦ ଶ୍ରୀ ମାଝୀ ଗୁରୁତ୍ୱାରୋପ କରିଥିଲେ। ବୈଠକରେ ପ୍ରଧାନମନ୍ତ୍ରୀ ଧନଧାନ୍ୟ କୃଷି ଯୋଜନା ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ଭୁବନେଶ୍ୱରରୁ ଆସିଥିବା ଏକ ବୈଜ୍ଞାନିକ ଦଳଙ୍କ ଉପସ୍ଥିତିରେ କିଭଳି କୃଷି କ୍ଷେତ୍ରରେ ଜିଲ୍ଲାର ଉନ୍ନତି କରାଯାଇପାରିବ, ସେଥିନିମନ୍ତେ ବିଶଦ ଆଲୋଚନା କରାଯାଇଥିଲା। ବାଲିମେଳା ଡ୍ୟାମ୍‌ଠାରେ ଅଧିକ ମାଛ ଉତ୍ପାଦନ କରିବାର କ୍ଷମତା ରହିଛି। ସେହିପରି ଜିଲ୍ଲାରେ ବାଦାମ ଚାଷ ଅଧିକ କରାଯାଉଛି। କ୍ଷୁଦ୍ର ତେଲ ମିଲ୍ ସ୍ଥାପନ ହେଲେ ଯୁବ ଉଦ୍ୟୋଗୀ ସୃଷ୍ଟି ହୋଇପାରିବେ ବୋଲି ସାଂସଦ କହିଥିଲେ। ପ୍ରଧାନମନ୍ତ୍ରୀ ଧନଧାନ୍ୟ ଯୋଜନାରେ କୃଷି ବିଶେଷଜ୍ଞଙ୍କ ସହାୟତା ନେଇ ଜିଲ୍ଲାର ସାମାଜିକ ଅର୍ଥନୈତିକ ଅଭିବୃଦ୍ଧି କରିବାକୁ ଲକ୍ଷ୍ୟ ରଖାଯାଇଛି। ସୂଚନାଯୋଗ୍ୟ, ଏହି ଯୋଜନା ଓଡ଼ିଶାର ଚାରିଟି ଜିଲ୍ଲାରେ ଶୁଭାରମ୍ଭ କରାଯାଇଛି। ତନ୍ମଧ୍ୟରେ ମାଲକାନଗିରି ଜିଲ୍ଲା ରହିଛି। ଚାଷୀଙ୍କ ସର୍ବାଙ୍ଗୀନ ବିକାଶ ନିମନ୍ତେ ଜିଲ୍ଲାର ୧୧୧ ଟି ଗ୍ରାମ ପଞ୍ଚାୟତରେ ମୃତ୍ତିକା ପରୀକ୍ଷଣ କେନ୍ଦ୍ର ସ୍ଥାପନ କରିବାର ସ୍ୱପ୍ନ ରହିଛି ବୋଲି ସାଂସଦ କହିଛନ୍ତି। ଜିଲ୍ଲାରେ ମତ୍ସ୍ୟ, ମାଂସ ଓ ଦୁଗ୍ଧ ଉତ୍ପାଦନ ସ୍ଥିତି କଣ ରହିଛି ବୋଲି ସାଂସଦ ବିଭାଗୀୟ ଅଧିକାରୀଙ୍କୁ ପଚାରି ବୁଝିଥିଲେ। ସେହିପରି ଚିତ୍ରକୋଣ୍ଡା ଓ କୋରକୋଣ୍ଡା ବ୍ଲକ୍‌ରେ ଦୁଗ୍ଧ ପାଇଁ ବିଏମ୍‌ସି ସ୍ଥାପନ କରିବା ପାଇଁ କୃଷି ବିଭାଗଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ଅଗ୍ରାଧିକାର ଭିତ୍ତିରେ ଚିତ୍ରକୋଣ୍ଡାଠାରେ ସେତୁ ଯୋଜନାରେ ଏକ ବିଏମ୍‌ସି ସ୍ଥାପନ କରିବାକୁ ସମସ୍ତ ସହାୟତା ଯୋଗାଇ ଦିଆଯିବ ବୋଲି ଜିଲ୍ଲାପାଳ କହିଥିଲେ। ବୈଠକରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ଯୋଜନାରେ ନିର୍ମାଣ ହେଉଥିବା ରାସ୍ତା ଗୁଡିକର ସ୍ଥିତି ସମ୍ପର୍କରେ ସମୀକ୍ଷା କରି ଅସମ୍ପୂର୍ଣ୍ଣ ରାସ୍ତା ଗୁଡିକର ନିର୍ମାଣ କାର୍ଯ୍ୟ ଯଥାଶୀଘ୍ର ସଂପୂର୍ଣ୍ଣ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଧାର୍ଯ୍ୟ ମାନଦଣ୍ଡକୁ ବଜାୟ ରଖି ଗୁଣବତ୍ତାକୁ ସୁନିଶ୍ଚିତ କରିବା ପାଇଁ ଏକ କମିଟି ଗଠନ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି। ଜନସାଧାରଣଙ୍କ ଅବଗତି ନିମନ୍ତେ ରାସ୍ତା ସମ୍ପର୍କିତ ସଠିକ୍ ସୂଚନା ଫଳକ ଲଗାଇବା ପାଇଁ ସାଂସଦ ନିର୍ଦ୍ଦେଶ ଦେଇଛନ୍ତି। ସେହିପରି ସ୍ୱାସ୍ଥ୍ୟ ବିଭାଗକୁ ଟିବି ରୋଗ ସମ୍ପର୍କରେ ଅଧିକରୁ ଅଧିକ ଜନ ସଚେତନତା ସୃଷ୍ଟି କରିବା ପାଇଁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ଜିଲ୍ଲାରେ ରେଳପଥ ସମ୍ପ୍ରସାରଣ ପ୍ରକଳ୍ପର ଅଗ୍ରଗତି ସମ୍ପର୍କରେ ମଧ୍ୟ ସାଂସଦ ଅଧିକାରୀଙ୍କ ସହ ଆଲୋଚନା କରିଥିଲେ। ସେହିପରି ମନରେଗା ଯୋଜନାରେ ପର୍ଯ୍ୟଟନ ସ୍ଥଳର ବିକାଶ କରିବା ପାଇଁ ଚିତ୍ରକୋଣ୍ଡା ବିଧାୟକ ଗୁରୁତ୍ୱାରୋପ କରିଥିଲେ। ଏହି ବୈଠକରେ ଜାତୀୟ ଗ୍ରାମୀଣ ଜୀବିକା ମିସନ, ଜାତୀୟ ସ୍ୱାସ୍ଥ୍ୟ ମିସନ, ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନା, ପୂର୍ତ୍ତ ବିଭାଗ, ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା, ରାଷ୍ଟ୍ରୀୟ କୃଷି ବିକାଶ ଯୋଜନା, ସମଗ୍ର ଶିକ୍ଷା, ସମନ୍ୱିତ ଶିଶୁ ବିକାଶ ଯୋଜନା, ଜାତୀୟ ସାମାଜିକ ସୁରକ୍ଷା କାର୍ଯ୍ୟକ୍ରମ, ଜାତୀୟ ଖାଦ୍ୟ ସୁରକ୍ଷା ଯୋଜନା, ପ୍ରଧାନମନ୍ତ୍ରୀ କୌଶଳ ବିକାଶ ଯୋଜନା, ଉଦ୍ୟାନ କୃଷି, କ୍ଷୁଦ୍ର ଜଳସେଚନ, ଉଠା ଜଳସେଚନ, ମେଗା ଉଠା ଜଳସେଚନ, ପିଏମ୍‌ଇଜିପି, ବୟନଶିଳ୍ପ, ମତ୍ସ୍ୟ ବିଭାଗ ଆଦି ବିଭାଗର ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା ହୋଇଥିଲା। ଏଥିରେ ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ କାର୍ଯ୍ୟକାରୀ ହେଉଥିବା ଉନ୍ନୟନମୂଳକ କାର୍ଯ୍ୟର ସ୍ଥିତି ଓ ଅଗ୍ରଗତି ସମ୍ପର୍କରେ ସୂଚନା ଦେଇଥିଲେ। ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ବେଦବର ପ୍ରଧାନ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ବୈଠକରେ ମାଲକାନଗିରି ବିଧାୟକ ନରସିଂହ ମାଡକାମୀ, ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ, ଜିଲ୍ଲା ପରିଷଦ ସଭାପତି ସମାରୀ ତାଙ୍ଗୁଲୁ, ବନଖଣ୍ଡ ଅଧିକାରୀ ସାଇ କିରଣ ଡି, ଉପଜିଲ୍ଲାପାଳ ଅଶ୍ବିନୀ ଏ ଏଲ ଓ ଅତିରିକ୍ତ ଉନ୍ନୟନ ଅଧିକାରୀ ରାମଚନ୍ଦ୍ର ଖଡିଆ ଉପସ୍ଥିତ ଥିଲେ। ଅନ୍ୟମାନଙ୍କ ମଧ୍ୟରେ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ, ବିଡିଓ, ତହସିଲଦାର ଏବଂ ଜିଲ୍ଲା ସମନ୍ୱୟ ଓ ତଦାରଖ କମିଟିର ସଦସ୍ୟ ସଦସ୍ୟାମାନେ ଉପସ୍ଥିତ ଥିଲେ।

■ ବେଆଇନ ପାର୍କିଂ ଉପରେ ପ୍ରଶାସନର କାର୍ଯ୍ୟାନୁଷ୍ଠାନ

# କଟିଲା ୪୦ରୁ ଊର୍ଦ୍ଧ୍ୱ ଗାଡ଼ିର ଚାଲାଣ




ରାୟଗଡ଼ା,୨୫।୧୧(ସମିସ): ରାୟଗଡ଼ା ସହର ତଥା ଜିଲ୍ଲାର ବିଭିନ୍ନ ସହରାଞ୍ଚଳରେ ଦିନକୁ ଦିନ ବୃଦ୍ଧି ପାଉଥିବା ଟ୍ରାଫିକ୍ ସମସ୍ୟା ତଥା ସଡକ ଦୁର୍ଘଟଣାକୁ ନିୟନ୍ତ୍ରଣ କରିବା ପାଇଁ ଜିଲ୍ଲାପାଳ ତଥା ଜିଲ୍ଲା ସଡକ ସୁରକ୍ଷା କମିଟି ଅଧ୍ୟକ୍ଷ ଆଶୁତୋଷ କୁଲକର୍ଣ୍ଣିଙ୍କ ନିର୍ଦ୍ଦେଶ ପ୍ରକାରେ ରାସ୍ତା କଡରେ କରାଯାଉଥିବା ବେଆଇନ ପାର୍କିଂ ଉପରେ ପ୍ରଶାସନ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ସ୍ୱାତୀ ଏସ୍ କୁମାର, ଆରଟିଓ ବିନୟ କୁମାର ପାଉଲ, ପୌର ନିର୍ବାହୀ ଅଧିକାରୀ କୁଲଦୀପ କୁମାରଙ୍କ ନିର୍ଦ୍ଦେଶ କ୍ରମେ ବିଭାଗୀୟ ଅଧିକାରୀ ଓ କର୍ମଚାରୀମାନେ ରାୟଗଡ଼ା ସହରର ଏସ୍‌ବିଆଇ ଛକ, ବିଶାଲ ସପିଂ ମଲ, ଭି-ଟୁ ସପିଂ ମଲ, ରିଲାଏନ୍ସ ମଲ ଭଳି ବିଭିନ୍ନ ସ୍ଥାନରେ ରାସ୍ତା କଡରେ ବେଆଇନ ପାର୍କିଂ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛନ୍ତି। ଏହି ଅଭିଯାନରେ ୪୦ରୁ ଊର୍ଦ୍ଧ୍ୱ ଗାଡି ଉପରେ ଚାଲାଣ କଟାଯାଇ ଜୋରିମାନା ଆଦାୟ କରାଯିବା ସହ ସପିଂ ମଲ ମାଲିକମାନଙ୍କୁ ପାର୍କିଂ ବ୍ୟବସ୍ଥା ପାଇଁ ନୋଟିସ କରାଯାଇଥିବା ଜଣାପଡିଛି।

## ଜୟପୁର ପୌରାଞ୍ଚଳସ୍ତରୀୟ 'ପରବ' ଉଦ୍‌ଘାଟିତ

# ପାରମ୍ପରିକ ଆଦିବାସୀ ନୃତ୍ୟରେ ଦୁଲୁକିଲା ମୁଖ୍ୟରାସ୍ତା





ଜୟପୁର,୨୫।୧୧(ସମିସ): କୋରାପୁଟ ଜିଲ୍ଲା ଜୟପୁର ପୌରାଞ୍ଚଳସ୍ତରୀୟ 'ପରବ' ମଙ୍ଗଳବାର ଉଦ୍‌ଘାଟିତ ହୋଇଯାଇଛି। ଏହି ଅବସରରେ ଜୟପୁର ବଲ୍ଲଭନାରାୟଣ ମନ୍ଦିର ଠାରେ ପୂଜାର୍ଚ୍ଚନା ପରେ ପରିସରରେ ରହିଥିବା ଜଗନ୍ନାଥ ମନ୍ଦିର ଓ ଅଧିଷ୍ଠାତ୍ରୀ ଦେବୀ ଭଗବତୀଙ୍କ ପୀଠରେ ପୂଜାର୍ଚ୍ଚନା କରାଯାଇ ମଶାଲ ଶୋଭାଯାତ୍ରାର ଶୁଭାରମ୍ଭ ହୋଇଥିଲା। ବାଜାବାଜଣା ଆଦିବାସୀ ନୃତ୍ୟ ସହ ଶୋଭାଯାତ୍ରା ଦଶହରା ପଡିଆ ସ୍ଥିତ ସଭାସ୍ଥଳୀ ପର୍ଯ୍ୟନ୍ତ ଯାଇଥିଲା। ଏହି ସମୟରେ ଜୟପୁର ମୁଖ୍ୟରାସ୍ତା ଲୋକାରଣ୍ୟ ହୋଇଥିଲା। ଉପଜିଲ୍ଲାପାଳ ତଥା ଭାରପ୍ରାପ୍ତ ପୌର କାର୍ଯ୍ୟ ନିର୍ବାହୀ ଅଧିକାରୀ ଏ.ଶଶ୍ୟା ରେଡ୍ଡି, ଏସଡିପିଓ ଅଙ୍କିତ ବର୍ମା, ପୌର ଅଧ୍ୟକ୍ଷ ନରେନ୍ଦ୍ର ମହାନ୍ତି, ପୌର ଉପାଧ୍ୟକ୍ଷା ବି. ସୁନିତା, ଅତିରିକ୍ତ ପୌର ନିର୍ବାହୀ ଅଧିକାରୀ ପୂଜା ରାଉତ ଉଜ୍ଜଳିତ ମଶାଲ ହାତରେ ଧରି ଶୋଭାଯାତ୍ରାରେ ସାମିଲ ହୋଇ ସଭାସ୍ଥଳିଠାରେ ପହଞ୍ଚିଥିଲେ। ସେଠାରେ ମଶାଲ ସ୍ଥାପନ କରିବା ସହିତ ଚଳିତ ବର୍ଷ ପୌରାଞ୍ଚଳ ପରବ ଉତ୍ସବ ଶୁଭାରମ୍ଭ ନେଇ ଘୋଷଣା କରାଯାଇଥିଲା। ଆସନ୍ତା ୨୮ ତାରିଖ ପର୍ଯ୍ୟନ୍ତ ୩ ଦିନ ଧରି ଏହି ପୌରାଞ୍ଚଳ ସ୍ତରୀୟ ପରବ ଉତ୍ସବରେ କ୍ରୀଡା, ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ହେବ। ଅନ୍ତିମ ଦିବସରେ ପ୍ରତିଯୋଗୀମାନଙ୍କୁ ପୁରସ୍କାର ପ୍ରଦାନ ସହିତ ଆସନ୍ତା ଜିଲ୍ଲା ପ୍ରତିଯୋଗିତା ପାଇଁ ମନୋନୀତ କରାଯିବ। ଏହି ଅବସରରେ ସମସ୍ତ କାଉନସିଲରମାନେ ଉପସ୍ଥିତ ଥିଲେ। ସେହିପରି ଶୋଭାଯାତ୍ରାରେ ଆଦିବାସୀ ନୃତ୍ୟ କଳାକାରଙ୍କ ସହିତ ପୌରନିର୍ବାହୀ ଅଧିକାରୀ କୁମାରୀ ରେଡ୍ଡି, ପୌର ଅଧ୍ୟକ୍ଷ ଶ୍ରୀ ମହାନ୍ତି, ଉପାଧ୍ୟକ୍ଷା ଶ୍ରୀମତି ସୁନିତା କାଉନସିଲର ଏବଂ ଅତିରିକ୍ତ ପୌର ନିର୍ବାହୀ ଅଧିକାରୀ ଶ୍ରୀମତି ରାଉତ, ଏସଡିପିଆରଓ ଯୋଶଦା ଗାଦବା, ପୌର କର୍ମଚାରୀମାନେ ସାମିଲ ହୋଇ ଆଦିବାସୀ ଢେମସା ନୃତ୍ୟ କରିଥିଲେ। ସେହିପରି ସ୍ଥାନୀୟ ଟାଉନହଲଠାରେ ସାଂସ୍କୃତିକ କାର୍ଯ୍ୟକ୍ରମ ମାଧ୍ୟମରେ ନୃତ୍ୟ ଓ ସଂଗୀତ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ସ୍ଥାନୀୟ କ୍ରୀଡା କମ୍ପ୍ଲେକ୍ସ ଠାରେ କବାଡି ଏବଂ ଅନ୍ୟାନ୍ୟ ଦୌଡକୁଦ ପ୍ରତିଯୋଗିତା ଏବଂ ଇଣ୍ଡୋର ଷ୍ଟାଡିୟମରେ ବ୍ୟାଡମିଣ୍ଟନ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏହି କାର୍ଯ୍ୟକ୍ରମ ଆୟୋଜନରେ ସମସ୍ତ ପୌର କର୍ମଚାରୀ ଓ ସ୍ୱେଚ୍ଛାସେବୀମାନେ ଉପସ୍ଥିତ ରହି ସହାୟତା କରିଥିଲେ।

■ ଜିଲ୍ଲାସ୍ତରୀୟ 'ସରଗିଫୁଲ' କାର୍ଯ୍ୟକ୍ରମ

# କୁଟୁଲି ଆଶ୍ରମ ବିଦ୍ୟାଳୟ ସମ୍ମାନିତ



ରାୟଗଡ଼ା,୨୫।୧୧(ସମିସ): ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ, ରାୟଗଡ଼ା ଦ୍ୱାରା ଜିଲ୍ଲାର ଗୁଣପୁର ବ୍ଲକ୍ ବିକ୍ରମପୁର ସ୍ଥିତ ଏକଲବ୍ୟ ଆବାସିକ ଆଶ୍ରମ ବିଦ୍ୟାଳୟ ଠାରେ ଦୁଇ ଦିନ ଧରି ଅନୁଷ୍ଠିତ ହୋଇଥିବା ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ "ସରଗିଫୁଲ'କାର୍ଯ୍ୟକ୍ରମରେ ଶ୍ରେଷ୍ଠ ବିଦ୍ୟାଳୟ ସମ୍ମାନ-୨୦୨୫ରେ ରାୟଗଡ଼ା ବ୍ଲକ କୁଟୁଲି ଆଶ୍ରମ ବିଦ୍ୟାଳୟ ସମ୍ମାନିତ ହୋଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ଗୋପିନାଥ ପରିଚ୍ଛା ଏହି ସମ୍ମାନ ଉଦଯାପିତ ସମାରୋହ କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ମୁଖ୍ୟ ଅତିଥିଙ୍କ ଠାରୁ ଗ୍ରହଣ କରିଛନ୍ତି। ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ଉନ୍ନତ ଶିକ୍ଷା,ନିଆରା ପ୍ରୟାସ,ସ୍ୱାସ୍ଥ୍ୟ ସୁରକ୍ଷା,ଅନନ୍ୟ ଶୃଙ୍ଖଳା ,କ୍ରୀଡା,ନୃତ୍ୟ ସଂଗୀତ,ସାହିତ୍ୟ ସଂସ୍କୃତି ଏବଂ ବ୍ୟକ୍ତିତ୍ୱ ବିକାଶ ଦିଗରେ ଅପୂର୍ବ ଏବଂ ସାର୍ବଭୌମ ଅବଦାନ ଅନ୍ୟମାନଙ୍କ ପାଇଁ ପ୍ରେରଣାଦାୟୀ ହୋଇଛି ବୋଲି କୁହାଯାଇଥିଲା। ବିବଧ କାର୍ଯ୍ୟ ଜରିଆରେ ଶିକ୍ଷାଳୟକୁ ଜ୍ଞାନ,ଶିଷ୍ଟତା,ନେତୃତ୍ୱ,ସାମାଜିକତା ଓ ମାନବିକ ମୂଲ୍ୟବୋଧର କେନ୍ଦ୍ର ଭାବେ ଗଢି ତୋଳିବାରେ ଭୂମିକା ଗ୍ରହଣ କରିବା ସକାଶେ କୁଟୁଲି ଆଶ୍ରମ ବିଦ୍ୟାଳୟକୁ "ଶ୍ରେଷ୍ଠ ବିଦ୍ୟାଳୟ' ଭାବେ ସମ୍ମାନିତ କରାଯାଇଛି। ଏହି ସମ୍ମାନ ପାଇବା ପରେ ପ୍ରଧାନଶିକ୍ଷକ ଶ୍ରୀ ପରିଚ୍ଛା ବିଦ୍ୟାଳୟର ସମସ୍ତ ଶିକ୍ଷକଶିକ୍ଷୟତ୍ରୀ,ଛାତ୍ରଛାତ୍ରୀ ଓ ଅଭିଭାବକମାନଙ୍କୁ ଧନ୍ୟବାଦ ଜଣାଇଛନ୍ତି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଗୁଣପୁର ବିଧାୟକ ସତ୍ୟଜିତ୍ ଗମାଙ୍ଗ ଯୋଗ ଦେଇଥିବା ବେଳେ ରାମନାଗୁଡା ପଞ୍ଚାୟତ ସମିତି ଅଧ୍ୟକ୍ଷ ରବିଶଙ୍କର ଗମାଙ୍ଗ, ଜିଲ୍ଲା ମଙ୍ଗଳ ଅଧିକାରିଣୀ ଅସୀମା ରାଓଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ। ସେହିପରି କୁଟୁଲି ଆଶ୍ରମ ବିଦ୍ୟାଳୟର ଅଷ୍ଟମ ଶ୍ରେଣୀର ଛାତ୍ର ଜିଲ୍ଲାସ୍ତରୀୟ ସରଗିଫୁଲ ଅବସରରେ ଆୟୋଜିତ କନିଷ୍ଠ ବର୍ଗର ଚିତ୍ରାଙ୍କନ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଏବଂ ଏକକ ନୃତ୍ୟ ପ୍ରତିଯୋଗିତାରେ ଅଷ୍ଟମ ଶ୍ରେଣୀ ଛାତ୍ର ଭରତ ନାୟକ ପ୍ରଥମ ସ୍ଥାନ ଅଧିକାର କରି ବିଦ୍ୟାଳୟର ସୁନାମ ଆଣିବା ସହ ଆସନ୍ତା ଦିନରେ ଅନୁଷ୍ଠିତ ହେବାକୁ ଥିବା ରାଜ୍ୟସ୍ତରୀୟ ଶିଶୁ ମହୋତ୍ସବ ସରଗିଫୁଲ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାକୁ ମନୋନୀତ ହୋଇଥିବା ନେଇ ପ୍ରଧାନଶିକ୍ଷକ ଶ୍ରୀ ପରିଚ୍ଛା ପ୍ରକାଶ କରିଛନ୍ତି ।

# ଗୁଡାରୀ ଆଶ୍ରମ ବିଦ୍ୟାଳୟକୁ ତିନି ଶ୍ରେଷ୍ଠ ସମ୍ମାନ



ଗୁଡାରୀ,୨୫।୧୧(ସମିସ): ଗତ ରବିବାର, ସୋମବାର ଦୁଇଦିନ ଧରି ଚାଲିଥିବା ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ 'ସର୍‌ଗିଫୁଲ' କାର୍ଯ୍ୟକ୍ରମ ଗୁଣୁପୁର ଏକଲବ୍ୟ ବିଦ୍ୟାଳୟ ପରିସରରେ ଉଦ୍‌ଯାପିତ ହୋଇଯାଇଛି। ରାୟଗଡ଼ା ଜିଲ୍ଲାର ପ୍ରତ୍ୟେକ ଆଶ୍ରମ ଏବଂ ସେବାଶ୍ରମ ବିଦ୍ୟାଳୟର ଛାତ୍ର ଛାତ୍ରୀ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଗୁଡାରୀ ବ୍ଲକର ଆଶ୍ରମର ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ପ୍ରତିଯୋଗିତାରେ ଭାଗ ନେଇ କୃତିତ୍ୱ ହାସଲ କରିଛନ୍ତି। ସେହିପରି ଗୁଡାରି ବ୍ଲକ ଏଲଏଲପୁର ସେବାଶ୍ରମ ଶ୍ରେଷ୍ଠ ସେବାଶ୍ରମ ଭାବେ ସମ୍ମାନ ପାଇଥିବାବେଳେ ଶ୍ରେଷ୍ଠ ଶିକ୍ଷକ ସମ୍ମାନ ଭାବେ ଗୁଡାରି ଏସଏସଡି ବାଳିକା ବିଦ୍ୟାଳୟର ଶିକ୍ଷକ ସୁଶାନ୍ତ କୁମାର ସାହୁ, ମୂଳିପୁଟ ଆଶ୍ରମ ବିଦ୍ୟାଳୟର ଶ୍ରେଷ୍ଠ ସମ୍ମାନ ସ୍ୱାସ୍ଥ୍ୟ କର୍ମୀ ରଜେଶ୍ୱରୀ ସୁନାମୁଦି ପାଇଛନ୍ତି। ସେହିପରି ଶ୍ରେଷ୍ଠ ମେଟ୍ରୋନ ଭାବେ ଆଶ୍ରମ ବିଦ୍ୟାଳୟ କରଲାଘାଟିର ସଜନୀ ଦେଇ ସମ୍ମାନ ପାଇଥିଲେ। ଗୁଡାରୀ ଏସଏସଡି ବାଳିକା ବିଦ୍ୟାଳୟ ପକ୍ଷରୁ କୃତିତ୍ୱ ହାସଲ କରିଥିବା ଓ ଶ୍ରେଷ୍ଠ ସମ୍ମାନ ପାଇଥିବା କର୍ମଚାରୀଙ୍କୁ ପ୍ରଧାନ ଶିକ୍ଷକ ସୁଧାକର ତୁଳ ଏବଂ ଶିକ୍ଷକ, ଶିକ୍ଷୟିତ୍ରୀ ସ୍ୱାଗତ ଜଣାଇଥିଲେ।

# ଝୁମି ହତ୍ୟା ମାମଲା; ଅଭିଯୁକ୍ତଙ୍କୁ ଧରାଇଦେଲା ହତ୍ୟା ବେଳର ଲାଇଭ୍ ଫଟୋ

ନନ୍ଦପୁର,୨୫।୧୧(ସମିସ): ପରଟା ଜମି ଜମା ବିବାଦ ନେଇ ଝୁମି ହତ୍ୟା ମାମଲା ରେ ନନ୍ଦପୁର ପୁଲିସ୍‌କୁ ବଡ଼ ସଫଳତା ମିଳିଥିବା ବେଳେ ପରଟା ଗ୍ରାମ ରେ ଗୋଲରୀ ପରିବାର ପୁରୁଷ ଶୂନ୍ୟ ହୋଇଛି। ସେପଟେ ହତ୍ୟା ଘଟଣାର ୨୪ ଘଣ୍ଟା ମଧ୍ୟରେ ଝୁମି ହତ୍ୟାର ପର୍ଦ୍ଦାଫାସ କରିବା ସହ ୬ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ ମଧ୍ୟ କରିଛି ପୁଲିସ। ତେବେ ସବୁଠାରୁ ବଡ଼ କଥା ହେଲା ନନ୍ଦପୁର ପୁଲିସ୍‌କୁ ଝୁମି ହତ୍ୟା ସମୟର ଲାଇଭ ଫଟୋ ହସ୍ତଗତ ହୋଇଥିଲ। ଏହି ଲାଇଭ ଫଟୋ ସାହାଯ୍ୟରେ ଝୁମି ହତ୍ୟାର ସବୁ ଗୁମର ଖୋଲି ଦେଇଥିଲା। ନନ୍ଦପୁର ଏସଡିପିଓ ଦେବେନ୍ଦ୍ର ମଲ୍ଲିକ, ନନ୍ଦପୁର ଥାନା ଭାର ପ୍ରାପ୍ତ ଆଇଆଇସି ଅଶୋକ ମଲ୍ଲିକ ସତର୍କତାର ସହ ଏହି ମାମଲାକୁ ପରିଚାଳନା କରି ମୁଖ୍ୟ ୬ ଜଣ ଅଭିଯୁକ୍ତକୁ ଗିରଫ କରିବାରେ ସଫଳ ହୋଇଥିଲେ। ୬ ଜଣଙ୍କୁ ପୁଲିସ୍ ଉଠାଇବା ଖବର ପାଇ ଅନ୍ୟ ସହଯୋଗୀମାନେ ଚମ୍ପଟ ହୋଇଥିବା ବେଳେ ଧାନ କାଟିବା ସମୟରେ ଦଳଗତ ହୋଇ ଗଣ୍ଡଗୋଳରେ ସାମିଲ ଥିବା ବ୍ୟକ୍ତିଙ୍କୁ ଚିହ୍ନଟ କରିବା ଆରମ୍ଭ କରିଛି ନନ୍ଦପୁର ପୁଲିସ୍।

# ଓଡ଼ିଶା ସାମ୍ବାଦିକ ସଙ୍ଘର ସାଧାରଣ ପରିଷଦ ବୈଠକ




ନବରଙ୍ଗପୁର,୨୫।୧୧(ସମିସ): ଓଡ଼ିଶା ସାମ୍ବାଦିକ ସଙ୍ଘ (ଓଜେୟୁ) ନବରଙ୍ଗପୁର ଜିଲ୍ଲା ଶାଖାର ସଧାରଣ ପରିଷଦ ବୈଠକ ଜିଲ୍ଲା ସଭାପତି ଶିବ ଶଙ୍କର ତ୍ରିପାଠୀ ସଭାପତିତ୍ୱରେ ଆୟୋଜିତ ହୋଇଯାଇଛି। ସ୍ଥାନୀୟ ଆରଏମସି ସମ୍ମିଳନୀ କକ୍ଷଠାରେ ଆୟୋଜିତ ଏହି ବୈଠକରେ ରାଜ୍ୟ ଉପସଭାପତି ରାକେଶ ଗୁପ୍ତା ଓ ରାଜ୍ୟ ସାଙ୍ଗଠନିକ ସମ୍ପାଦକ ବାଙ୍କ ବିହାରୀ ବିଷୋୟୀ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ସଙ୍ଘର ଆଗାମୀ ଦିନରେ ହେବାକୁ ଥିବା ବିଭିନ୍ନ କାର୍ଯ୍ୟ ପନ୍ଥା ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। ରାଜ୍ୟ ଉପସଭାପତି ଶ୍ରୀ ଗୁପ୍ତା ଜିଲ୍ଲାରେ ବିଶେଷ କରି ଗ୍ରାମାଞ୍ଚଳରେ ବ୍ଲକ୍ ପ୍ରତିନିଧି ମାନେ କିପରି ସଙ୍ଗଠିତ ହୋଇ ସାମ୍ବାଦିକତା ବୃତ୍ତିରେ ସଫଳତା ହାସଲ କରିବା ସହ ଓଜେୟୁ ସଙ୍ଘ କାର୍ଯ୍ୟରେ ନିଜକୁ ଅଧିକ ନିୟୋଜିତ କରି ପାରିବେ, ସେ ଦିଗରେ ମାର୍ଗଦର୍ଶନ ଦେଇଥିଲେ। ରାଜ୍ୟ ସାଙ୍ଗଠନିକ ସମ୍ପାଦକ ଶ୍ରୀ ବିଷୋୟୀ ରାଜ୍ୟ ସଙ୍ଗଠନ କିପରି ସାମ୍ବାଦିକଙ୍କ ସମସ୍ୟା ଓ ପ୍ରସଙ୍ଗ ଗୁଡିକ ଉପରେ ସବୁବେଳେ ଗୁରୁତ୍ୱାରୋପ କରି ରାଜ୍ୟ ସରକାରଙ୍କୁ ପ୍ରସ୍ତାବ ମାଧ୍ୟମରେ ଉପସ୍ଥାପନ କରାଯାଉଛି, ସେ ବିଷୟରେ ଆଲୋଚନା କରିଥିଲେ। ଜିଲ୍ଲା ସଭାପତି ଶ୍ରୀ ତ୍ରିପାଠୀ ସଙ୍ଗଠନକୁ ଜିଲ୍ଲା ସ୍ତରରେ ମଜବୁତ୍ କରିବା ଲାଗି ସମସ୍ତ ସଦସ୍ୟ ସଦସ୍ୟା ମାନଙ୍କୁ ଅନୁପ୍ରାଣୀତ କରିଥିଲେ। ଉପସଭାପତି ଦେବାଶିଷ ଦାଶ, ଜିଲ୍ଲା ସାଙ୍ଗଠନିକ ସମ୍ପାଦକ ବେଣୁ ଗୋପାଳ ରାଓ ଓ ଆଇନ୍ ପରାମର୍ଶ ଦାତା ପୂର୍ଣ୍ଣ ଚନ୍ଦ୍ର ମହାପାତ୍ର ମଞ୍ଚାସୀନ ଥିଲେ। ଶ୍ରୀ ମହାପତ୍ର ସାମ୍ବାଦିକମାନେ କିପରି ଆଇନ ପରିସର ମଧ୍ୟରେ ରହି ସମ୍ବାଦ ପରିବେଷଣ କରି ପାରିବେ ଆଲୋଚନା କରିଥିଲେ। ଜିଲ୍ଲା ସଭାପତି ଶିବ ଶଙ୍କର ତ୍ରିପାଠୀ ଅତିଥିମାନଙ୍କୁ ମଞ୍ଚ ଉପରକୁ ଆମନ୍ତ୍ରଣ କରିଥିଲେ। ଦିବଙ୍ଗତ ସାମ୍ବାଦିକ ତଥା ଓଜେୟୁ ସଙ୍ଘର ମୂଳଦୁଆ ସଦସ୍ୟ ରଞ୍ଜନ ପଟ୍ଟନାୟକଙ୍କ ଆତ୍ମାର ସଦ୍‌ଗତି ଉଦ୍ଦେଶ୍ୟରେ ଦୁଇ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା। ରାଜ୍ୟ ସଙ୍ଗଠନରେ ଜିଲ୍ଲାର ଦୁଇ ପ୍ରମୁଖ ସାମ୍ବାଦିକ ରାକେଶ ଗୁପ୍ତା ରାଜ୍ୟ ଉପ ସଭାପତି ଓ ବାଙ୍କ ବିହାରୀ ବିଷୋୟୀ ରାଜ୍ୟ ସାଙ୍ଗଠନିକ ସମ୍ପାଦକ ଭାବରେ ନିର୍ବାଚନ ହୋଇଥିବାରୁ ଦୁହିଁଙ୍କୁ ଉପଢ଼ୌକନ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ନୂତନ ଭାବେ ସାମ୍ବାଦିକ ଦୁର୍ଗା ପ୍ରସାଦ ପାଢ଼ୀ, ତପନ କୁମାର ପଟ୍ଟନାୟକ, କୁମୁଦ ନାୟକ, ବି. ତରୁଣ କୁମାର, ଅର୍ଜୁନ ତାଣ୍ଡି, ଜିତେନ୍ଦ୍ର ହରିଜନ ପ୍ରମୁଖ ଓଜେୟୁ ସଂଘରେ ଯୋଗଦେଇଥିଲେ। ଆଜିର ଏହି ସଭାରେ ଶ୍ରିହରି ବିଷୋୟୀ, ସୁଜିତ୍ ରଥ, ମିହିର ଶଙ୍କର ପାତ୍ର, ସୁଶାନ୍ତ ପଣ୍ଡା, ଦେବୀ ପ୍ରସାଦ ମହାପାତ୍ର, ଦୟାରାମ ପନକା, ଭବାନୀ ଶଙ୍କର ପଣ୍ଡା, ନିଗମ ସାହୁ, ସୁଧାଂଶୁ ପ୍ରଧାନ, ଗୌରୀ ମଣି ନାୟକ, ପରବିନ ଗୁପ୍ତା, ଉପନ୍ନ ଟାକିରି, ରାମ ପ୍ରସାଦ ବିଷୋୟୀ, ଜଗନ୍ନାଥ ବିଷୋୟୀ ପ୍ରମୁଖ ଯୋଗଦେଇଥିଲେ। ଶେଷରେ ବିହାରକାନ୍ତ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ।

# ଅନ୍ତର୍ଜାତୀୟ ଲିଙ୍ଗଭିତ୍ତିକ ଓ ମହିଳା ବିରୋଧୀ ହିଂସା ନିବାରଣ ପକ୍ଷ

ନବରଙ୍ଗପୁର,୨୫।୧୧(ସମିସ): ନବରଙ୍ଗପୁର ଜିଲ୍ଲା ଡାବୁଗାଁ ବ୍ଲକ୍ ମିଶନ ଶକ୍ତି ସମ୍ମିଳନୀଗୃହ ଠାରେ ଜିଲ୍ଲା ସମାଜ କଲ୍ୟାଣ ବିଭାଗ ଏବଂ ୱାନ ଷ୍ଟପ ସେଣ୍ଟର୍ (ଶକ୍ତି ସମ୍ବଳ ) ମିଳିତ ଭାବରେ ୧୬ ଦିନିଆ କାର୍ଯ୍ୟକ୍ରମର ଜିଲ୍ଲାସ୍ତରୀୟ ଉଦ୍‌ଘାଟନ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ ଦ୍ରୌପଦୀ କହର ସ୍ୱାଗତ ଭାଷଣ ଦେବା ସହ ୧୬ ଦିନିଆ କାର୍ଯ୍ୟକ୍ରମର ଲକ୍ଷ୍ୟ ଏବଂ ଉଦ୍ଦେଶ୍ୟ ବିଷୟରେ କହିଥିଲେ। ସଖୀ କେନ୍ଦ୍ରର କେନ୍ଦ୍ର ପରିଚାଳିକା ରଞ୍ଜିତା ସାହୁ ଲୋକ କଲ୍ୟାଣ ପୋର୍ଟାଲ ଦ୍ୱାରା ପଞ୍ଜିକୃତ ହୋଇଥିବା ଆଇଏସଆରଡି ୱାନ ଷ୍ଟପ ସେଣ୍ଟର ନବରଙ୍ଗପୁରରେ ଚଳିତ ବର୍ଷ ଆୟୋଜନ କରୁଥିବା ୧୬ ଦିନ କାର୍ଯ୍ୟକ୍ରମ ସମ୍ପର୍କରେ କହିଥିଲେ। ଥିମ ଅନୁସାରେ କେଉଁ ଦିନ କେଉଁ କାର୍ଯ୍ୟକ୍ରମ ରହିଛି ଏବଂ ଏହା ଦ୍ୱାରା କିପରି ମହିଳା ଏବଂ ବାଳିକାମାନେ ଉପକୃତ ହେବେ ସେ ଉପରେ କହିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଡ. ମହେଶ୍ୱର ସ୍ୱାଇଁ ବାଳିକା ଏବଂ ମହିଳାମାନଙ୍କ ପ୍ରତି ଘଟି ଆସିଥିବା ବିଭିନ୍ନ ପ୍ରକାର ହିଂସା ଦୂରୀକରଣ ନିମନ୍ତେ ଏହା ଏକ ସ୍ୱାଗତଯୋଗ୍ୟ କାର୍ଯ୍ୟକ୍ରମ ଏବଂ ଏହା ମାଧ୍ୟମରେ କେବଳ ନାରୀ ନୁହେଁ ପୁରୁଷମାନଙ୍କୁ ବିଶେଷ ରୂପେ ସଚେତନ କରାଯାଉ ବୋଲି କହିଥିଲେ। ଏଥିରେ ଏଚଇଡବଲ୍ୟୁ ଜିଲ୍ଲା ସଂଯୋଜିକା ସରିତା ପାଣି, ସସ୍ମିତା ପାତ୍ର, ପ୍ରୀତି ବାଘ, ସ୍ମରଣିକା ପଟନାୟକ, ପରାମର୍ଶ ଦାତ୍ରୀ ଜସ୍ମିନ ସିଂ, କେସ ୱାର୍କର ସ୍ୱାସ୍ଥ୍ୟ କର୍ମୀ ଦାମିନୀ ବାଳା ନାୟକ, ଗୀତାଞ୍ଜଳି ପାଣିଗ୍ରାହୀ, ଶକ୍ତି ସଦନ ପରିଚାଳିକା ସ୍ୱର୍ଣ୍ଣଲତା ବେନିଆ, ରଶ୍ମିତା ଜାଲ ପ୍ରମୁଖ ଉପସ୍ଥିତ ଥିଲେ।

# ଆନ୍ଧ୍ରର କୃଷି ଓ ଜୀବନଜୀବିକା ସର୍ଭେକୁ ଭଣ୍ଡୁର କଲେ ବିଡ଼ିଓ, ତହସିଲଦାର



ପଟ୍ଟାଙ୍ଗି,୨୫।୧୧(ସମିସ): ପୁନର୍ବାର ଆନ୍ଧ୍ର ଯୋଜନା ଗୁଡ଼ିକୁ ପ୍ରଣୟନର ପ୍ରୟାସ ନେଇ ଆନ୍ଧ୍ର ଅଧିକାରୀ କୋଟିଆରେ ଅନୁପ୍ରବେଶ କରିଥିବା ବେଳେ ପଟ୍ଟାଙ୍ଗି ବିଡ଼ିଓ ଏବଂ ତହସିଲଦାରଙ୍କୁ ଦେଖି ଆନ୍ଧ୍ର ଅଧିକାରୀ ଅଧାରୁ ଫେରିଯାଇଛନ୍ତି। ସୂଚନାନୁଯାୟୀ, ଆଜି କୋଟିଆ ପଞ୍ଚାୟତରେ ଆନ୍ଧ୍ର ଅଧିକାରୀଗଣ ଅନୁପ୍ରବେଶ କରିବାର ଯୋଜନା ରହିଥିବା ନେଇ ବିଡ଼ିଓ ରାମ ଚନ୍ଦ୍ର ନାୟକ ଏବଂ ତହସିଲଦାର ଦେବେନ୍ଦ୍ର ଧାରୁଆଙ୍କ ନିକଟରେ ପୂର୍ବରୁ ସୂଚନା ମିଳିଥିଲା। ଉକ୍ତ ବିଷୟ ନେଇ ଜିଲ୍ଲା ପ୍ରଶାସନଙ୍କୁ ସୂଚନା ମଧ୍ୟ ପ୍ରଦାନ କରାଯାଇଥିଲା। ଆନ୍ଧ୍ରର ଏଭଳି ଅନୁପ୍ରବେଶକୁ ଭଣ୍ଡୁର କରିବା ନିମନ୍ତେ ନିର୍ଦ୍ଦେଶ ମିଳିଥିଲା କୋରାପୁଟ ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନଙ୍କ ପକ୍ଷରୁ। ଏହାପରେ ପ୍ରସ୍ତୁତ ହୋଇଥିଲା ଦୁଇ ଗୋଟି ଟିମ୍। ଗୋଟିଏ ଟିମ୍ ହର ମାଣ୍ଡେଙ୍ଗି ଠାରେ ଏବଂ ଅନ୍ୟ ଦଳଟି ରହିଥିଲା ଫାଟୁଶିନେରୀ ଗ୍ରାମ ନିକଟରେ। ଏହାପରେ ଆନ୍ଧ୍ର ଅଧିକାରୀମାନେ ଗୋଟିଏ ବାଇକ୍‌ରେ ଗୋଟିଏ ପୁରୁଷ ଏବଂ ଦୁଇଜଣ ମହିଳା ପହଞ୍ଚିଥିଲେ କୋଟିଆ ଗ୍ରାମପୁଞ୍ଜର ହରମାଣ୍ଡାଙ୍ଗି ଗ୍ରାମରେ। ଏହାପରେ ଅଧିକାରୀଗଣ ଉକ୍ତ ଆନ୍ଧ୍ର ଅଧିକାରୀଙ୍କ ନିକଟରେ ପହଞ୍ଚି ସେମାନଙ୍କୁ ତାଗିତ କରିଥିବା ନେଇ ଜଣାପଡିଛି। ସେମାନେ ଉକ୍ତ ଗ୍ରାମରେ ପଶି ଆନ୍ଧ୍ରର କୃଷି ଓ ଜୀବନଜୀବିକା ଉପରେ ଯାଞ୍ଚ କରିବାର ଯୋଜନା ରହିଥିବା ନେଇ ଜାଣିବାକୁ ମିଳିଥିଲା। ଓଡ଼ିଶା ଅଧିକାରୀଙ୍କ ତାଗିତ କରିବା ପରେ ସେମାନେ ଫେରିଯାଇଥିବା ଦେଖିବାକୁ ମିଳିଛି। ଉକ୍ତ ସମୟରେ ବ୍ଲକ ଓ ତହସିଲ ଅଧିକାରୀ ତଥା ଏପିଓ ସୌମେନ୍ଦ୍ର ନାୟକ, ଏଇ ଅଜୟରାମ ତରାଇ ଏବଂ ସ୍ଥାନୀୟ ପୋଲିସ ସହ ଅନ୍ୟ ଅଧିକାରୀ ଉପସ୍ଥିତ ରହିଥିବା ଦେଖିବାକୁ ମିଳିଛି। ପ୍ରକାଶ ଥାଉକି, ଗତ ୧୪ ରିଖ ଦିନ କୋଟିଆର ଉପର ଗଞ୍ଜେଇପଦରରେ ଅନୁପ୍ରବେଶ କରି ସ୍ୱାସ୍ଥ୍ୟ ସେବା ଯୋଗାଉଥିଲା ଆନ୍ଧ୍ର। ଏନେଇ ସୂଚନା ପାଇ କାର୍ଯ୍ୟକ୍ରମକୁ ଭଣ୍ଡୁର କରିଥିଲା ପଟ୍ଟାଙ୍ଗି ବ୍ଲକ୍ ପ୍ରଶାସନ।

# ଡମ ସମାଜ ପକ୍ଷରୁ ଦିଆଲି ପରବ ଭେଟ୍‌ଘାଟ୍




କୋରାପୁଟ,୨୫।୧୧(ସମିସ): କୋରାପୁଟ ଜିଲ୍ଲା ଡମ ସମାଜ ପକ୍ଷରୁ ଦିଆଲି ଭେଟ୍‌ଘାଟ୍ ସମାବେଶ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଡମ ସମାଜ ସଭାପତି ଭଗବାନ ଖରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ନିଶାଣୀ ମୁଣ୍ଡାଠାରେ ଡମ ସମାଜର ସଦସ୍ୟମାନେ ଏକତ୍ରିତ ହେବା ପରେ ଢେମସା ନୃତ୍ୟର ତାଳେ ତାଳେ ନାଚ ଗୀତ ଓ ପାରମ୍ପରିକ ବାଦ୍ୟ ଯନ୍ତ୍ର ବଜାଇ ନାଚି ନାଚି ଆମ୍ବେଦକର ଛକରେ ପହଞ୍ଚି ବାବା ସାହେବ ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ପରେ ଆମ୍ବେଦକର କଲେଜ ପଡିଆରେ ଆୟୋଜିତ ହୋଇଥିବା ଦିଆଲି ଭେଟଘାଟ ସମାବେଶରେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମର ପ୍ରଥମେ ଡମ ପ୍ରଥା ଅନୁଯାୟୀ ଗାଁ ଗାଁ ରୁ ଆସିଥିବା ବିଭିନ୍ନ ପ୍ରକାର ସୁସ୍ୱାଦ୍ୟ ଖାଦ୍ୟକୁ ମଞ୍ଚରେ ରଖି ପୂଜା କରିବା ପରେ ଗଞ୍ଜା କୁକୁଡ଼ାକୁ ଚାଉଳ ଖୁଆଇ ଥିଲେ। କୁକୁଡ଼ା ଖାଇବା ପରେ ହିଁ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା। ସମାବେଶରେ ମୁଖ୍ୟ ଅତିଥି ଭାବେ କୋରାପୁଟ ବିଧାୟକ ରଘୁରାମ ମାଛ, ସମ୍ମାନିତ ଅତିଥି ଭାବେ କୋରାପୁଟ ପୌରପରିଷଦ ଅଧ୍ୟକ୍ଷ ଲଲାଟ ରଞ୍ଜନ ସେଠି, ପୂର୍ବତନ ବିଧାୟକ ରଘୁରାମ ପଡ଼ାଲ, ମୁଖ୍ୟବକ୍ତା ଭାବେ ଜୟପୁର ଭିଡି କଲେଜର ରେଜିଷ୍ଟ୍ରର ମହେଶ୍ୱର ନାୟକ, ରାଜେନ୍ଦ୍ର ଗଣ୍ଡାଙ୍କ ସମେତ ଜୟଦସ ଖରା, ନବଘନ ଖିଲ, ଜିଲ୍ଲା କଂଗ୍ରେସ ସଭାପତି ରୂପକ ତୁରୁକ, ଜଗଦୀଶ ଖୋସଲା, ସାମନାଥ ଖରା ପ୍ରମୁଖ ଯୋଗ ଦେଇଥିଲେ। ଉତ୍ତରୀୟ ପ୍ରଦାନ କରି ସେମାନଙ୍କୁ ସମ୍ମାନିତ କରାଯାଇଥିଲା। ସମାଜର ଅନାଥ ପିଲାଙ୍କୁ ସାହାଯ୍ୟ କରିବା ସକାଶେ ଡମ କର୍ପସ ଫଣ୍ଡ କରିବାକୁ ମୁଖ୍ୟବକ୍ତା ପରାମର୍ଶ ଦେଇଥିଲେ। ଏହି ଦିଆଲି ଭେଟଘାଟ ଯୋଗୁଁ ଡମ ସଙ୍ଗଠନର ଏକ ନୂତନ ଆଶା ସଞ୍ଚାର ହୋଇଛି; ଡମ ଲୋକଙ୍କ ସ୍ୱତନ୍ତ୍ର ଭାଷା ରହିଛି, କିନ୍ତୁ ସେମାନେ ନିଜ ଭାଷାକୁ ଗୁରୁତ୍ୱ ଦେଉନାହାନ୍ତି ବୋଲି ରଘୁରାମ ମାଛ କହିଥିଲେ। ପ୍ରଦୀପ ଖୋସଲା, ସୁବାସ ସାଗର, ରାଜେନ୍ଦ୍ର କୁଳଦୀପ, ଲଖଣ ସୁନାଙ୍କ ସମେତ ଅନେକ ଯୁବପିଢ଼ିର ସହଯୋଗରେ ଏହି ସମାବେଶ ପ୍ରଥମ ଥର ପାଇଁ ଆୟୋଜିତ ହୋଇଥିଲା। ଜିଲ୍ଲାର ୧୪ଟି ବ୍ଲକ୍‌ର କର୍ମକର୍ତ୍ତା ସହ କୋରାପୁଟ, ଦଶମନ୍ତପୁର ବ୍ଲକର ହଜାର ହଜାର ମହିଳା ପୁରୁଷ ଯୁବକ ଯୁବତୀ ମାନେ ଯୋଗ ଦେଇଥିଲେ। ରମେଶ ଖରା ଓ ପଦଲାମ ଖରା ମଞ୍ଚ ପରିଚାଳନା କରିଥିବା ବେଳେ ବିଭିନ୍ନ ଗାଁର ଯୁବତୀ ମାନେ ଢେମସା ନୃତ୍ୟ ପରିବେଷଣ କରିଥିଲେ। ସଙ୍ଗଠନର ଉପଦେଷ୍ଟା ପ୍ରଦୀପ ବେନିୟା, ସମ୍ପାଦକ ଭଗବାନ ଖିଲ, ସହ ସମ୍ପାଦକ କୁର୍ତ୍ତିବାସ ଖୋସଲା, ଉପସଭାପତି ପଦଲାମ ଟକ୍ରୀ, ବିଶୋଇ ଖିଲ ପ୍ରମୁଖଙ୍କୁ ମଞ୍ଚରେ ସମ୍ମାନିତ କରାଯାଇଥିଲ। ଶେଷରେ କୁର୍ତ୍ତିବାସ ଖୋସଲା ଧନ୍ୟବାଦ ଅର୍ପଣ କରିଥିଲେ।

# ଅଗ୍ନି ନିର୍ବାପକ ସଚେତନତା ଶିବିର




ଜୟପୁର,୨୫ ।୧୧(ସମିସ): କୋରାପୁଟ ଜିଲ୍ଲା ଜୟପୁର କୁମ୍ଭାରସାହି ସ୍ଥିତ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଅଗ୍ନିଶମ ବିଭାଗ ପକ୍ଷରୁ ଅଗ୍ନି ନିର୍ବାପକ ସଚେତନତା ଶିବିର ସୋମବାର ଅନୁଷ୍ଠିତ ହୋଇଥିଲା। ଏହି ଶିବିରରେ ଚିକିତ୍ସାଳୟରେ ଅଗ୍ନି ଦୁର୍ଘଟଣା ଘଟିଲେ ତୁରନ୍ତ କିଭଳି ଭାବେ ଏହାର ନିୟନ୍ତ୍ରଣ କରାଯିବ ସେ ଉପରେ ବୁଝାଇଥିଲେ। ଚିକିତ୍ସାଳୟରେ ଅଗ୍ନି ନିର୍ବାପକ ସରଞ୍ଜାମ ନିତାନ୍ତ ଭାବେ ରଖିବା, ଆପତକାଳୀନ ସମୟରେ ଏହି ସାମଗ୍ରୀର ଉପଯୁକ୍ତ ବ୍ୟବହାର କରାଯିବା ଉପରେ ଶିବିରରେ ଚିକିତ୍ସାଳୟ କର୍ମଚାରୀମାନଙ୍କୁ ତାଲିମ ପ୍ରଦାନ କରାଯାଇଥିଲା। ଏହି ଅବସରରେ ଜୟପୁର ଅଗ୍ନିଶମ ବିଭାଗର ସହକାରୀ ଅଧିକାରୀ ସୁରେଶ କୁମାର ବାରିକ ଓ କେନ୍ଦ୍ରାଧିକାରୀ ସୂର୍ଯ୍ୟ ବେହେରାଙ୍କ ନେତୃତ୍ୱରେ ଅନ୍ୟାନ୍ୟ କର୍ମଚାରୀମାନେ ଉପସ୍ଥିତ ରହି ଶିବରକୁ ପରିଚାଳନା କରିଥିଲେ। ସ୍ୱାସ୍ଥ୍ୟକେନ୍ଦ୍ରର ସମସ୍ତ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ରହିଥିଲେ।

ସକାଳ
THE SAKALA



## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମୌସୁମୀରେ ଧୋଇଗଲା...

ନିଜର ରଣନୀତିକୁ ଚୂଡ଼ାନ୍ତ ରୂପ ଦେବେ। ଏପଟେ ନୂଆପଡ଼ାରେ ବିପୁଳ ବିଜୟ ପରେ ଶାସକ ଦଳ ପୂରା ଜୋଶରେ ଥିବାବେଳେ ଏହା ଗୃହକୁ ଅଧିକ ସରଗରମ କରିପାରେ ବୋଲି ଅନୁମାନ କରାଯାଉଛି। ଉଭୟ ଶାସକ ଏବଂ ବିରୋଧୀଙ୍କ ମୁଡକୁ ଦେଖିଲେ ବିଧାନସଭାରେ ଯେ କେହି କାହାରିକୁ ଛାଡ଼ିବେ ନାହିଁ, ତାହା ଏବେଠାରୁ ଜଳଜଳ ଦିଶିଲାଣି ବୋଲି ରାଜନୈତିକ ବିଶେଷଜ୍ଞମାନେ ଅନୁମାନ କରୁଛନ୍ତି।

### ୨୧ ଲକ୍ଷ ମୋବାଇଲ...

ଚିହ୍ନଟ କରି ତଦନ୍ତ ପରେ ସେଗୁଡ଼ିକୁ ସ୍ଥାୟୀ ଭାବରେ ବ୍ଲକ୍ କରିଛନ୍ତି। ଟ୍ରାଇ ପକ୍ଷରୁ ଏକ ପରାମର୍ଶ ଜାରି କରି କୁହାଯାଇଛି ଯେ, ଯେତେବେଳେ ଏକ ସ୍ପାମ୍ କଲ୍ ଆସୁଛି, ସେତେବେଳେ କେବଳ ନିଜର ବ୍ୟକ୍ତିଗତ ଡିଭାଇସ୍‌ରେ ବ୍ଲକ୍ କରିବା ସହ ଡିଏନ୍‌ଡି ଆପ୍ ମାଧ୍ୟମରେ ମଧ୍ୟ ଏ ସମ୍ପର୍କରେ ରିପୋର୍ଟ କରନ୍ତୁ। ଡିଏନ୍‌ଡି ଆପ୍‌ରେ ଅଭିଯୋଗ କରିବା ପାଇଁ ପ୍ରଥମେ ମୋବାଇଲ୍ ଫୋନ୍‌ରେ ଟ୍ରାଇ ୩.୦ ଆପ୍ ଡାଉନଲୋଡ୍ କରିବାକୁ ହେବ।

### ଆଇସକ୍ରିମ୍‌ର ଲୋଭ ଦେଖାଇ...

ପରେ ଥାନାରେ ଅଭିଯୋଗ କରିଥିଲେ। ଉଲ୍ଲେଖଯୋଗ୍ୟ, ପୂର୍ବରୁ ମଧ୍ୟ ଏହି ଅଞ୍ଚଳରେ ଦୁଇଜଣ ନାବାଳିକା ଛାତ୍ରୀଙ୍କୁ କେହି ଦୁର୍ବୃତ୍ତ ଦୁଷ୍କର୍ମ ସହ ହତ୍ୟା କରିଥିବା ନେଇ ଅଭିଯୋଗ ହୋଇଥିଲା। ବର୍ତ୍ତମାନ ସୁଦ୍ଧା ଉକ୍ତ ଘଟଣାର ସ୍ପଷ୍ଟ ଚିତ୍ର ଆସି ନଥିବା ବେଳେ ଆଜି ପୁଣି ଏଭଳି ଏକ ଘଟଣା ବୁଦ୍ଧିଜୀବୀମହଲରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି।

### ବିଦ୍ୟୁତ୍ ଉପଭୋକ୍ତାଙ୍କ...

ଦେଇଥିଲେ। ଏହ ବିଦ୍ୟୁତ୍ ବିକ୍ରି ବାବଦରେ ଟାଟାପାୱାରର ୪ କମ୍ପାନୀ ୧୭୪୬୧ କୋଟିଟଙ୍କା ରାଜସ୍ୱକୁ ମଧ୍ୟ ମଞ୍ଜୁରୀ ମିଳିଥିଲା। ମାତ୍ର ଟାଟା ପାୱାର ଉପଭୋକ୍ତାଙ୍କୁ ୨୯୫୭୯ ନିୟୁତ ୟୁନିଟ ହାରାହାରି ୬ ଟଙ୍କା ୩ ପଇସା ହିସାବରେ ବିକ୍ରି କରି ୧୭୮୩୬ କୋଟି ଟଙ୍କା ଅଦାୟ କରିଛି। ଆୟୋଗ ଅନୁମୋଦନ କରିଥିବା ୟୁନିଟ୍ ପିଛା ହାରାହାରି ଟାରିଫ ଠାରୁ ଏହା ୩୬ ପଇସା ଅଧିକ ବୋଲି କୁହାଯାଉଛି। ଟାଟାପାୱାର ପରି ଗ୍ରୀଡକୋ ମଧ୍ୟ ଏହି ବର୍ଷ ଲାଭବାନ ହୋଇଛି ଏବଂ ଏହାର ପରିମାଣ ୩୪୭.୩୭ କୋଟି ଟଙ୍କା ହୋଇଥିବା ରିପୋର୍ଟରେ ଉଲ୍ଲେଖ କରାଯାଇଛି।

ଅନ୍ୟପକ୍ଷରେ ଅନୁମୋଦିତ ବୈଷୟିକ ଓ ବାଣିଜ୍ୟ କ୍ଷତି ହ୍ରାସ ଲକ୍ଷ୍ୟ ୧୮.୭୯ ପ୍ରତିଶତଠାରୁ ଟାଟା ପାୱାର ଉତ୍ତମ ପ୍ରଦର୍ଶନ କରିଛି ଓ ଏହି କ୍ଷତି ୧୬.୭୦ ପ୍ରତିଶତକୁ ହ୍ରାସ ପାଇଛି। ପୁନଶ୍ଚ ଉପଭୋକ୍ତାଙ୍କ ମିଟର ସ୍ଥାପନ କ୍ଷେତ୍ରରେ ଟାଟା ୯୯ ପ୍ରତିଶତ ସଫଳ ହୋଇଥିବା ବେଳେ ସ୍ମାର୍ଟ ମିଟର ସ୍ଥାପନ ମାତ୍ର ୧୩ ପ୍ରତିଶତ ସମ୍ଭବ ହୋଇଛି। ଅର୍ଥାତ ରାଜ୍ୟରେ ଏଯାବତ୍ ୧୨ ଲକ୍ଷ ୬୭ ହଜାର ଉପଭୋକ୍ତା ସ୍ମାର୍ଟ ମିଟର ବସାଇଛନ୍ତି। ସେହିପରି ଫିଡର ଓ ଟ୍ରାନ୍ସଫର୍ମର ମିଟରିଙ୍ଗ କାର୍ଯ୍ୟରେ ଟାଟାର ପ୍ରଦର୍ଶନ ଦୁର୍ବଳ ରହିଛି। ଓଡ଼ିଶା ବିଦ୍ୟୁତ ସେବାରେ ନିୟୋଜିତ ସମୁଦାୟ ୨୬୫୯ଟି (୧୪୬/୩୩ ଏମଭିଏ) ପାୱାର ଟ୍ରାନ୍ସଫର୍ମର ମଧ୍ୟରୁ ମାତ୍ର ୧୬୩୦ଟିରେ (୬୧ ପ୍ରତିଶତ) ମିଟରିଙ୍ଗ ହୋଇଛି। ୯୭୮ଟି ୩୩କେଭି ଫିଡର ମଧ୍ୟରୁ ମାତ୍ର ୭୫ ପ୍ରତିଶତ ଅର୍ଥାତ ୭୩୮ଟି ମିଟରିଙ୍ଗ ହୋଇଛି। ବିଦ୍ୟୁତ ସେବାରେ ନିୟୋଜିତ ଥିବା ସମୁଦାୟ ୩ ଲକ୍ଷ ବିତରଣ ଟ୍ରାନ୍ସଫର୍ମର ମଧ୍ୟରୁ ପ୍ରାୟ ୨ ଲକ୍ଷ ଟ୍ରାନ୍ସଫର୍ମର କ୍ଷମତା ୬୩ କେଭିଏରୁ କମ ଥିବାରୁ ଆୟୋଗ ନାପସନ୍ଦ କରି ସେଗୁଡ଼ିକୁ ୧୦୦ କେଭିଏ କିମ୍ବା ତଦୁଦ୍ଧ୍ୱର୍ କ୍ଷମତାକୁ ବୃଦ୍ଧି କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

ଉପଭୋକ୍ତା ସୂଚୀକରଣ ଓ ଜିଆଇଏସ ମ୍ୟାପିଙ୍ଗ କାର୍ଯ୍ୟରେ ଟାଟା ପ୍ରାୟ ଶତ ପ୍ରତିଶତ ସଫଳ ହୋଇଥିବାବେଳେ ବିତରଣ ଟ୍ରାନ୍ସଫର୍ମର ମିଟରିଙ୍ଗ ମାତ୍ର ୧୯.୪୦ ପ୍ରତିଶତ ହୋଇଛି। ଅପରପକ୍ଷେ ଗ୍ରୀଡକୋର କାର୍ଯ୍ୟଦକ୍ଷତା ସମୀକ୍ଷା ରିପୋର୍ଟ ଅନୁସାରେ ୨୦୨୪-୨୫ରେ ଗ୍ରୀଡକୋ ୪୨୪୮୭ ନିୟୁତ ୟୁନିଟ ବ୍ୟବସାୟ କରି ୧୪୫୧୧ କୋଟିଟଙ୍କା ଆୟ କରିଥିବା ବେଳେ ସମୁଦାୟ ବ୍ୟୟ କରିଛି ୧୪୧୬୩ କୋଟି ଟଙ୍କା। ଅର୍ଥାତ ବିଦ୍ୟୁତ ବ୍ୟବସାୟରୁ ଗ୍ରୀଡକୋ ୩୪୭ କୋଟି ଟଙ୍କା ଲାଭ କରିଛି।

ଶକ୍ତି ସମୀକ୍ଷକ ଆନନ୍ଦ ମହାପାତ୍ର କହିଛନ୍ତି ଯେ ଯେହେତୁ ପୂର୍ବ ବର୍ଷରେ (୨୦୨୪-୨୫) ଗ୍ରୀଡକୋର ବ୍ୟବସାୟିକ ଲାଭ ୩୪୭ କୋଟି ଟଙ୍କା ହୋଇଛି ଏବଂ ଟାଟା ବିତରଣ କମ୍ପାନୀ ଗୁଡିକ ଓଇଆରସି ଧାର୍ଯ୍ୟ କରିଥିବା ହାରାହାରି ଟାରିଫ ଠାରୁ ୟୁନିଟ ପିଛା ୩୬ ପଇସା ହିସାବରେ ଉପଭୋକ୍ତାଙ୍କ ଠାରୁ ଅଧିକ ୧୦୬୫ କୋଟିଟଙ୍କା ଅଦାୟ କରିଛନ୍ତି, ତେଣୁ ଆସନ୍ତା ବର୍ଷର ଟାରିଫ ନିର୍ଣ୍ଣୟ ପ୍ରକ୍ରିୟାରେ ଏହା ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିବ। ଟାଟା ଉପଭୋକ୍ତାଙ୍କ ଠାରୁ ଅଧିକ ଅଦାୟ କରିଥିବା ରାଜସ୍ୱକୁ ସୁଧସହ ଫେରସ୍ତ କରିବା ପାଇଁ ଶ୍ରୀ ମହାପାତ୍ର ଆସନ୍ତା ଟାରିଫ ନିର୍ଣ୍ଣୟ ପ୍ରକ୍ରିୟାରେ ଆୟୋଗ ସମ୍ମୁଖରେ ଯୁକ୍ତି ରଖିବେ ବୋଲି ସେ ସୂଚନା ଦେଇଛନ୍ତି। ତେଣୁ ଆସନ୍ତା ବର୍ଷ ୨୦୨୬-୨୭ ପାଇଁ ଖୁଚୁରା ବିଦ୍ୟୁତମୂଲ୍ୟ (ଟାରିଫ) ବୃଦ୍ଧିହେବା ସମ୍ଭାବନା ଖୁବ କମ ରହିଛି ବୋଲି ସେ ମତପ୍ରକାଶ କରିଛନ୍ତି।

### ଇଥିଓପିଆରେ ଉଦ୍‌ଗୀରଣ...

ପାଉଁଶର ଏହି ବାଦଲ ମଙ୍ଗଳବାର ସନ୍ଧ୍ୟା ୭.୩୦ ବେଳକୁ ଭାରତରୁ ଅପସରି ଯିବ ଓ ଆକାଶ ସଫା ହେବ ଏବଂ ଏହା ଚୀନ୍ ଆଡକୁ ଗତି କରିବ ବୋଲି ଭାରତୀୟ ମୌସମ ବିଜ୍ଞାନ ବିଭାଗ (ଆଇଏମ୍‌ଡି) ତରଫରୁ କୁହାଯାଇଛି।

ଏହି ଜ୍ୱାଳାମୁଖି ଫାଟିବା କାରଣରୁ ଏୟାର ଇଣ୍ଡିଆ ନିଜର ୧୧ଟି ବିମାନର ଉଡାଣକୁ ରଦ୍ଦ କରିଛି। ଏହି ଧୂଆଁ ତଥା ବାଦଲର ଉଚ୍ଚତା ଏତେ ଥିଲା ଯେ, ସାଧାରଣ ଲୋକଙ୍କ ଜୀବନ ଉପରେ ଏହା ପ୍ରଭାବ ବହୁତ କମ୍ ରହିଛି। ଏଥିରେ କୌଣସି ଲୋକ ମୃତାହତ ହୋଇ ନଥିବାର ସୂଚନା ମିଳିଛି। କିନ୍ତୁ ୟେମେନ ଓ ଓମାନ ସରକାର ଲୋକଙ୍କୁ ସତର୍କ ରହିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହା ଦ୍ୱାରା ବିମାନ ଚଳାଚଳ ମଧ୍ୟ ବାଧାପ୍ରାପ୍ତ ହୋଇଛି। ଖାସ୍ କରି ଦିଲ୍ଲୀ ଓ ଜୟପୁର ଭଳି ଅଞ୍ଚଳରେ ବିମାନ ଚଳାଚଳ ଉପରେ ନଜର ରଖାଯାଇଛି। ପାଉଁଶର କଣା ବିମାନର ଇଞ୍ଜିନକୁ ପ୍ରଭାବିତ କରିବାର ଯଥେଷ୍ଟ ଆଶଙ୍କା ରହିଛି। ଖାସ୍‌କରି ଏଥିପାଇଁ ଅନ୍ତର୍ଜାତୀୟ ବିମାନ ଚଳାଚଳ ନିୟମ ଅନୁସାରେ ସତର୍କତା ଅବଲମ୍ବନ କରାଯାଉଛି। ଭାରତର ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ ବିଭିନ୍ନ ଏୟାର ଲାଇନ୍ସ ପାଇଁ ବିସ୍ତୃତ ମାର୍ଗଦର୍ଶିକା ଜାରି କରିଛି। ତେବେ ଏହି ପାଉଁଶ ତଥା ବାଦଲ ବହୁ ଉଚ୍ଚରେ ରହିଥିବାରୁ ବିମାନ ଉଡାଣ ଓ ଅବତରଣରେ କୌଣସି ସମସ୍ୟା ନଥିବା କଥା କୁହାଯାଇଛି। ଯଦି କୌଣସି ବିମାନ ଏହି ପାଉଁଷ ସଂସ୍ପର୍ଶରେ ଆସେ ତେବେ ତୁରନ୍ତ ଏ ନେଇ ସୂଚନା ଦେବାକୁ କୁହାଯାଇଛି। ଏହି କାରଣରୁ ଆକାଶ ଏୟାର, ଇଣ୍ଡିଗୋ ଓ କେଏଲ୍‌ଏମ୍ ସେମାନଙ୍କର ଏକାଧିକ ଉଡାଣ ବନ୍ଦ କରିଛନ୍ତି। ଏହି ଜ୍ୱାଳାମୁଖି ବିସ୍ଫୋରଣକୁ ବୈଜ୍ଞାନିକମାନେ ଏକ ଅସାଧାରଣ ଘଟଣା ବୋଲି କହିଛନ୍ତି। ଏହା ପରିବେଶ ଓ ସ୍ୱାସ୍ଥ୍ୟକୁ ପ୍ରଭାବିତ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ଏହି ଜ୍ୱଳାମୁଖିରେ ପୁଣି ବିସ୍ଫୋରଣ ହେବାର ଆଶାଙ୍କ ରହିଛି ବୋଲି କୁହାଯାଇଛି।

# ପ୍ରେମ ପାଇଁ 'ନିର୍ଯାତନା' ନାଟକ

## ଆମେରିକାରୁ ଫେରିଲେ ବାଲେଶ୍ୱର ଝିଅ ପୂଜା



ବାଲେଶ୍ୱର, ୨୫।୧୧(ସମିସ): ପ୍ରେମ ପାଇଁ 'ନିର୍ଯାତନା' ନାଟକ ରଚିଥିଲେ। ନିଜ ମନର ମଣିଷକୁ ବିବାହ କରି ତା' ସହ ରହିବା ପାଇଁ ପାଳିତ ମା' ଉପରେ ମିଛ ଅଭିଯୋଗ ଆଣିଥିଲେ। ଖାଲି ସେତିକି ନୁହେଁ, ଏହାର ଏକ ଭିଡିଓ କରି ଭାଇରାଲ୍ କରିଥିଲେ। ପୌଷ୍ୟ କନ୍ୟା ଭାବେ ଆମେରିକା ଯାଇଥିବା ଓଡ଼ିଆ ଝିଅ ପୂଜା ଆଜି ବାଲେଶ୍ୱର ଫେରିବା ପରେ ନିଜ ମୁହଁରେ ଏହି 'ନିର୍ଯାତନା' ନାଟକର ଭେଦ ଖୋଲିଛନ୍ତି।

ପୂଜା କହିଛନ୍ତି, ଛୋଟ ବେଳେ ଭୁବନେଶ୍ୱରରେ ରହି ପୁରୁଷବନ୍ଧୁ ଅମରଙ୍କ ସହ ପାଠ ପଢୁଥିଲି। ପରିବାର ସହ ଟ୍ରେନ୍‌ରେ ଯାତ୍ରା କରୁଥିବା ବେଳେ ହଜିଯାଇଥିଲି। ଚାଇଲ୍ଡଲାଇନ ମୋତେ ଉଦ୍ଧାର କରି ଭୁବନେଶ୍ୱର ନହରକଣ୍ଟାସ୍ଥିତ ଏକ କନ୍ୟାଶ୍ରମରେ ରଖିଥିଲା। ସେଠାରୁ ଏକ ଆମେରିକୀୟ ଦମ୍ପତି ମୋତେ ପୋଷ୍ୟକନ୍ୟା ଭାବେ ଗ୍ରହଣ କରି ସାଙ୍ଗରେ ନେଇ ଯାଇଥିଲେ। ଆମେରିକାରେ ପାଖାପାଖି ୭ବର୍ଷରୁ ଅଧିକ ସମୟ ରହିଥିଲି। ୨୦୨୪ ମସିହାରେ ସୋସିଆଲ ମିଡିଆରେ ଅମରକୁ ଦେଖିବା ପରେ ତାଙ୍କ ସହ ଯୋଗାଯୋଗ କରିଥିଲି। କଥାବାର୍ତ୍ତାରୁ ଆମ ସଂପର୍କ ଆଗକୁ ବଢ଼ିଥିଲା। ସେଠାରେ ମୋତେ କୌଣସି ନିର୍ଯାତନା ଦିଆଯାଉ ନଥିଲା। ଭାଇରାଲ୍ ହୋଇଥିବା 'ନିର୍ଯାତନା' ଭିଡିଓ ସମ୍ପୂର୍ଣ୍ଣ ମିଛ। ମୁଁ ଅମରଙ୍କୁ ଭଲ ପାଉଛି ଓ ତାଙ୍କୁ ବାହା ହୋଇ ଓଡ଼ିଶାରେ ରହିବି ବୋଲି ପୂଜା କହିଛନ୍ତି।

**ପୁରୁଷ ବନ୍ଧୁଙ୍କୁ ବାହା ହେବା ପାଇଁ ମିଛ ଭିଡିଓ ବାର୍ତ୍ତା କରିଥିଲେ**

ସୂଚନାନୁଯାୟୀ, କିଛି ଦିନ ତଳେ ପୂଜାଙ୍କ ଏକ ଭିଡିଓ ଭାଇରାଲ୍ ହୋଇଥିଲା। ତାଙ୍କୁ ପୋଷ୍ୟ କନ୍ୟା ଭାବେ ଗ୍ରହଣ କରିଥିବା ଦମ୍ପତି ତାଙ୍କୁ ଆମେରିକାରେ ନିର୍ଯାତନା ଦେଉଛନ୍ତି ବୋଲି ସେଥିରେ ସେ ଅଭିଯୋଗ କରିଥିଲେ। ତେଣୁ, ଯଥାଶୀଘ୍ର ତାଙ୍କୁ ସେଠାରୁ ଉଦ୍ଧାର ପାଇଁ ସେ ଉକ୍ତ ଭିଡିଓରେ ଓଡ଼ିଶା ସରକାରଙ୍କୁ ଗୁହାରି କରିଥିଲେ। ତେବେ ରାଜ୍ୟ ସରକାରଙ୍କ ଉଦ୍ୟମରେ ତାଙ୍କୁ ଓଡ଼ିଶା ଫେରାଇ ଅଣାଯାଇଛି। ତାଙ୍କୁ ବାଲେଶ୍ୱର ନାରୀସଂଘରେ ରଖାଯାଇଛି।

ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଜ୍ୟୋତ୍ସ୍ନା ମହାନ୍ତି କହିଛନ୍ତି ଯେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ତାଙ୍କ ଅଧ୍ୟକ୍ଷତାରେ ଗୋଟିଏ ଟିମ୍ ଭୁବନେଶ୍ୱର ଯାଇ ସେଠାରୁ ତାଙ୍କୁ ଉଦ୍ଧାର କରି ଜିଲ୍ଲା ନାରୀ ସଂଘରେ ରଖିଛନ୍ତି। ଅନ୍ୟପଟେ ପୂଜାଙ୍କ ପୁରୁଷ ବନ୍ଧୁଙ୍କ ସହ ଏପର୍ଯ୍ୟନ୍ତ ତାଙ୍କର ଦେଖାହୋଇନି। ତାଙ୍କ ସହ ଯୋଗାଯୋଗ ଜାରି ରଖାଯାଇଛି। ଜିଲ୍ଲାପାଳଙ୍କ ପରବର୍ତ୍ତୀ ନିର୍ଦ୍ଦେଶ ପରେ ଯାହା କିଛି ପଦକ୍ଷେପ ଗ୍ରହଣ କରାଯିବ।

# ଭିଜିଲାନ୍ସ ଜାଲରେ ଏଆରଆଇ



୧୨ ହଜାର ଲାଞ୍ଚ ନେଲାବେଳେ ମାଡ଼ିବସିଲା ଭିଜିଲାନ୍ସ

କେନ୍ଦ୍ରାପଡ଼ା, ୨୫।୧୧(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ଡେରାବିଶ ତହସିଲ ଅଧୀନ ନିକିରାଇ ରାଜସ୍ୱ ସର୍କଲ ଏଆର୍‌ଆଇ ଅଭିମନ୍ୟୁ ବେହେରା ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି। ଜମିର କିସମ ପରିବର୍ତ୍ତନ ପାଇଁ ଶ୍ରୀନାଥ ମଲ୍ଲିକଠାରୁ ୧୨ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ତାଙ୍କୁ ଭିଜିଲାନ୍ସ ଲାଞ୍ଚ ଟଙ୍କା ସହ କାବୁ କରିଛି।

ଶ୍ରୀନାଥ ମଲ୍ଲିକ ନିଜ ଚାଷଜମିକୁ ଘରବାଡ଼ିକୁ ପରିବର୍ତ୍ତନ ପାଇଁ ଗତ ଅକ୍ଟୋବର ୩୧ ତାରିଖରେ ଡେରାବିଶ ତହସିଲ କାର୍ଯ୍ୟାଳୟରେ ଅନଲାଇନ୍ ଆବେଦନ କରିଥିଲେ। ଦଲିଲ ଯାଞ୍ଚ ହେବା ପରେ ଶ୍ରୀନାଥକୁ ନିକିରାଇ ରାଜସ୍ୱ କାର୍ଯ୍ୟାଳୟକୁ ଡକାଯାଇଥିଲା। ଶ୍ରୀନାଥ ଅଫିସରେ ପହଞ୍ଚିଥିଲେ। ସେଠାରେ ଏଆର୍‌ଆଇ ଶ୍ରୀ ବେହେରା ତାଙ୍କୁ ୧୫,୦୦୦ ଟଙ୍କା ଲାଞ୍ଚ ମାଗିଥିଲେ। ଏତେ ଟଙ୍କା ଦେବାକୁ ଶ୍ରୀନାଥ ଅମଙ୍ଗ ହେବାରୁ ଶ୍ରୀ ବେହେରା ୧୨ହଜାର ଟଙ୍କା ମାଗିଥିଲେ। ଟଙ୍କା ନ ଦେଲେ କାମ ହେବନି ବୋଲି ରୋକଠୋକ୍ ଶୁଣାଇ ଦେଇଥିଲେ। ଅନ୍ୟ ଉପାୟ ନ ପାଇ ଶ୍ରୀ ମଲ୍ଲିକ ଏ ସଂପର୍କରେ ଭିଜିଲାନ୍ସର ଦ୍ୱାରସ୍ଥ ହେବାରୁ ତାଙ୍କୁ ଧରିବା ପାଇଁ ଜାଲ ବିଛାଯାଇଥିଲା। ଆଜି ଶ୍ରୀ ବେହେରା ଅଫିସ୍‌ରେ ଲାଞ୍ଚ ଟଙ୍କା ନେଉଥିବା ବେଳେ ସେଠାରେ ପୂର୍ବରୁ ଛପି ରହିଥିବା ଭିଜିଲାନ୍ସ ଟିମ୍ ତାଙ୍କୁ ମାଡ଼ି ବସିଥିଲା। ପରେ ଭିଜିଲାନ୍ସ ଆୟ ବର୍ହିଭୂତ ସଂପତ୍ତି ଠୁଳ ସନ୍ଦେହରେ ଅଭିମନ୍ୟୁଙ୍କ ଆଳିସ୍ଥିତ ପୈତୃକ ଘର, ଗରାପୁର ବାସଭବନ ଓ ଅଫିସରେ ଏକ ସମୟରେ ଚଢ଼ଉ କରିଥିଲା

# ନାତି ଶବ ଦେଖି ଆଈର ମୃତ୍ୟୁ





ଏକାଠି ଜଳିଲା ଜୁଇ

ବଲାଙ୍ଗିର, ୨୪।୧୧(ସମିସ): ଆଖି ଆଗରେ ନାତିର ଶବ ଦେଖି ଆଈର ଜୀବନ ଚାଲିଗଲା। ବଲାଙ୍ଗିର ଉପକଣ୍ଠ ସଦେଇପାଲିର ବିସ୍ଥାପିତ କଲୋନୀରେ ଏଭଳି ଏକ ଦୁଃଖଦ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ବଲାଙ୍ଗିର ସହର ଉପକଣ୍ଠ ସଦେଇପାଲି ବିସ୍ଥାପିତ କଲୋନୀର ସୁଧୀର ଖୁଆସଙ୍କ ପୁଅ ସୁମନ ଖୁଆସ (୧୮) ଏବଂ ମା' ସୁନୀତା ଖୁଆସ (୬୫)। ଆଜି ଏକାଠି ଦୁହିଁଙ୍କ ଜୁଇ ଜଳିଛି। ସୂଚନାନୁଯାୟୀ, ଗତକାଲି ରାତି ଅଧରେ ହଠାତ୍ ସୁମନଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ି ଯାଇଥିଲା। ପରିବାରଲୋକେ ତାଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ଏ ସଂପର୍କରେ ସୁନୀତା ଜାଣିନଥିଲେ। ସକାଳୁ ସେ ପରିବାରଲୋକଙ୍କୁ ସୁମନଙ୍କ ଦେହପା' ସଂପର୍କରେ ପଚାରୁଥିଲେ। ଏହାର କିଛି ସମୟ ପରେ ସୁମନଙ୍କ ମୃତଦେହ ଘରେ ପହଞ୍ଚିଥିଲା। ଆଖି ଆଗରେ ନାତିର ଶବ ଦେଖି ସୁନୀତା ନିଜକୁ ସମ୍ଭାଳିପାରି ନଥିଲେ। ହଠାତ୍ ତାଙ୍କ ସ୍ୱାସ୍ଥ୍ୟ ବିଗିଡ଼ି ଯାଇଥିଲା। ପରିବାରଲୋକେ ତୁରନ୍ତ ସୁନୀତାଙ୍କୁ ନେଇ ଡାକ୍ତରଖାନା ବାହାରିଥିଲେ। କିନ୍ତୁ ବାଟରେ ତାଙ୍କର ମଧ୍ୟ ମୃତ୍ୟୁ ଘଟିଥିଲା। ଏକା ସାଙ୍ଗରେ ଗାଁ ମଶାଣିରେ ଆଈ-ନାତିଙ୍କ ଜୁଇ ଜଳିଥିଲା।

## ଆଜୀବନ ଦଣ୍ଡାଦେଶକୁ ଚାଲେଞ୍ଜ

# ୧୨ବର୍ଷ ବିଳମ୍ବରେ ମାମଲାକୁ ନେଇ ହାଇକୋର୍ଟଙ୍କ ଅସନ୍ତୋଷ

କଟକ,୨୫।୧୧(ସମିସ): ଜିଲ୍ଲା ଜଜ୍ ଓ ଜିଲ୍ଲା ଆଇନସେବା ପ୍ରାଧିକରଣ ଦ୍ୱାରା ନିୟମିତ ଜେଲ୍ ଯାଞ୍ଚ ସତ୍ତ୍ୱେ ଆଜୀବନ ଜେଲ୍ ଦଣ୍ଡାଦେଶ ପାଇଥିବା ଦୋଷୀଙ୍କ ପକ୍ଷରୁ ଦଣ୍ଡାଦେଶ ବିରୋଧରେ ୧୨ବର୍ଷ ବିଳମ୍ବରେ ଅପିଲକୁ ନେଇ ହାଇକୋର୍ଟ ପ୍ରଶ୍ନ ଉଠାଇବା ସହ ଅସନ୍ତୋଷ ପ୍ରକାଶ କରିଛନ୍ତି। କେବଳ ଜିଲ୍ଲା ଜଜ୍ ନୁହେଁ, ବରଂ ଜିଲ୍ଲା ଆଇନସେବା ପ୍ରାଧିକରଣ ସହ ଜଡ଼ିତ ଅଧିକାରୀମାନେ ମଧ୍ୟ ଜେଲଗୁଡ଼ିକର ନିୟମିତ ପରିଦର୍ଶନ କରି ଯାଞ୍ଚ କରୁଛନ୍ତି। ତେବେ ନିମ୍ନ ଅଦାଲତଙ୍କ ରାୟକୁ କିଭଳି ୧୨ବର୍ଷ ଧରି ଅଭିଯୁକ୍ତଙ୍କ ତରଫରୁ ଅପିଲ ଜରିଆରେ ହାଇକୋର୍ଟରେ ଚାଲେଞ୍ଜ କରାଯାଇନଥିଲା, ସେ ନେଇ ଖଣ୍ଡପୀଠ ପ୍ରଶ୍ନ କରିବା ସହ ମୟୂରଭଞ୍ଜ ଜିଲ୍ଲା ଏବଂ ଦୌରାଜଜଙ୍କଠାରୁ ରିପୋର୍ଟ ତଲବ କରିଛନ୍ତି। ଜଟିଆ ହେମ୍ବ୍ରମଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ସଂଗମ କୁମାର ସାହୁ ଓ ଜଷ୍ଟିସ ଶିବଶଙ୍କର ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ଦେଇଛନ୍ତି।

ଜଟିଆ ହେମ୍ବ୍ରମକୁ ଆଇପିସିର ଧାରା ୩୦୨(ହତ୍ୟା) ଅନୁଯାୟୀ ଦୋଷୀ ସାବ୍ୟସ୍ତ କରାଯାଇଥିଲା। ଗତ ୨୦୧୩ ଜାନୁଆରି ୩୦ରେ ବାରିପଦା ଅତିରିକ୍ତ ଦୌରାଜଜ୍ଆ ଜୀବନ କାରାଦଣ୍ଡାଦେଶ ପ୍ରଦାନ କରି ରାୟ ପ୍ରକାଶ କରିଥିଲେ। ଅଭିଯୁକ୍ତଙ୍କ ପକ୍ଷରୁ ଗତ ଅକ୍ଟୋବର ୨୪ରେ ଏକ ଜେଲ କ୍ରିମିନାଲ ଅପିଲ ଦାଖଲ କରାଯାଇଥିଲା। ଯେତେବେଳେ ମାମଲାଟି ଶୁଣାଣି ପାଇଁ ଆସିଲା, ସେତେବେଳେ ଅପିଲ୍ ଦାଖଲ କରିବାରେ ୪୫୬୫ ଦିନ ଅର୍ଥାତ ୧୨ ବର୍ଷ ବିଳମ୍ବ ହୋଇଥିବା କୋର୍ଟ ଷ୍ଟାମ୍ପ ରିପୋର୍ଟରଙ୍କ ଦ୍ୱାରା ଉଲ୍ଲିଖିତ କରାଯାଇଥିଲା। ଅପିଲ କରୁନଥିବା ଅଭିଯୁକ୍ତଙ୍କୁ ଆଇନଗତ ସହାୟତା ପ୍ରଦାନର ନିୟମ ରହିଛି, ଯାହାକୁ ନେଇ ହାଇକୋର୍ଟ ଆଶ୍ଚର୍ଯ୍ୟ ପ୍ରକଟ କରିଛନ୍ତି। ପରବର୍ତ୍ତୀ ଶୁଣାଣି ବେଳେ ସମ୍ପୃକ୍ତ ଆଇନ ସେବା ପ୍ରାଧିକରଣର ସଚିବଙ୍କୁ ଭର୍ଚୁଆଲ ଜରିଆରେ ହାଜର ହେବା ପାଇଁ କହିଛନ୍ତି ହାଇକୋର୍ଟ। ଏଥିସହ ଆବେଦନକାରୀ ଅଭିଯୁକ୍ତଙ୍କ ହାଜର ବ୍ୟବସ୍ଥାକୁ ବାରିପଦା ସର୍କଲ ଜେଲ୍ ଅଧୀକ୍ଷକ ସୁନିଶ୍ଚିତ କରାଇବେ ବୋଲି କହିଛନ୍ତି ଅଦାଲତ।

# ବକାଉର ରହେମାନଙ୍କ ପରଲୋକ



ଭୁବନେଶ୍ୱର,୨୫।୧୧(ସମିସ)୨୫।୧୧: ଯଦୁପୁରର ବିଶିଷ୍ଟ ସମାଜସେବୀ ମହମ୍ମଦ ବକାଉର୍ ରହେମାନଙ୍କର ଗତ ରବିବାର ରାତିରେ ପରଲୋକ ହୋଇଯାଇଛି। ତାଙ୍କୁ ୯୪ ବର୍ଷ ବୟସ ହୋଇଥିଲା। ଭାରତୀୟ ଡାକ ବିଭାଗରେ କାର୍ଯ୍ୟ କରି ସେ ଅବସର ନେବା ପରେ ତାଙ୍କର ଯଦୁପୁର ବାସଭବନରେ ରହୁଥିଲେ। ସେ ଅତ୍ୟନ୍ତ ମେଳାପୀ ଥିଲେ ଏବଂ ଗ୍ରାମର ବିଭିନ୍ନ ଲୋକହିତକର କାର୍ଯ୍ୟରେ ସଂଶ୍ଳିଷ୍ଟ ରହୁଥିଲେ। ମୃତ୍ୟୁଶଯ୍ୟା ନିକଟରେ ତାଙ୍କର ଜ୍ୟେଷ୍ଠପୁତ୍ର ବରିଷ୍ଠ ସାମ୍ବାଦିକ ମହମ୍ମଦ ହିଫ୍‌ଜୁର ରହେମାନଙ୍କ ସମେତ ୪ ପୁଅ, ତିନିଝିଅ ଏବଂ ସମସ୍ତ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ଯଦୁପୁର କବର ସ୍ଥାନରେ ସୋମବାର ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା

# ପଞ୍ଜୀକରଣ ଅବଧି ଡିସେମ୍ବର ୧ ପର୍ଯ୍ୟନ୍ତ ବୃଦ୍ଧି

କଟକ, ୨୫।୧୧ (ସମିସ): ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା (ଓଏଭିଇଟି) ଏବଂ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା (ଓଏମଏଭିଇଟି)-୨୦୨୬ ପାଇଁ ଅନଲାଇନ୍ ଫର୍ମ ପୂରଣର ଶେଷ ତାରିଖକୁ ଆସନ୍ତା ଡିସେମ୍ବର ୧ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ଆଜି ଓଡ଼ିଶା ମାଧ୍ୟମିକ ଶିକ୍ଷା (ବୋର୍ଡ) ପକ୍ଷରୁ ଏ ସଂକ୍ରାନ୍ତରେ ସୂଚନା ଦିଆଯାଇଛି। ରାଜ୍ୟ ସାରା ଅଭିଭାବକଙ୍କ ଦ୍ୱାରା ଉପରୋକ୍ତ ପ୍ରବେଶିକା ପରୀକ୍ଷା ପଞ୍ଜୀକରଣ ଅବଧି ବୃଦ୍ଧି କରିବା ପାଇଁ ଅନୁରୋଧକୁ ବିଚାର କରି ଏପରି ନିଷ୍ପତ୍ତି ନିଆଯାଇଛି। ଡିସେମ୍ବର ୧ ତାରିଖ ପରେ ଆଉ ଅବଧି ବୃଦ୍ଧି କରାଯିବ ନାହିଁ ବୋଲି ମାଧ୍ୟମିକ ଶିକ୍ଷା ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ ଜଣାଇଛନ୍ତି। ସୂଚନାଥାଉକି ଉକ୍ତ ପ୍ରବେଶିକା ପରୀକ୍ଷା ପାଇଁ ଅନଲାଇନ୍ ପଞ୍ଜୀକରଣ ଗତ ନଭେମ୍ବର ୧୨ତାରିଖରୁ ଆରମ୍ଭ ହୋଇଥିଲା ବେଳେ ଆଜି ରାତିରେ ଶେଷ ହେବାର ଥିଲା। ଏହାକୁ ବୋର୍ଡ ପକ୍ଷରୁ ପୁଣି ବୃଦ୍ଧି କରାଯାଇଛି।

## ବ୍ରିଜ୍ ତଳକୁ ଖସିଲା ଯାତ୍ରୀବାହୀ ବସ୍

# ୧୪ ଯାତ୍ରୀ ଆହତ, ୭ଜଣଙ୍କୁ ବୁର୍ଲା ସ୍ଥାନାନ୍ତର



ବିନିକା, ୨୫।୧୧(ସମିସ): ସୁବର୍ଣ୍ଣପୁର ଜିଲ୍ଲା ବିନିକା ପାଖ ସିଂହିଯୁବାରେ ମଙ୍ଗଳବାର ସକାଳେ ଏକ ଯାତ୍ରୀବାହୀ ବସ୍ ବ୍ରିଜ ତଳକୁ ଖସି ପଡ଼ିଛି। ଭୁବନେଶ୍ୱରରୁ ପଦ୍ମପୁର ଦୀପ୍ତିପୁରକୁ ଯାଉଥିବା ଜୟଭୋଲେ ବସ୍ ସକାଳ ସାଢ଼େ ୫ଟା ବେଳେ ସିଂହିଯୁବା ନାଳ ବ୍ରିଜରେ ଧକ୍କା ହୋଇ ତଳକୁ ଓଲଟି ପଡ଼ିଥିଲା। ଏହି ଦୁର୍ଘଟଣାରେ ବସ୍‌ରେ ଥିବା ପ୍ରାୟ ୪୦ଜଣ ଯାତ୍ରୀଙ୍କ ମଧ୍ୟରୁ ୧୪ଜଣ ଆହତ ହୋଇଛନ୍ତି। ୭ଜଣଙ୍କ ଅବସ୍ଥା ଅତ୍ୟନ୍ତ ଗୁରୁତର ରହିଛି। ସେମାନଙ୍କୁ ବୁର୍ଲା ସ୍ଥାନାନ୍ତର କରାଯାଇଛି। ଭୟଙ୍କର ଶବ୍ଦ ଓ ଲୋକଙ୍କ ଚିତ୍କାର ଶୁଣି ଆଖପାଖ ଲୋକେ ଘଟଣାସ୍ଥଳକୁ ଦୌଡ଼ିଥିଲେ। ଲୋକମାନେ ତୁରନ୍ତ ବସ୍‌ରୁ ଯାତ୍ରୀଙ୍କୁ ଉଦ୍ଧାର କରିବାରେ ଲାଗି ପଡ଼ିଥିଲେ। ଖବର ପାଇ ଅଗ୍ନିଶମ ବିଭାଗ ଓ ପୁଲିସ ପହଞ୍ଚିଥିଲା। ଆମ୍ବୁଲାନ୍ସରେ ଯାତ୍ରୀଙ୍କୁ ଉଦ୍ଧାର କରାଯାଇ ବିନିକା ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ସୁବର୍ଣ୍ଣପୁର ଜିଲ୍ଲାପାଳ ଡ. ନୃପରାଜ ସାହୁ ଓ ଏସ୍‌ପି ନାରାୟଣ ନାୟକ ବିନିକା ଡାକ୍ତରଖାନାରେ ପହଞ୍ଚି ଆହତଙ୍କ ସ୍ୱାସ୍ଥ୍ୟ ଅବସ୍ଥା ଦେଖିଥିଲେ। ସମସ୍ତ ସୁବିଧା ପାଇଁ ପଦକ୍ଷେପ ଗ୍ରହଣ କରି ଉତ୍ତମ ଚିକିତ୍ସା ଯୋଗାଇ ଦେବାକୁ ଡାକ୍ତରଖାନା କର୍ତ୍ତୃପକ୍ଷଙ୍କୁ ନିର୍ଦ୍ଦେଶ ଦେଇଥିଲେ।

# ୨୨ ଏକର ଜମିରୁ ଗଞ୍ଜେଇ ଗଛ ପୋଡ଼ିଲା ପୁଲିସ

ଜି.ଉଦୟଗିରି,୨୫।୧୧(ସମିସ): ବ୍ୟାପକ ସଚେତନତା ସତ୍ତ୍ୱେ କନ୍ଧମାଳ ଜିଲ୍ଲାରେ ଗଞ୍ଜେଇ ଚାଷ କମିବା ବଦଳରେ ବଢ଼ିବାରେ ଲାଗିଛି। ଜି.ଉଦୟଗିରି ଅଞ୍ଚଳରେ ବ୍ୟାପକ ଗଞ୍ଜେଇ ଚାଷ ହୋଇଥିବା ଖବର ପାଇ ପୁଲିସ ପକ୍ଷରୁ ଚଢ଼ଉ କରାଯାଇଛି। ପେଟାପାଙ୍ଗା ପଞ୍ଚାୟତର ବିଭିନ୍ନ ଜମି ଓ ପାହାଡ଼ିଆ ଅଞ୍ଚଳରେ ଥିବା ପ୍ରାୟ ୨୨ଏକର ଜମିରେ ଲାଗିଥିବା ଗଞ୍ଜେଇ ଗଛକୁ ପୁଲିସ କାଟି ପୋଡ଼ି ନଷ୍ଟ କରିଛି। ଥାନା ଅଧିକାରୀ ବିଜୟ କୁମାର ସ୍ୱାଇଁଙ୍କ ନେତୃତ୍ୱରେ ତିନି ପୁଲିସ ଅଧିକାରୀ, ଏକ ପ୍ଲାଟୁନ ଫୋର୍ସ, ୪୦ଜଣ ହୋମଗାର୍ଡ ସଦଳବଳେ ଗଞ୍ଜେଇ ଗଛ କାଟି ପୋଡ଼ି ନଷ୍ଟ କରିଛନ୍ତି। ଜି.ଉଦୟଗିରି ଅଞ୍ଚଳରେ ପ୍ରଥମ କରି ଗଞ୍ଜେଇ ଚାଷ ହେଉଥିବା ଜଣାପଡ଼ିଛି। ରାଇକିଆ ତହସିଲଦାର ବାରିଆଲ ମୁର୍ମୁଙ୍କ ଉପସ୍ଥିତିରେ ଗଞ୍ଜେଇ ଗଛ କଟାଯାଇଥିଲା। ଯାହାର ମୂଲ୍ୟ ଦୁଇ କୋଟି କୋଡ଼ିଏ ଲକ୍ଷ ଟଙ୍କା ହେବ ବୋଲି ଆକଳନ କରାଯାଉଛି। ଘଟଣାସ୍ଥଳରୁ ଗଞ୍ଜେଇ ଚାଷ ପାଇଁ ବ୍ୟବହୃତ କିଛି ସାମଗ୍ରୀ ମଧ୍ୟ ଜବତ ହୋଇଥିବା ସୂଚନା ମିଳିଛି।

# ଉପକୂଳ ରାଜପଥ ପାଇଁ ବାହାରିଲା ଟେଣ୍ଡର୍

ଭୁବନେଶ୍ୱର,୨୫।୧୧(ସମିସ): ବହୁପ୍ରତୀକ୍ଷିତ ଉପକୂଳ ରାଜପଥ (କୋଷ୍ଟାଲ ହାଇୱେ) ପାଇଁ ଟେଣ୍ଡର୍ ଆହ୍ୱାନ ହୋଇଛି। ଭାରତୀୟ ରାଷ୍ଟ୍ରୀୟ ରାଜମାର୍ଗ ପ୍ରାଧିକରଣ (ଏନ୍‌ଏଚ୍‌ଏଆଇ) ପକ୍ଷରୁ ଏହି ଟେଣ୍ଡର୍ ଆହ୍ୱାନ କରାଯାଇଛି। ପ୍ରଥମ ପର୍ଯ୍ୟାୟରେ ଖୋର୍ଦ୍ଧାର ବଡ଼ପୋଖରିଆଠାରୁ କେନ୍ଦ୍ରାପଡ଼ାର ମସାକଣି ପର୍ଯ୍ୟନ୍ତ ୧୬୦.୧୮୦ କିମି ରାସ୍ତା ନିର୍ମାଣ ପାଇଁ ଟେଣ୍ଡର୍ ଆହ୍ୱାନ ହୋଇଛି। ଗୋଟିଏ ପ୍ୟାକେଜ୍‌ରେ ଖୋର୍ଦ୍ଧାର ବଡ଼ପୋଖରିଆଠାରୁ ପୁରୀର କୋଣାର୍କ ପର୍ଯ୍ୟନ୍ତ ୭୯.୪ କିମି ୪ ଥାକିଆ ଆକ୍ସେସ କଣ୍ଟ୍ରୋଲଡ୍ ରାସ୍ତା ନିର୍ମାଣ କରାଯିବ। ଏହି ଜତୀୟ ରାଜପଥ ନିର୍ମାଣ ନିମନ୍ତେ ପ୍ୟାକେଜ-୧ରେ ୩୬୪୫କୋଟି ଟଙ୍କା ପ୍ରକଳ୍ପ ମୂଲ୍ୟର ଟେଣ୍ଡର ଆହ୍ୱାନ କରାଯାଇଛି। ସେହିପରି ଅନ୍ୟ ପ୍ୟାକେଜ୍‌ରେ ପୁରୀର କୋଣାର୍କଠାରୁ କେନ୍ଦ୍ରାପଡ଼ାର ମସାକଣି ପର୍ଯ୍ୟନ୍ତ ୮୦କିମି ୨ ଥାକିଆ ପେଭଡ୍ ଶୋଲଡର ଜାତୀୟ ରାଜପଥ ନିର୍ମାଣ ନିମନ୍ତେ ପ୍ୟାକେଜ-୨ ରେ ୧୮୫୫ କୋଟି ପ୍ରକଳ୍ପ ମୂଲ୍ୟର ଟେଣ୍ଡର ଆହ୍ୱାନ କରାଯାଇଛି। ଆସନ୍ତା ଜାନୁଆରୀ ୧୪ ପର୍ଯ୍ୟନ୍ତ ବିଡ୍ ଦାଖଲର ଶେଷ ତାରିଖ ରହିଛି। ଜାନୁଆରୀ ୧୫ରେ ବିଡ୍ ଖୋଲିବ ବୋଲି ଏନ୍‌ଏଚ୍‌ଏଆଇ ପକ୍ଷରୁ କୁହାଯାଇଛି।

ଖୋର୍ଦ୍ଧା ବଡ଼ପୋଖରିଆଠାରୁ ପଶ୍ଚିମବଙ୍ଗ ଦୀଘା ପର୍ଯ୍ୟନ୍ତ ଉପକୂଳ ରାଜପଥ ନିର୍ମାଣ କରାଯିବ। ଏହାର ପ୍ରଥମ ପର୍ଯ୍ୟାୟ କାମ ପାଇଁ ଟେଣ୍ଡର୍ ଆହ୍ୱାନ ହେବା ପରେ ରାଜ୍ୟର ଏହି ବହୁ ପ୍ରତୀକ୍ଷିତ ପ୍ରକଳ୍ପର ବାସ୍ତବ ସ୍ଥିତିକୁ ନେଇ ଆଶା ସଞ୍ଚାର ହୋଇଛି। ବଡ଼ପୋଖରିଆରୁ ମସାକଣି ଉପକୂଳ ରାଜପଥଟି ଏନଏଚ୍-୧୬, ଏନଏଚ୍-୫୩ ଏବଂ ଏନଏଚ୍-୩୧୬ର ବିକଳ୍ପ ଜାତୀୟ ରାଜପଥ ଭାବେ ଏହା କାର୍ଯ୍ୟ କରିବ। ଏହି ଜାତୀୟ ରାଜପଥଟି ଓଡ଼ିଶାର ପ୍ରମୁଖ ପର୍ଯ୍ୟଟନସ୍ଥଳୀ ଅର୍ଥନୈତିକ ହବ୍ ଯଥା ପୁରୀ, କୋଣାର୍କ ଏବଂ ପାରାଦୀପକୁ ଯୋଡ଼ିବା ସହ ମାଲ ପରିବହନ ଏବଂ ଗମନାଗମନର ଉନ୍ନତି କରିବ ବୋଲି ଆଶା ରହିଛି।

- ଖୋର୍ଦ୍ଧା ବଡ଼ପୋଖରିଆରୁ କେନ୍ଦ୍ରାପଡ଼ା ମସାକଣି ପର୍ଯ୍ୟନ୍ତ କାମ ପାଇଁ ଟେଣ୍ଡର୍ ଆହ୍ୱାନ
- ୨ ଟି ପ୍ୟାକେଜ୍‌ରେ ନିର୍ମାଣ ହେବ ୧୬୦.୧୮୦ କିମି ରାସ୍ତା
- ୭୯.୪ କିମି ୪ ଥାକିଆ, ୮୦ କିମି ୨ ଥାକିଆ ରାସ୍ତା ନିର୍ମାଣ

ରାଜ୍ୟର ନୂଆ ବନ୍ଦର ଯଥା ଅସ୍ତରଙ୍ଗ ଏବଂ ସୁବର୍ଣ୍ଣରେଖାକୁ ମଧ୍ୟ ଏହି ଜାତୀୟ ରାଜପଥ ଯୋଡ଼ିବ। ଅନ୍ୟପଟେ, ବଡ଼ପୋଖରିଆରୁ ମାସକଣି ଉପକୂଳ ରାଜପଥଟି ଏକ୍ସପ୍ରେସ୍ ୱେ ଭଳି ନିର୍ମାଣ କରାଯିବ ବୋଲି ନିଷ୍ପତ୍ତି ହୋଇଛି। ଫଳରେ ଏହି ରାସ୍ତାରେ ଦ୍ରୁତ ଗତି ଅର୍ଥାତ୍ ଘଣ୍ଟା ପ୍ରତି ୧୦୦ କିମି ବେଗରେ ଯାନ ବାହନ ଚଳାଚଳ ହୋଇପାରିବ। ବର୍ତ୍ତମାନ ବଡ଼ପୋଖରିଆରୁ ମସାକଣି ଏନଏଚ ୧୬ ଏବଂ ଏନଏଚ ୫୩ରେ ଗଲେ ୨୧୦କିମି ରାସ୍ତା ହେଉଥିବା ବେଳେ ଉପକୂଳ ରାଜପଥ ନିର୍ମାଣ ପରେ ଏହି ଦୂରତା ମାତ୍ର ୧୬୦ କିମିକୁ ହ୍ରାସ ପାଇବ।

ବର୍ତ୍ତମାନ ସମୟରେ ଟ୍ରାଫିକ୍‌ର ଘନତ୍ୱକୁ ଦୃଷ୍ଟିରେ ରଖି ବଡ଼ପୋଖରିଆଠାରୁ କୋଣାର୍କ ପର୍ଯ୍ୟନ୍ତ ଉପକୂଳ ରାଜପଥକୁ ୪ ଲେନ୍ ବିଶିଷ୍ଟ କରାଯାଇଥିବା ବେଳେ ପ୍ୟାକେଜ୍-୨ ଥିବା କୋଣାର୍କରୁ ମସାକଣି ପର୍ଯ୍ୟନ୍ତ ଜାତୀୟ ରାଜପଥକୁ ବର୍ତ୍ତମାନ ସମୟରେ ୨ ଲେନ୍ ବିଶିଷ୍ଟ କରାଯାଇଛି। ହେଲେ ୨୦୩୫ ସୁଦ୍ଧା ସଂପୂର୍ଣ୍ଣ ରାସ୍ତାକୁ ୪ ଥାକିଆରେ ରୂପାନ୍ତରିତ କରାଯିବା ନେଇ ଯୋଜନା ରହିଛି। ଏହାସହ ୨୦୪୭ ସୁଦ୍ଧା ସମଗ୍ର ଉପକୂଳ ରାଜପଥକୁ ୬ଥାକିଆ ବିଶିଷ୍ଟ କରାଯିବା ନେଇ ମଧ୍ୟ ନିଷ୍ପତ୍ତି କରାଯାଇଛି। ବର୍ତ୍ତମାନ ଖୋର୍ଦ୍ଧାର ବଡ଼ପୋଖରିଆଠାରୁ କେନ୍ଦ୍ରାପଡ଼ାର ମସାକଣି ପର୍ଯ୍ୟନ୍ତ ୧୬୦.୧୮୦ କିମି ଉପକୂଳ ରାଜପଥ ନିର୍ମାଣ ପାଇଁ ୮୩୦୦କୋଟି ଟଙ୍କା ଅନୁମୋଦନ କରାଯାଇଛି।

### ୯ମ ପୁଣ୍ୟତିଥି ଉପଲକ୍ଷେ

# ଇଚ୍ଛାବତୀ ରଥ- ଏକ ଅମୃତ ଧାରା



ଆଜି ମାର୍ଗଶୀର ମାସ ପବିତ୍ର ଓଢଣ ଷଷ୍ଠୀ। ଅମୃତ ଅନ୍ୱେଷୀ ମହୀୟସୀ ମା' ଇଚ୍ଛାବତୀ ରଥଙ୍କର ୯ମ ପୁଣ୍ୟତିଥି। ଇଚ୍ଛାବତୀ ଥିଲେ ନିଜେ ନିଜର ପରିଚୟ। ଅତ୍ୟନ୍ତ ସ୍ନେହୀ, ସଦାଚାରିଣୀ, କର୍ତ୍ତବ୍ୟନିଷ୍ଠ, ପୁଣ୍ୟବନ୍ତ ଓ ପରୋପକାରିଣୀ.. ଏମିତି ଅନେକ ସୁଗୁଣର ଅଧିକାରିଣୀ। କେବଳ ପରିବାର କାହିଁକି ପରିବାର ପରିଧି ବାହାରେ ଅନେକଙ୍କୁ ସେ ଆପଣାର କରିଛନ୍ତି। ଜୀବନଚର୍ଯ୍ୟାରେ 'ପରୋପକାରାୟ ସ୍ୱର୍ଗାୟ ପରପୀଡ଼ନ' ମନ୍ତ୍ରକୁ ନିଷ୍ଠାର ସହ ଅନୁଶୀଳନ କରିଛନ୍ତି।

୧୯୨୯ ମସିହା ଏପ୍ରିଲ ୧୫ ତାରିଖରେ କଟକ ଜିଲ୍ଲା ଟାଙ୍ଗୀ-ଚୌଦ୍ୱାର ଅନ୍ତର୍ଗତ ଝାଡ଼େଶ୍ୱର କଡେଇ ଗ୍ରାମରେ ଜନ୍ମ ଗ୍ରହଣ କରିଥିଲେ ଇଚ୍ଛାବତୀ। କସ୍ତୁରୀ ଚରଣ ଦାଶ ଓ ରାଣୀ ଦେବୀଙ୍କ ଏକମାତ୍ର କନ୍ୟା ଥିଲେ ସେ। ପରିବାରର ଆର୍ଥିକ ସ୍ୱଚ୍ଛଳତା ନଥିଲେ ବି ଆଧ୍ୟାତ୍ମିକ ଭାବନା ଓ ଗଭୀର ଈଶ୍ୱର ବିଶ୍ୱାସ ତାଙ୍କ ସଂସାରକୁ କରିଥିଲା ସୁଖଶାନ୍ତିମୟ। କସ୍ତୁରୀ ଚରଣ ଥିଲେ ଅତ୍ୟନ୍ତ ଅମାୟିକ, ଶାନ୍ତ ଓ ସ୍ନେହୀ ମଣିଷ। ପୁଅଟିଏ ନଥିଲେ ବି ତାଙ୍କ ମନରେ ନଥିଲା ଅନୁଶୋଚନା। ଅନ୍ୟମାନଙ୍କୁ ଆପଣାର ପୁଅଝିଅ ବୋଲି ଧରି ନେଇଥିଲେ। ଇଚ୍ଛାବତୀ ଗାଁ ସ୍କୁଲ ପ୍ରାଥମିକ ଶିକ୍ଷା ଲାଭବେଳେ ସେ ପ୍ରତ୍ୟହ ପ୍ରାର୍ଥନାରେ 'ଆହେ ଦୟାମୟ ବିଶ୍ୱବିହାରୀ...' ଆବୃତ୍ତି କରୁଥିଲେ। ସୁବିଧା କି ସୁଯୋଗ ନଥିବାରୁ ପାଠରେ ଆଗକୁ ଯାଇପାରିଲେ ନାହିଁ ସିନା କିନ୍ତୁ ବିଦ୍ୟାଳୟରେ ଶିଖିଥିବା ଏହି ପ୍ରାର୍ଥନା ସଂଗୀତକୁ ସେ ଜୀବନ ସଂଗୀତ ଭାବରେ ଗ୍ରହଣ କରିନେଇଥିଲେ। ଇଚ୍ଛାବତୀଙ୍କୁ ଯେତେବେଳେ ୧୩ ବର୍ଷ ବୟସ ତାଙ୍କର ବିବାହ ସମ୍ପନ୍ନ ହେଲା ନିକଟବର୍ତ୍ତୀ ଟାଙ୍ଗୀ ଗ୍ରାମର କଏରାପାରୀର ସମ୍ଭ୍ରାନ୍ତ ରଥ ପରିବାରରେ। କପିଳ ରଥଙ୍କ କନିଷ୍ଠପୁତ୍ର ଧନେଶ୍ୱରଙ୍କ ସହ। ସ୍ଥିତିପ୍ରଜ୍ଞ ଓ ଦୃଢ଼ ଇଚ୍ଛାଶକ୍ତିର ଅଧିକାରୀ ଥିଲେ ଧନେଶ୍ୱର। ୫ ପୁତ୍ର ଓ ୪ କନ୍ୟାଙ୍କ ଜନନୀ ହେବାର ସୌଭାଗ୍ୟ ଲାଭ କରିଥିଲେ। ପିଲାମାନଙ୍କୁ ଉପଯୁକ୍ତ ଲାଳନପାଳନ ଶିକ୍ଷାଦୀକ୍ଷା ଦେଇ ମଣିଷ ପରି ମଣିଷ କରି ଗଢ଼ିତୋଳିଥିଲେ। ପୁତ୍ରକନ୍ୟାମାନେ ଆଜି ସ୍ୱ ସ୍ୱ କ୍ଷେତ୍ରରେ କେବଳ ପ୍ରତିଷ୍ଠିତ ନୁହଁନ୍ତି ଅନେକ ଅନୁଷ୍ଠାନ ଓ ଉଦ୍ୟୋଗ ପ୍ରତିଷ୍ଠା କରି ରାଜ୍ୟର ଗୌରବ ବୃଦ୍ଧି କରିଚାଲିଛନ୍ତି। ସେମାନଙ୍କ ମଧ୍ୟରେ ତୃତୀୟ ପୁତ୍ର ସଫଳ ଶିଳ୍ପୋଦ୍ୟୋଗୀ ପ୍ରମୋଦଚନ୍ଦ୍ର ରଥଙ୍କ ଦୂରଦୃଷ୍ଟି, ନିଷ୍ଠାପର ପ୍ରଚେଷ୍ଟା ଓ ସମ୍ମିଳିତ ସହଯୋଗରେ ପ୍ରତିଷ୍ଠିତ 'ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟ' ଓ ପଦ୍ମିନୀ କେୟାର ହସ୍‌ପିଟାଲ, ମେଡିକାଲ କଲେଜ ଆଜି ଅଞ୍ଚଳବାସୀଙ୍କପାଇଁ ଆଶୀର୍ବାଦ ସାବ୍ୟସ୍ତ ହୋଇଛି। ୧୯୯୪ରେ ସ୍ୱାମୀ କର୍ମଯୋଗୀ ଧନେଶ୍ୱରଙ୍କ ବିୟୋଗ ଇଚ୍ଛାବତୀଙ୍କୁ ନିଃସଙ୍ଗ କରିଦେଇଥିଲା। ତେବେ ସ୍ୱାମୀଙ୍କ ଆଦର୍ଶ ଓ ଈଶ୍ୱରଙ୍କ ଆଶୀର୍ବାଦକୁ ପାଥେୟ କରି ସେ ଜୀବନପଥକୁ ପ୍ରଶସ୍ତ କରିଥିଲେ। ତାଙ୍କରି ପ୍ରେରଣାରେ ଅନେକ ଧର୍ମାନୁଷ୍ଠାନ ଓ ଶିକ୍ଷାନୁଷ୍ଠାନ ନୂଆ ରୂପ ନେଲା। ପରିଣତ ବୟସ ପର୍ଯ୍ୟନ୍ତ ଅଗଣିତ ମଣିଷଙ୍କୁ ଖୁସୀ ବାଣ୍ଟୁଥିବା ଏହି ମହୀୟସୀଙ୍କ ଜୀବନଦୀପ ଲିଭିଗଲା ୨୦୧୬ ଡିସେମ୍ବର ୫ ତାରିଖର ଶୀତୁଆ ଅପରାହ୍ନରେ। ଆଜି ତାଙ୍କର ୯ମ ଶ୍ରାଦ୍ଧବାର୍ଷିକୀରେ ଅମର ଆତ୍ମା ପ୍ରତି ଜଣାଉଛୁ କୋଟିକୋଟି ପ୍ରଣତି... ।■

- ନିରାକାର ସାହୁ
ଲୋକସଂପର୍କ ଅଧିକାରୀ,
ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟ

## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟକ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ।

**ମୀନ:** ମାନସିକ ଶାନ୍ତି ପାଇବେ। ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ।

## ଆଜିର ଇତିହାସ

- ୧୮୮୫-ପ୍ରଥମ ଥର ପାଇଁ ଉଲ୍‌କାପିଣ୍ଡର ଫଟୋଚିତ୍ର ଉତ୍ତୋଳନ କରାଗଲା।
- ୧୯୩୨- ମହାନ୍ କ୍ରିକେଟର୍ ସାର୍ ଡନ୍ ବ୍ରାଡ୍‌ମ୍ୟାନ୍ ପ୍ରଥମ ଶ୍ରେଣୀ କ୍ରିକେଟରେ ୧୦,୦୦୦ ରନ୍ କଲେ।
- ୧୯୬୭- ଲିସ୍‌ବନ୍‌ରେ ବାଦଲ ଫାଟିବାରୁ ୪୫୦ ଲୋକଙ୍କ ମୃତ୍ୟୁ।
- ୨୦୦୮ - ମୁମ୍ବାଇର ବିଭିନ୍ନ ସ୍ଥାନରେ ଆତଙ୍କବାଦୀ ଆକ୍ରମଣ ଯୋଗୁଁ ୧୬୬ ଜଣକ ପ୍ରାଣହାନି,୩୦୦ରୁ ଅଧିକ ଆହତ।

# ଜାନୁଆରୀରେ 'ଡନ୍ ୩'ର ସୁଟିଂ



ଫରହାନ୍ ଅଖତର୍ ୨୦୨୩ରେ ସେ 'ଡନ୍ ୩' ନିର୍ମାଣ କରୁଛନ୍ତି ବୋଲି ଘୋଷଣା କରିଥିଲେ। ରଣବୀର ସିଂହ ଏଥିରେ ଲିଡ୍ ରୋଲରେ ନଜର ଆସିବେ ବୋଲି ସେତେବେଳେ ସେ କହିଥିଲେ। ନିକଟରେ 'ଡନ୍ ୩'କୁ ନେଇ ଏକ ଖବର ଆସିଛି। ଫରହାନ୍ '୧୨୦ ବାହାଦୂର'ର ପ୍ରମୋସନ୍ କରୁଥିବା ସମୟରେ ତାଙ୍କର ଆଗାମୀ ପ୍ରୋଜେକ୍ଟ 'ଡନ୍ ୩' ହେବ ବୋଲି କହିଥିଲେ। ସେ ଆସନ୍ତା ଜାନୁୟାରୀରୁ ଏହାର ସୁଟିଂ ଆରମ୍ଭ କରିବେ ବୋଲି କହିଛନ୍ତି। ଏଥିରେ ରଣବୀରଙ୍କ ବିପକ୍ଷରେ କ୍ରିତି ସାନନ୍ ନଜର ଆସିପାରନ୍ତି ବୋଲି ଚର୍ଚ୍ଚା ହେଉଛି। ଏହାବାଦ୍ ବିଜୟ ଦେବରକୋଣ୍ଡା ଓ ବିକ୍ରାନ୍ତ ମେସିଙ୍କୁ ମଧ୍ୟ ସେ ବ୍ରେକ୍ ଦେଇପାରନ୍ତି ବୋଲି ମଧ୍ୟ କୁହାଯାଉଛି। ଫିଲ୍ମର ସୁଟିଂ ଆସନ୍ତାବର୍ଷ ଜାନୁୟାରୀରୁ ଆରମ୍ଭ ହେବ ଏବଂ ଏହାକୁ ଡିସେମ୍ବରରେ ରିଲିଜ୍ କରିବା ପାଇଁ ଫରହାନ୍ ଯୋଜନା କରିଛନ୍ତି।

# ସମ୍ବିଧାନ ଦିବସ



ପ୍ରତିବର୍ଷ ନଭେମ୍ବର ୨୬ ତାରିଖକୁ ସମ୍ବିଧାନ ଦିବସ ଭାବରେ ପାଳନ କରାଯାଏ। ୧୯୪୯ ମସିହା ନଭେମ୍ବର ୨୬ରେ ଭାରତ ସମ୍ବିଧାନକୁ ଗ୍ରହଣ କରିଥିଲା ଏବଂ ୧୯୫୦ ମସିହା ଜାନୁଆରୀ ୨୬ରେ ଏହାକୁ ଭାରତରେ ଲାଗୁ କରାଯାଇଥିଲା। ୨୦୧୫ ମସିହାରେ ନାଗରିକଙ୍କ ମଧ୍ୟରେ ସମ୍ବିଧାନର ମୂଲ୍ୟବୋଧକୁ ପ୍ରୋତ୍ସାହିତ କରିବା ପାଇଁ କେନ୍ଦ୍ର ସାମାଜିକ ନ୍ୟାୟ ମନ୍ତ୍ରଣାଳୟ ପ୍ରତିବର୍ଷ ନଭେମ୍ବର ୨୬କୁ ସମ୍ବିଧାନ ଦିବସ ଭାବରେ ପାଳନ କରିବାକୁ ନିଷ୍ପତ୍ତି ନେଇଥିଲା। କାରଣ ସେହି ବର୍ଷ 'ଭାରତୀୟ ସମ୍ବିଧାନର ଜନକ' ବାବାସାହେବ ଭୀମରାଓ ରାମଜୀ ଆମ୍ବେଦକରଙ୍କ ଶହେ ପଚିଶତମ ଜୟନ୍ତୀ ପାଳିତ ହୋଇଥିଲା। ତାଙ୍କ ସମ୍ମାନାର୍ଥେ 'ସମ୍ବିଧାନ ଦିବସ' ପାଳନ ନିମନ୍ତେ କେନ୍ଦ୍ର ସରକାର ନିଷ୍ପତ୍ତି ନେଇଥିଲେ। ଦେଶରେ ଶାସନ ପାଇଁ ସମ୍ବିଧାନ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଇଥାଏ। ସମ୍ବିଧାନ ଦେଶର ପ୍ରତ୍ୟେକ ନାଗରିକଙ୍କୁ ସମାନ ଅଧିକାର ପ୍ରଦାନ କରେ ଏବଂ ସେମାନଙ୍କୁ ନିୟମରେ ବାନ୍ଧି ରଖିଥାଏ। ୧୯୪୭ ଅଗଷ୍ଟ ୧୫ ତାରିଖରେ ବ୍ରିଟିଶ ଶାସନ କବଳରୁ ଭାରତ ସ୍ୱାଧୀନତା ହାସଲ କଲାବେଳେ ଦେଶରେ ଏକ ସ୍ଥାୟୀ ସମ୍ବିଧାନ ନ ଥିଲା। ଭାରତର ପ୍ରଥମ ଆଇନ ମନ୍ତ୍ରୀ ବାବାସାହେବ ଆମ୍ବେଦକର ୧୯୪୭ ମସିହାରରେ ସମ୍ବିଧାନ ଡ୍ରାଫ୍ଟ କମିଟିର ସଭାପତି ଭାବରେ ନିଯୁକ୍ତି ହୋଇଥିଲେ ଏବଂ ତାଙ୍କୁ ଭାରତର ସମ୍ବିଧାନ ଲେଖିବାର ଦାୟିତ୍ୱ ଦିଆଯାଇଥିଲା। ଆମ୍ବେଦକର ଭାରତର ସମ୍ବିଧାନକୁ ଦୁଇବର୍ଷ ଏଗାର ମାସ ଏବଂ ୧୮ ଦିନରେ ପ୍ରସ୍ତୁତ କରି ରାଷ୍ଟ୍ରକୁ ସମର୍ପି ଦେଇଥିଲେ। ଭାରତୀୟ ସମ୍ବିଧାନ ହେଉଛି ବିଶ୍ୱର ଦୀର୍ଘତମ ଲିଖିତ ସମ୍ବିଧାନ। ସମ୍ବିଧାନର ମୂଳ କପି ଏବେ ମଧ୍ୟ ପାର୍ଲାମେଣ୍ଟ ଲାଇବ୍ରେରୀରେ ରଖାଯାଇଛି। ସେତେବେଳେ ଏହାର ସପକ୍ଷରେ ସଂସଦର ୨୮୪ ଜଣ ସଦସ୍ୟ ହସ୍ତାକ୍ଷର କରିଥିଲେ। ସେମାନଙ୍କ ମଧ୍ୟରେ ୧୫ ଜଣ ମହିଳା ସଦସ୍ୟ ଥିଲେ। ବିଶ୍ୱର ବିଭିନ୍ନ ରାଷ୍ଟ୍ରର ସମ୍ବିଧାନର କେତେକ ଅଂଶ ଭାରତୀୟ ସମ୍ବିଧାନରେ ସାମିଲ କରାଯାଇ ଏକ ବୃହତ୍ ସମ୍ବିଧାନ ପ୍ରସ୍ତୁତ କରାଯାଇଥିଲା। ସମ୍ବିଧାନକୁ ଗୋଟିଏ ରାଷ୍ଟ୍ରର ଦର୍ପଣ ଭାବେ ଗ୍ରହଣ କରାଯାଇଥାଏ। ଗୋଟିଏ ସ୍ୱାଧୀନ ରାଷ୍ଟ୍ରର ଶାସନ ପରିଚାଳନା ନିମନ୍ତେ ଅନୁସୃତ ନିୟମାବଳୀର ସମଷ୍ଟିକୁ ସମ୍ବିଧାନ କୁହାଯାଏ। ସମଗ୍ର ବିଶ୍ୱରେ ଭାରତର ସମ୍ବିଧାନର ସ୍ୱତନ୍ତ୍ର ଗୁରୁତ୍ୱ ରହିଛି। ଏହି ଦିବସ ପାଳନ ଅବସରରେ ବିଦ୍ୟାଳୟ, ମହାବିଦ୍ୟାଳୟ ସ୍ତରରେ ସମ୍ବିଧାନ ସଂପର୍କିତ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥାଏ।

# ଛଅ ଦିନ ଗାଏବ ହୋଇଯାଏ ଟ୍ରେନ୍

ପ୍ରତ୍ୟେକ ଟ୍ରେନ୍ ତାର ଗନ୍ତବ୍ୟ ସ୍ଥଳରୁ ବାହାରି ନିର୍ଦ୍ଦିଷ୍ଟ ସମୟରେ ଲକ୍ଷ୍ୟସ୍ଥଳରେ ପହଞ୍ଚିଥାଏ। ହେଲେ ବିଶ୍ୱରେ ଏମିତି ଏକ ଟ୍ରେନ୍ ରହିଛି, ଷ୍ଟେସନରୁ ବାହାରିବା ମାତ୍ରେ ତାହା ଉଭାନ୍ ହୋଇଯାଏ। ଏହି ଟ୍ରେନ୍ ଯାତ୍ରା ଆରମ୍ଭ କରିବାର ଛଅ ଦିନ ପର୍ଯ୍ୟନ୍ତ ଯାତ୍ରୀଙ୍କର ବାହ୍ୟ ଦୁନିଆ ସହିତ କୌଣସି ସମ୍ପର୍କ ରୁହେନାହିଁ। ବେଜିଂରୁ ମସ୍କୋ ଯାଏଁ ୭୮୨୬ କିଲୋମିଟର ଯାତ୍ରା କରୁଥିବା ଏହି ଟ୍ରେନ୍‌ର ନାଁ କେ୩। ଟ୍ରାନ୍ସ-ମଙ୍ଗୋଲିୟାନ ରୁଟ୍‌ରେ ଚାଲୁଥିବା ଏହି ଟ୍ରେନ୍‌ଟି ତାର ଗତିପଥରେ ଚୀନ୍, ମଙ୍ଗୋଲିଆ, ରୁଷ୍ ତିନୋଟି ଦେଶ ଅତିକ୍ରମ କରିଯାଏ। ପ୍ରତ୍ୟେକ ବୁଧବାର ବେଜିଂରୁ ଟ୍ରେନ୍‌ଟି ତା'ର ଯାତ୍ରା ଆରମ୍ଭ କରି ସୋମବାର ଦିନ ମସ୍କୋରେ ପହଞ୍ଚିଥାଏ। କରୋନା ଯୋଗୁ ୨୦୨୦ ମସିହାରୁ ଏହି ଟ୍ରେନ୍ ଚଳାଚଳ ବନ୍ଦ ଥିବାବେଳେ ଏବେ ପୁଣି ଥରେ ଏହାକୁ ଚଳାଇବା ପାଇଁ ଯୋଜନା କରାଯାଉଛି। ସାଧାରଣତଃ ଜଣେ ଟ୍ରେନ୍‌ରେ ଯାତ୍ରା କରିବା ସମୟରେ ତାର ଲୋକେସନ୍ ସମ୍ପର୍କରେ ତାର ସାଙ୍ଗସାଥୀ ପରିବାର ଲୋକେ ଜାଣିପାରନ୍ତି। ଏହାବାଦ୍ ଯାତ୍ରୀମାନେ ପରିବାର, ସାଙ୍ଗସାଥୀଙ୍କ ସହ ଫୋନ୍‌ରେ କଥାବାର୍ତ୍ତା କରିପାରନ୍ତି। ହେଲେ କେ୩ ଟ୍ରେନ୍‌ଟି ବେଜିଂ ଷ୍ଟେସନ ଛାଡିବାମାତ୍ରେ ଏହାର ଯୋଗାଯୋଗ ବିଚ୍ଛିନ୍ନ ହୋଇଯାଏ। ଗୋବି ମରୁଭୂମି, ମଙ୍ଗୋଲିଆର ତୃଣଭୂମି , ସାଇବେରିଆର ବରଫାବୃତ୍ତ ଜଙ୍ଗଲ,ବୈକାଲ ହ୍ରଦ ଦେଇ ଏହି ଟ୍ରେନ୍ ଅତିକ୍ରମ କରେ। ଏଥିରେ ଦୁଇ ପ୍ରକାରର କେବିନ୍ ସୁବିଧା ଥାଏ। ଡିଲକ୍ସ ୨ ବର୍ଥ କିମ୍ବା ୪ବର୍ଥ ହାର୍ଡ ସ୍ଲିପର। ସେହିପରି ଟ୍ରେନ୍‌ଟି ଯେଉଁ ଦେଶ ଯାଉଥାଏ ସେହି ସ୍ଥାନର ଖାଇବା ଯାତ୍ରୀଙ୍କୁ ପରୋଷା ଯାଏ। ଏହି ଟ୍ରେନ୍‌ରେ ଯାତ୍ରା କରିବାକୁ ହେଲେ ଭାରତୀୟ ମୁଦ୍ରାରେ ୪୫,୦୦୦ ଟଙ୍କାରୁ ଟିକେଟ ଆରମ୍ଭ ହୋଇଥାଏ। ସେହିପରି ଟ୍ରେନ୍‌ରେ ଯାତ୍ରା କରୁଥିବା ଯାତ୍ରୀଙ୍କ ପାଖରେ ଚୀନ୍, ମଙ୍ଗୋଲିଆ ଏବଂ ରୁଷ୍ ତିନିଟି ଦେଶର ଟୁରିଷ୍ଟ ଭିସା ରହିଥିବା ଜରୁରି।



# କଣ୍ଟେଣ୍ଟ କ୍ରିଏସନ୍



ରିପୋର୍ଟ ଅନୁସାରେ, ଡିଜିଟାଲ କଣ୍ଟେଣ୍ଟ ତିଆରି କରିବା ମାମଲାରେ ମେଟ୍ରୋ ସହର ସବା ଆଗରେ ରହିଥାଏ। ହେଲେ ଏବେ ସ୍ମାର୍ଟଫୋନ୍ ଏବଂ ଇଣ୍ଟରନେଟ୍ ଏହି ଦୂରତ୍ୱକୁ କମ୍ କରିଛି। ଏବେ ଛୋଟ ସହରର କ୍ରିଏଟର ନିଜ ଆଞ୍ଚଳିକ ଭାଷାରେ କଣ୍ଟେଣ୍ଟ ପ୍ରସ୍ତୁତ କରି ବିଶ୍ୱରେ ଲୋକପ୍ରିୟ ହେବାର ପ୍ରୟାସ କରୁଛନ୍ତି। ସ୍ଥାନୀୟ ଭାଷା, ସଂସ୍କୃତି ଓ କାହାଣୀକୁ ବିଶ୍ୱର କୋଣଅନୁକୋଣର ଲୋକେ ବି ପସନ୍ଦ କରୁଛନ୍ତି। ତେଣୁ ଏମିତି କୁହାଯାଇପାରିବ ଯେ, ସାମାଜିକ ଗଣମାଧ୍ୟମ ସମସ୍ତଙ୍କ ପାଇଁ ସୁଯୋଗ ସୃଷ୍ଟି କରିଛି।

ସେହିପରି ୭୫ ପ୍ରତିଶତ ଯୁବପିଢ଼ି କଣ୍ଟେଣ୍ଟ କ୍ରିଏସନକୁ ଗୁରୁତର କ୍ୟାରିୟର ଭାବେ ଦେଖୁଛନ୍ତି। ଏ ଲାଗି ୟୁଟ୍ୟୁବ୍, ଇନଷ୍ଟାଗ୍ରାମ୍ କେବଳ ମନୋରଞ୍ଜନର ସାଧନ ନ ହୋଇ କ୍ୟାରିୟରର ନୂଆ ବିକଳ୍ପ ପାଲଟିଛି। ଏହାକୁ ଯୁବପିଢ଼ି ବିଜନେସ୍ ଟୁଲ୍ ଭଳି ଦେଖୁଛନ୍ତି। ତେବେ ରିପୋର୍ଟ ଅନୁସାରେ, ୫୫ ପ୍ରତିଶତ ଯୁବପିଢ଼ି ଏହା ଦ୍ୱାରା ଆର୍ଥିକ ଭାବେ ଆତ୍ମନିର୍ଭରଶୀଳ ହୋଇଥିବା କହିଛନ୍ତି।


କଣ୍ଟେଣ୍ଟ କ୍ରିଏଟ୍ ଲାଗି ୟୁଟ୍ୟୁବ୍ ଯୁବପିଢ଼ିଙ୍କର ପ୍ରଥମ ପସନ୍ଦ ପାଲଟିଛି। ତେଣୁ ୯୦ ପ୍ରତିଶତରୁ ଅଧିକ ଜେନ୍ ଜି କଣ୍ଟେଣ୍ଟ କ୍ରିଏଟର ୟୁଟ୍ୟୁବ୍‌ରେ ଅଛନ୍ତି। ସେହିପରି ହିନ୍ଦୀ ସହିତ ଆଞ୍ଚଳିକ ଭାଷାରେ ତିଆରି କଣ୍ଟେଣ୍ଟକୁ ଲୋକମାନେ ଖୁବ୍ ପସନ୍ଦ କରୁଛନ୍ତି।

> ଭାରତରେ ଡିଜିଟାଲ ଦୁନିଆରେ ଏକ ନୂଆ ପରିବର୍ତ୍ତନ ଆସିଛି। ଭାରତର ଯୁବପିଢ଼ି ମୁଖ୍ୟତଃ ୧୮-୨୪ ବର୍ଷ ବୟସ ଅର୍ଥାତ୍ ଜେନ୍ ଜି ଇଣ୍ଟରନେଟ୍‌ରେ ନିଜସ୍ୱ ପରିଚୟ ତିଆରି କରୁଛନ୍ତି। ୟୁଟ୍ୟୁବ୍ ଇଣ୍ଡିଆ ଏବଂ ସ୍ମିଥ୍‌ଗିଗରର ନୂଆ ରିପୋର୍ଟ ଅନୁସାରେ, ୮୩ ପ୍ରତିଶତ ଭାରତୀୟ ଯୁବପିଢ଼ି ନିଜକୁ କଣ୍ଟେଣ୍ଟ କ୍ରିଏଟର ବୋଲି ମାନୁଛନ୍ତି। ତେଣୁ ଏବେ କଣ୍ଟେଣ୍ଟ କ୍ରିଏସନ କେବଳ ଏକ ସଉକ ନୁହେଁ, ଏହା କ୍ୟାରିୟରର ନୂଆ ବିକଳ୍ପ ପାଲଟିଛି। ଏଥିରୁ ମିଳୁଥିବା ଆର୍ଥିକ ସ୍ୱାଧୀନତା ଯୁବପିଢ଼ିଙ୍କୁ ଡିଜିଟାଲ ଦୁନିଆରେ ଆଗକୁ ନେଉଛି।

## ସମ୍ଭାବନା

# ସଫଳତାରେ ବାଧକ ଖରାପ ଅଭ୍ୟାସ

**ପରୀକ୍ଷା ତଥା ଜୀବନରେ ସମସ୍ତେ ସଫଳତା ପାଇବାକୁ ଚାହାଁନ୍ତି। ସେହିପରି କଠିନ ପରିଶ୍ରମ କରିବା ସତ୍ତ୍ୱେ ଅନେକଙ୍କୁ ସଫଳତା ମିଳି ନ ଥାଏ। ହେଲେ କିଛି ଖରାପ ଅଭ୍ୟାସ ମଧ୍ୟ ସଫଳତାରେ ବାଧା ସୃଷ୍ଟି କରିଥାଏ।**



- ପଢ଼ିବା ପାଇଁ ଶାନ୍ତ ଜାଗା ନ ମିଳିବା। ଆଖପାଖର କୋଳାହଳପୂର୍ଣ୍ଣ ବାତାବରଣ, ଫୋନ, ଟିଭି ଏବଂ ସାମାଜିକ ଗଣମାଧ୍ୟମ ଯୋଗୁଁ କାମ ତଥା ପଢ଼ାରେ ଧ୍ୟାନ କେନ୍ଦ୍ରିତ ହୋଇପାରେ ନାହିଁ।
- ଗୋଟେ ସମୟରେ ସବୁ କିଛି କରିବାର ପ୍ରବୃତ୍ତି ବେଳେ ବେଳେ ସମସ୍ୟାରେ ପକାଏ। ଏଣୁ ଗୋଟିଏ ସମୟରେ ଗୋଟିଏ କାମ ଉପରେ ଗୁରୁତ୍ୱ ଦେବା ଦରକାର।
- ସେହିପରି ଡେରିରେ ଶୋଇବା ଏବଂ ବିଳମ୍ବରେ ଉଠିବା ଅଭ୍ୟାସ ବି ଦାୟୀ। ଏପରିକି ୭-୮ ଘଣ୍ଟା ନ ଶୋଇବା ଦ୍ୱାରା କାମରେ ସଫଳତା ମିଳେ ନାହିଁ।
- ଉତ୍ତମ ଭୋଜନ ନ କରିବା ମଧ୍ୟ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ। ଠିକ୍ ଖାଦ୍ୟ ନ ଖାଇବା ଦ୍ୱାରା ଶରୀରର ଅସୁସ୍ଥ ହୁଏ। ପଢ଼ା କିମ୍ବା କୌଣସି କାର୍ଯ୍ୟରେ ମନ ଲାଗେ ନାହିଁ।
- ଖଟ ଉପରେ ଶୋଇ ରହି ପଢ଼ିବା ଅଭ୍ୟାସରୁ ଦୂରେଇ ରହିବା ଉଚିତ। ଚେୟାର୍ ଟେବୁଲ ପଢ଼ାଭ୍ୟାସକୁ ଆପଣାଇବା ଭଲ।
- ଦୀର୍ଘ ସମୟ ଧରି ବସି ପଢ଼ିବା ଆଦୌ ଠିକ୍ ନୁହେଁ। ପଢ଼ା ମଝିରେ ୧୦-୧୫ ମିନିଟ୍‌ର ବ୍ରେକ ନେବା ଭଲ।

# ହ୍ୱାଟ୍ସଆପ୍‌ର ନୂଆ ଫିଚର୍

ଇନଷ୍ଟାଗ୍ରାମ୍ ନୋଟ୍‌ସ ଭଳି ହ୍ୱାଟ୍ସଆପ୍ ଏକ ନୂଆ ଫିଚରକୁ ପରିଚିତ କରାଇଛି। ଏହାର ନାଁ 'ଏବାଉଟ୍'। ତେବେ ହ୍ୱାଟ୍ସଆପ୍‌ରେ ପୂର୍ବରୁ ଥିବା ଷ୍ଟାଟସ୍‌ର ଏହା ହେଉଛି ଅପଗ୍ରେଡ୍ ଭର୍ସନ। ଏବେ ବ୍ୟବହାରକାରୀ ଛୋଟ ଛୋଟ ଟେକ୍ସଟ୍ ଅପଡେଟ୍ ଏଥିରେ ସେୟାର୍ କରିପାରିବେ। ଏହା ସେମାନଙ୍କର ୱାନ୍-ଟୁ-ୱାନ୍ ଚାଟ୍ ଉପରେ ଦେଖିବାକୁ ମିଳିବ। ଏପରିକି ସେମାନଙ୍କ ପ୍ରୋଫାଇଲ ପେଜ୍‌ରେ ବି ଦେଖିବାକୁ ମିଳିବ। ବ୍ୟବହାରକାରୀ ଏହା ମାଧ୍ୟମରେ ନିଜ ବିଷୟରେ ଏଇ ଯେମିତି କଣ କରୁଛନ୍ତି, କାହିଁକି ବ୍ୟସ୍ତ ଆଦି ଅନ୍ୟ ବିବରଣୀ ଶୀଘ୍ର ଅପଡେଟ୍ ସେୟାର୍ କରିପାରିବେ।

ଅନ୍ୟପଟେ କିଛି ଲୋକଙ୍କୁ ଏହି ଫିଚର୍ ନୂଆ ଲାଗିବ। ହେଲେ 'ଏବାଉଟ୍' ଫିଚର୍ ଆପ୍‌ରେ ପୂର୍ବରୁ ଥିଲା। ପ୍ରାରମ୍ଭିକ ପର୍ଯ୍ୟାୟରେ ଏଥିରେ ବ୍ୟବହାରକାରୀ ଛୋଟ ଛୋଟ ଅପଡେଟ୍ ସେୟାର୍ କରୁଥିଲେ ଇନଷ୍ଟାଗ୍ରାମ୍ ନୋଟ୍ ଭଳି। ହେଲେ ଏଥର ଏହି ଫିଚରକୁ ଉନ୍ନତମାନର କରାଯାଇଛି। ଏହି ଅପଡେଟ୍ ଚାଟ୍ ଉପରେ ଦେଖିବାକୁ ମିଳୁଛି ଏବଂ ବ୍ୟବହାରକାରୀ ଏଥିରେ ଟ୍ୟାପ୍ କରି ସିଧା ରିପ୍ଲାଏ ଦେଇପାରିବେ। ଏହି ଅପେଡଟ୍ ୨୪ ଘଣ୍ଟାରେ ଗାଏବ ହୋଇଯାଏ। କାରଣ ଏହା ହେଉଛି ଡିଫଲ୍ଟ ସେଟିଂ। ଅବଶ୍ୟ ଏବେ ଏହା ଇନଷ୍ଟାଗ୍ରାମ୍ ନୋଟ୍ ଭଳି ଆଡଭାନ୍ସ ନୁହେଁ। ହ୍ୱାଟ୍ସଆପ୍‌ର ଏହି ଫିଚର୍ କେବଳ ଟେକ୍ସଟ୍ ଅପଡେଟ୍ ଯାଏଁ ସୀମିତ।



# ସମୟ ପରିଚାଳନାର ଉପାୟ

**କିଛି ଲୋକ ଏମିତି ଥାନ୍ତି, ଯେଉଁମାନଙ୍କ ଅଭ୍ୟାସ ସବୁ କାମ ବିଳମ୍ବରେ କରିବା। ଏଭଳି ଲୋକ ସବୁ ସ୍ଥାନରେ ବିଳମ୍ବରେ ପହଞ୍ଚି ଥାନ୍ତି। ତା'ସହ ସେମାନଙ୍କର ସମୟଜ୍ଞାନ ନ ଥିବା କଥାକୁ ସ୍ପଷ୍ଟ କରିଥାଏ। ତେବେ ସମୟକୁ କିଭଳି ପରିଚାଳନା କଲେ, ସବୁ କାମ ସମୟରେ କରିପାରିବେ, ସେ ସମ୍ପର୍କରେ ଜ୍ଞାନ ରହିବା ଉଚିତ।**

- ସମୟରେ କାମ କରିବାକୁ ଚାହୁଁଥିଲେ, ଆଲାର୍ମ ଏବଂ ଟାଇମର୍ ବ୍ୟବହାର କରନ୍ତୁ। ଏଭଳି କରିବା ଦ୍ୱାରା ବିଳମ୍ବ ହେବ ନାହିଁ।
- ନିତିଦିନର କାମ ଠିକ୍ ସମୟରେ କରିପାରୁ ନ ଥିଲେ, ତାହାର ଏକ ତାଲିକା ପ୍ରସ୍ତୁତ କରନ୍ତୁ। ଏହି ତାଲିକା ଅନୁସାରେ, କାମ କରିବା ଦ୍ୱାରା ସବୁ କାମ ସମୟ ଅନୁସାରେ ହୋଇପାରିବ।



- କୌଣସି କାମକୁ ସମୟରେ କରିବା ପାଇଁ ସମୟ ସାରଣୀ ପ୍ରସ୍ତୁତ କରନ୍ତୁ। ସେଥିରେ ସବୁ କାମ ପାଇଁ ନିର୍ଦ୍ଦିଷ୍ଟ ଏକ ସମୟ ଲେଖନ୍ତୁ ଏବଂ ତଦନୁସାରେ କାର୍ଯ୍ୟ କରନ୍ତୁ।
- ଧ୍ୟାନ କରିବା କାମ ଉପରେ ଧ୍ୟାନ କେନ୍ଦ୍ରିତ କରିବା ସହଜ ହୁଏ। ଫଳରେ କାମ କରିବାରେ ଆଗ୍ରହ ସୃଷ୍ଟି ହୁଏ। ସମୟ ଅନୁସାରେ କାମ କରିବା ସହଜ ହୋଇଥାଏ।

### ଦ୍ୱିତୀୟ ଟେଷ୍ଟ: ଭାରତ ଆଗରେ ୫୪୯ ରନ୍‌ର ଅସମ୍ଭବ ବିଜୟ ଲକ୍ଷ୍ୟ

# ସିରିଜ୍ ସୁଇପ୍ ଦ୍ୱାରଦେଶରେ ଦକ୍ଷିଣ ଆଫ୍ରିକା



**ବର୍ଷାପଡା, ୨୫।୧୧(ଏଜେନ୍ସି):** ଏଠାରେ ଚାଲିଥିବା ଦ୍ୱିତୀୟ ଟେଷ୍ଟ ମ୍ୟାଚ୍ ଜିତିବାକୁ ଭାରତ ଆଗରେ ୫୪୯ ରନ୍‌ର ଅସମ୍ଭବ ବିଜୟ ଲକ୍ଷ୍ୟ ଦେଇଛି ଦକ୍ଷିଣ ଆଫ୍ରିକା। ଏହି ଲକ୍ଷ୍ୟକୁ ପିଛା କରି ମଙ୍ଗଳବାର ଚତୁର୍ଥ ଦିନ ଖେଳ ଶେଷସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ୨୭ ରନ୍‌ରେ ୨ଟି ୱିକେଟ ହରାଇ ଅଧିକ ବିପଦକୁ ଆମନ୍ତ୍ରଣ କରିଛି। ଭାରତୀୟ ଦଳରେ ସ୍ଥାନ ପାଇଥିବା ଦୁଇ ଟେଷ୍ଟ ଓପନର ଯଶସ୍ୱୀ ଜୟସ୍ୱାଲ ୧୩ ଓ ଲୋକେଶ ରାହୁଲ ୬ ରନ୍ କରି ଆଉଟ ହୋଇଛନ୍ତି। ଏମାନଙ୍କ ଆଉଟ ସହ ଘରୋଇ ଦଳର ମ୍ୟାଚ୍ ଡ୍ର ରଖିବା ଆଶା ମଧ୍ୟ ଦୂରେଇଯାଇଛି। ସାଇ ସୁଦର୍ଶନ ୨୫ ବଲ୍‌ରୁ ୨ ଓ କୁଲଦୀପ ଯାଦବ ୨୨ ବଲ୍‌ରୁ ୪ ରନ୍ କରି ଏପ୍ରକାର ଅସମ୍ଭବ ବିଜୟ ଲକ୍ଷ୍ୟକୁ ହାସଲ କରିବାକୁ ଉଦ୍ୟମ ଜାରି ରଖିଛନ୍ତି। ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ର କୋଲକାତାରେ ଖେଳାଯାଇଥିବା ପ୍ରଥମ ଟେଷ୍ଟକୁ ଦକ୍ଷିଣ ଆଫ୍ରିକା ୩୦ ରନ୍‌ରେ ବିଜୟୀ ହୋଇଥିଲା। ଏହା ଫଳରେ ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ପ୍ରଥମ ଟେଷ୍ଟ ସିରିଜ୍ ଏବଂ ପ୍ରଥମ ସିରିଜ୍ ସ୍ୱିପର ଦ୍ୱାରଦେଶରେ ପହଞ୍ଚିଛି। ପୂର୍ବରୁ ଖେଳାଯାଇଥିବା ପ୍ରଥମ ଇନିଂସରେ ଦକ୍ଷିଣ ଆଫ୍ରିକାର ୪୮୯ ରନ୍ ଜବାବରେ ଭାରତ ମାତ୍ର ୨୦୧ ରନ୍ କରିଥିଲା। ୨୮୮ ରନ୍‌ର ପ୍ରଥମ ଇନିଂସ ଅଗ୍ରଣୀ ଥିବା ଦକ୍ଷିଣ ଆଫ୍ରିକା ୫ ୱିକେଟରେ ୨୬୦ ରନ୍ କରି ଦ୍ୱିତୀୟ ଇନିଂସ ସମାପ୍ତି ଘୋଷଣା କରିଥିଲା। ଘରୋଇ ଦଳ ୫୪୯ ରନ୍‌ର ଲକ୍ଷ୍ୟକୁ ପିଛା କରି ୨ ୱିକେଟରେ ୨୭ ରନ୍ ଭରଣା କରିନେଇଛି। ଏହା ଫଳରେ ଆସନ୍ତାକାଲି ଶେଷ ଦିନ ଖେଳରେ ଭାରତକୁ ବାକିଥିବା ୮ ୱିକେଟ ବିନିମୟରେ ଆଉ ୫୨୨ ରନ୍ ସଂଗ୍ରହ କରିବ। ଭାରତ ଯଦି ଏହି ମ୍ୟାଚ୍‌କୁ ଡ୍ର ରଖିପାରିଲେ, ନିଶ୍ଚିତ ଏହା ଏକ ବିସ୍ମୟକର ଫଳାଫଳ ହେବ।

ପୂର୍ବରୁ ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୫ ୱିକେଟ ହରାଇ ୨୬୦ ରନ୍ କରିବା ପରେ ଦଳ ତାହାର ଦ୍ୱିତୀୟ ଇନିଂସ ସମାପ୍ତି ଘୋଷଣା କରିଥିଲା। ଟ୍ରିଷ୍ଟାନ ଷ୍ଟବ୍ସ ୧୮୦ ବଲ୍ ଖେଳି ୯୪, ଟୋନି ଡି ଜୋର୍ଜି ୪୯ ରନ୍ କରିଥିଲେ। ୱିଆନ୍ ମୁଲ୍ଡର ଅପରାଜିତ ରହି ଓ ରିୟାନ ରିକେଲଟନ ୩୫ ରନ୍ ଲେଖାଏଁ କରିଥିଲେ। ଭାରତ ପକ୍ଷରୁ ରବୀନ୍ଦ୍ର ଜାଡେଜା ସର୍ବାଧିକ ୪ଟି ୱିକେଟ ପାଇଥିଲେ ମଧ୍ୟ ଆବଶ୍ୟକ ବେଳେ ଏହା କିଛି କାମରେ ଆସି ନ ଥିଲା।

#### ସଂକ୍ଷିପ୍ତ ସ୍କୋର

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୪୮୯/୧୦** (ମୁଥୁସ୍ୱାମୀ-୧୦୯, ଜାନ୍‌ସେନ୍-୯୩, କୁଲଦୀପ-୪/୧୧୫)।
**ଭାରତ ପ୍ରଥମ ଇନିଂସ: ୨୦୧/୧୦** (ଜୟସ୍ୱାଲ-୫୮, ସୁନ୍ଦର-୪୮, ଜାନ୍‌ସେନ୍- ୬/୪୮, ହାର୍ମର-୩/୬୪)।
**ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସ: ୨୬୦/୫, ଘୋଷିତ** (ଷ୍ଟବ୍ସ-୯୪, ଡି ଜୋର୍ଜି-୪୯, ମୁଲ୍ଡର-୩୫ଅ, ଜାଡେଜା-୪/୬୨)।
**ଭାରତ ଦ୍ୱିତୀୟ ଇନିଂସ: ୨୭/୨।**

### ● ଆଜିଠୁ ସୟଦ ମୁସ୍ତାକ ଅଲି ଟି-୨୦

## ଓଡ଼ିଶା ସାମ୍ନାରେ ସାମସନ୍ ଚ୍ୟାଲେଞ୍ଜ

**କଟକ,୨୫।୧୧(ସମିସ):** ଭାରତୀୟ ଘରୋଇ କ୍ରିକେଟର ଟି-୨୦ ଫର୍ମାଟ ଟୁର୍ଣ୍ଣାମେଣ୍ଟ ସୟଦ ମୁସ୍ତାକ ଅଲି ଟ୍ରଫିର ୧୮ ତମ ସଂସ୍କରଣ ବୁଧବାରଠାରୁ ଆରମ୍ଭ ହେବ। ଗ୍ରୁପ-ଏ'ରେ ସ୍ଥାନ ପାଇଥିବା ଓଡ଼ିଶା ପ୍ରଥମ ଦିବସରେ ଶକ୍ତିଶାଳୀ କେରଳ ଦଳକୁ ଭେଟିବ। ଉଭୟ ଦଳ ଗତ ୧୨ ବର୍ଷ ଭିତରେ ଦୁଇଥର ସାମ୍ନାସାମ୍ନି ହୋଇଥିଲେ ମଧ୍ୟ ଓଡ଼ିଶା ପଛୁଆ ରହିଛି। ଦୁଇଟି ଯାକ ମ୍ୟାଚ୍‌ରେ କେରଳକୁ ବିଜୟ ମିଳିଛି। ଏହି ଧାରା ଭାଙ୍ଗିବା ଲକ୍ଷ୍ୟ ନେଇ ଓଡ଼ିଶା ଦଳ ବୁଧବାର ପଡ଼ିଆକୁ ଓହ୍ଲାଇବ। ଲକ୍ଷ୍ନୌର ଏକନା କ୍ରିକେଟ ଷ୍ଟାଡିୟମରେ କେରଳ ବିପକ୍ଷ ମ୍ୟାଚ୍ ଖେଳାଯିବ। ଅଭିଜ୍ଞ ଅଲରାଉଣ୍ଡର ବିପ୍ଳବ ସାମନ୍ତରାୟଙ୍କୁ ୫ବର୍ଷ ପରେ ଓଡ଼ିଶା ଦଳର ନେତୃତ୍ୱ ଦିଆଯାଇଛି। ଏହାଛଡ଼ା ୬ଜଣ ନବାଗତଙ୍କୁ ଦଳରେ ସାମିଲ କରାଯାଇଛି। ଅନିଲ ପରିଡ଼ା, ବାଦଲ ବିଶ୍ୱାଳ ଏବଂ ସୌରଭ ଗୌଡ ପ୍ରଥମଶ୍ରେଣୀ କ୍ରିକେଟରେ ପଦାର୍ପଣ କରିଥିଲେ ମଧ ଟି-୨୦ ଫର୍ମାଟରେ ନୂଆ ଚେହେରା। ଏହାଛଡ଼ା ୧୭ବର୍ଷୀୟ ସ୍ପିନର ରାଜା ଯାଦବ ଏବଂ ପେସ୍ ବୋଲର ଭଗୀଶ ଶର୍ମାଙ୍କ ସମେତ ସୌମ୍ୟରଞ୍ଜନ ଲେଙ୍କା ରାଜ୍ୟ ବରିଷ୍ଠ ଦଳରେ ପ୍ରଥମଥର ସୁଯୋଗ ପାଇଛନ୍ତି। ଗୌରବ ଚୌଧୁରୀ, ସ୍ୱସ୍ତିକ ସାମଲ, ଆଦିତ୍ୟ ରାଉତ, ୱିକେଟ କିପର ଆଶୀର୍ବାଦ ସ୍ୱାଇଁଙ୍କ ଭଳି ଯୁବ ପ୍ରତିଭାଙ୍କ ଉପରେ ଦଳର ପ୍ରାରମ୍ଭିକ ବ୍ୟାଟିଂ ଭାର ନିର୍ଭର କରିବ। ଶୁଭ୍ରାଂଶୁ ସେନାପତି, ସନ୍ଦୀପ ପଟ୍ଟନାୟକ, ଗୋବିନ୍ଦ ପୋଦ୍ଦାରଙ୍କ ସହ ଅଲରାଉଣ୍ଡର ପ୍ରୟାସ କୁମାର ସିଂହ ମଧ୍ୟକ୍ରମ ସମ୍ଭାଳିବେ। ୩ବର୍ଷର ବ୍ୟବଧାନ ପରେ ବାମହାତୀ ସ୍ପିନର ପପୁ ରାୟଙ୍କୁ ଦଳରେ ସୁଯୋଗ ମିଳିଛି। ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ରେ ଚମତ୍କାର ପ୍ରଦର୍ଶନ କରି ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ପରଭେଜ ମହାରୁଫଙ୍କଠାରୁ ପ୍ରଶଂସିତ ହୋଇଥିବା ପେସ୍ ବୋଲର ଭଗୀଶ ଶର୍ମାଙ୍କ ଉପରେ ଦଳର ନଜର ରହିବ। ପେସ୍ ଆଟାକ୍‌ରେ ରାଜେଶ ମହାନ୍ତି, ସର୍ବେଶ୍ୱର ମହାନ୍ତି ଏବଂ ସୌମ୍ୟରଞ୍ଜନ ଲେଙ୍କା ରହିଛନ୍ତି। ଅପରପକ୍ଷରେ ଅନ୍ତର୍ଜାତୀୟ ତାରକା ସଞ୍ଜୁ ସାମସନ କେରଳ ଦଳର ନେତୃତ୍ୱ ନେଉଛନ୍ତି। ୱିକେଟକିପର ବିଷ୍ଣୁ ବିନୋଦ ଜଣେ ବିସ୍ଫୋରକ ବ୍ୟାଟର ଭାବେ ଜଣାଶୁଣା। ଏତଦବ୍ୟତୀତ କେରଳ ଦଳରେ ଏକାଧିକ ଆଇପିଏଲ ତାରକା ମଧ୍ୟ ସ୍ଥାନ ପାଇଛନ୍ତି। ବୁଧବାର ପୂର୍ବାହ୍ନରେ ହେବାକୁ ଥିବା ଏହି ମ୍ୟାଚ୍ ରୋମାଞ୍ଚକ ହେବ ବୋଲି ଆଶା କରାଯାଉଛି।


## ଓଡ଼ିଶାକୁ ଜିତାଇଲେ ଶୁଭ୍ର

**କଟକ,୨୫।୧୧(ସମିସ):** ୨୩ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫିରେ ଓଡ଼ିଶା କ୍ରମାଗତ ଦ୍ୱିତୀୟ ବିଜୟ ହାସଲ କରିଛି। ଥିରୁଅନନ୍ତପୁରମ୍ ସେଣ୍ଟ ଜାଭିୟର୍ସ କେସିଏ କ୍ରିକେଟ ଗ୍ରାଉଣ୍ଡରେ ଆଜି ଖେଳାଯାଇଥିବା ଦ୍ୱିତୀୟ ଲିଗ୍ ମ୍ୟାଚ୍‌ରେ



ଓଡ଼ିଶା ୩ ରନ୍‌ରେ ଉତ୍ତରାଖଣ୍ଡକୁ ହରାଇଛି। ଉତ୍ତରାଖଣ୍ଡ ଅଧିନାୟିକା ନନ୍ଦିନୀ କାଶ୍ୟପ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ଡାକରା ଦେଇଥିଲେ। ପ୍ରାରମ୍ଭିକ ବ୍ୟାଟିଂ ବିପର୍ଯ୍ୟୟ ସତ୍ତ୍ୱେ ଜିଏମ ଅଲକାନନ୍ଦଙ୍କ ଦ୍ରୁତ ୩୯ ରନର ଅପରାଜିତ ପାଳି ସହାୟତାରେ ଓଡ଼ିଶା ୭ ୱିକେଟ ବିନିମୟରେ ୧୧୦ରନ ସଂଗ୍ରହ କରିଥିଲା। ଜବାବରେ ଉତ୍ତରାଖଣ୍ଡ ୬ ୱିକେଟ ହରାଇ ୧୦୭ରନ କରିବାକୁ ସକ୍ଷମ ହୋଇଥିଲା। ରାଘବୀ ଦଳ ପକ୍ଷରୁ ସର୍ବାଧିକ ୩୪ରନ କରିଥିଲେ। ଓଡ଼ିଶାର ଶୁଭ୍ର ନିର୍ଝରିଣୀ ସ୍ୱାଇଁ ୧୪ରନ ବ୍ୟୟ କରି ୩ଟି ୱିକେଟ ଦଖଲ କରିବା ସହ ଦଳ ବିଜୟରେ ପ୍ରମୁଖ ଭୂମିକା ତୁଲାଇଥିଲେ।

## ନିର୍ଦ୍ୱନ୍ଦ୍ୱରେ ସଭାପତି ନିର୍ବାଚିତ ହେଲେ କଳିକେଶ



**ଭୁବନେଶ୍ୱର, ୨୫।୧୧ (ସମିସ):** ପୂର୍ବତନ ସାଂସଦ ତଥା ବିଜେଡି ବିଧାୟକ କଳିକେଶ ନାରାୟଣ ସିଂ ଦେଓ ନିର୍ଦ୍ୱନ୍ଦ୍ୱରେ ଭାରତୀୟ ଜାତୀୟ ରାଇଫଲ୍ ସଂଘ (ଏନ୍ଆରଏଆଇ)ର ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ଫଳରେ ସେ ପୁଣିଥରେ ଏହି ଜାତୀୟ ସଂଘର ସଭାପତି ଭାବେ ପଦ ବଜାୟ ରଖିଛନ୍ତି। ଗତ ବର୍ଷ ସେପ୍ଟେମ୍ବରରେ ସଭାପତି ପଦ ଲାଗି ଅନୁଷ୍ଠିତ ନିର୍ବାଚନରେ କଳିକେଶ ୩୬-୨୧ ଭୋଟରେ ଭିକେ ଧଲ୍‌ଙ୍କୁ ପରାସ୍ତ କରିଥିଲେ। କଳିକେଶଙ୍କ ଏହି ବିଜୟ ଜାତୀୟ ରାଇଫଲ ସଂଘର ନେତୃତ୍ୱ ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ମାଇଲଖୁଣ୍ଟ। ଏହି ଅବସରରେ ଓଡ଼ିଶା ରାଇଫଲ୍ ସଂଘ ପକ୍ଷରୁ କଳିକେଶଙ୍କୁ ଅଭିନନ୍ଦନ ଜଣାଯାଇଛି। ଏହା ଓଡ଼ିଶା ପାଇଁ ଗର୍ବ ଓ ଗୌରବର ବିଷୟ ବୋଲି ରାଜ୍ୟ ସଂଘର ସମ୍ପାଦକ ଡ. ହରି ପ୍ରସାଦ ପଟ୍ଟନାୟକ ପ୍ରକାଶ କରିଛନ୍ତି। ଉଲ୍ଲେଖଯୋଗ୍ୟ କଳିକେଶଙ୍କ ସଭାପତିତ୍ୱ କାର୍ଯ୍ୟକାଳ ସମୟରେ ପ୍ରଥମଥର ଲାଗି ସୁଟିଂ ଲିଗ୍ ଆରମ୍ଭ ହୋଇଥିଲା।

## ଆମେରିକା ସହ ଭାରତର ପ୍ରଥମ ମୁକାବିଲା

**ଦୁବାଇ, ୨୫।୧୧ (ଏଜେନ୍ସି):** ଭାରତ ଓ ଶ୍ରୀଲଙ୍କାରେ ଫେବୃଆରୀ ୭ରୁ ମାର୍ଚ୍ଚ ୮ ତାରିଖଯାଏ ହେବାକୁ ଥିବା ୨୦୨୬ ଟି-୨୦ ବିଶ୍ୱକପ୍ କ୍ରିକେଟର ଖେଳସୂଚୀ ଆଜି ଆଇସିସି ପକ୍ଷରୁ ଘୋଷଣା କରାଯାଇଛି। ଏହି ଟୁର୍ଣ୍ଣାମେଣ୍ଟରେ ୧୬ଟି ଦଳ ଭାଗନେବେ। ଏହା ଲିଗ୍ କମ୍ ନକ୍ଆଉଟ ପଦ୍ଧତିରେ ଖେଳାଯିବ। ଫେବୃଆରୀ ୭ରୁ ୨୦ ଯାଏ ଗ୍ରୁପ୍ ଲିଗ୍ ମ୍ୟାଚ୍, ଫେବୃଆରୀ ୨୧ରୁ ମାର୍ଚ୍ଚ ୧ ସୁପର-୮, ମାର୍ଚ୍ଚ ୪ ଓ ୫ରେ ସେମିଫାଇନାଲ ଓ ମାର୍ଚ୍ଚ ୮ରେ ଫାଇନାଲ ମ୍ୟାଚ୍ ଖେଳାଯିବ। ଏଥିଲାଗି ୮ଟି ଭେନ୍ୟୁ ଚୟନ କରାଯାଇଛି। ଭାରତରେ ୫ଟି ଓ ଶ୍ରୀଲଙ୍କାରେ ୩ଟି ଭେନ୍ୟୁ ରହିଛି। ପାକିସ୍ତାନ ଯେଉଁ ପର୍ଯ୍ୟାୟକୁ ଗଲେ ମଧ୍ୟ ସମସ୍ତ ମ୍ୟାଚ୍ କଲମ୍ବୋରେ ଖେଳିବ। ପାକିସ୍ତାନ ଯଦି ଫାଇନାଲକୁ ଯୋଗ୍ୟତା ଅର୍ଜନ ନ କରେ ତେବେ ଅହମ୍ମଦାବାଦ୍ ଓ ସେମିଫାଇନାଲକୁ ନ ଯାଏ, ତେବେ ମୁମ୍ବାଇ, କୋଲକାତାରେ ସେମିଫାଇନାଲ ଖେଳାଯିବ। ୧୬ଟି ଦଳ ଭାଗ ନେଉଥିଲାବେଳେ ସେଗୁଡ଼ିକୁ ୪ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଡିଫେଣ୍ଡିଂ ଚାମ୍ପିଅନ ଭାରତ ଗ୍ରୁପ୍-ଏ'ରେ ଆମେରିକା, ପାକିସ୍ତାନ, ନାମିବ୍ୟା ଓ ନେଦରଲାଣ୍ଡସ ସହ ସ୍ଥାନ ପାଇଛି। ଭାରତ ତାହାର ପ୍ରଥମ ମ୍ୟାଚ୍ ମୁମ୍ବାଇରେ ଆମେରିକା ସହ ଫେବୃଆରୀ ୭ରେ, ଦ୍ୱିତୀୟ ମ୍ୟାଚ୍ ଦିଲ୍ଲୀରେ ନାମିବ୍ୟା ସହ ଫେବୃଆରୀ ୧୨ରେ, ତୃତୀୟ ମ୍ୟାଚ୍ ପାକିସ୍ତାନ ସହ କଲମ୍ବୋରେ ଫେବୃଆରୀ ୧୫ରେ ଓ ଚତୁର୍ଥ ମ୍ୟାଚ୍ ଅହମ୍ମଦାବାଦ୍‌ରେ ନେଦରଲାଣ୍ଡସ ସହ ଫେବୃଆରୀ ୧୮ରେ ଖେଳିବ।

**ଟି-୨୦ ବିଶ୍ୱକପ୍ ଖେଳସୂଚୀ**

### କନିଷ୍ଠ ମହିଳା ଏକାଡେମୀ ଚାମ୍ପିଅନସିପ୍

## ଓଡ଼ିଶା ନାଭାଲ ଟାଟା ହକି ଏଚ୍‌ପିସି ଚାମ୍ପିଅନ



**ଭୁବନେଶ୍ୱର, ୨୫।୧୧ (ସମିସ):** ହକି ଇଣ୍ଡିଆ ଆନୁକୂଲ୍ୟରେ ହରିୟାଣାରେ ତୃତୀୟ ହକି ଇଣ୍ଡିଆ କନିଷ୍ଠ ମହିଳା ଏକାଡେମୀ ଚାମ୍ପିଅନସିପ୍ ଉଦ୍‌ଯାପିତ ହୋଇଛି। ଏଥିରେ ଓଡ଼ିଶା ନାଭାଲ ଟାଟା ହକି ହାଇପରଫର୍ମାନ୍ସ ସେଣ୍ଟର (ଏଚ୍‌ପିସି) କ୍ରମାଗତ ୨ୟ ବର୍ଷ ଲାଗି ଚାମ୍ପିଅନ ହେବାର ସୌଭାଗ୍ୟ ଲାଭ କରିଛି। ଫାଇନାଲରେ ଓଡ଼ିଶା ନାଭାଲ ଦଳ ୨-୦ ଗୋଲରେ ରାଉଣ୍ଡଗ୍ଲାସ ପଞ୍ଜାବ ହକି ଏକାଡେମୀକୁ ପରାସ୍ତ କରିଥିଲା। ଏଥିପୂର୍ବରୁ ସେମିଫାଇନାଲରେ ଓଡ଼ିଶା ନାଭାଲ ୪-୦ ଗୋଲରେ ଭାରତ ହକି ଏକାଡେମୀକୁ ହରାଇଥିଲା। ମିଡ୍‌ଫିଲ୍ଡର ପ୍ରଜ୍ଞା ପଟେଲ ଫାଇନାଲର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଏହି ସଫଳତା ଲାଗି ଓଡ଼ିଶା ନାଭାଲ ଟାଟା ହକି ଏଚପିସି ପକ୍ଷରୁ ସମସ୍ତ ଖେଳାଳି ଓ ସପୋର୍ଟ ଷ୍ଟାଫ୍‌ଙ୍କୁ ଅଭିନନ୍ଦନ ଜଣାଯାଇଛି।

## ବେଲ୍‌ଜିୟମଠୁ ହାରିଲା ଭାରତ

**ଇପୋ, ୨୫।୧୧ (ଏଜେନ୍ସି):** ମାଲେସିଆରେ ଚାଲିଥିବା ୩୧ତମ ସୁଲତାନ ଆଜଲାନ ଶାହ କପ୍ ହକିରେ ଭାରତ ପ୍ରଥମ ପରାଜୟବରଣ କରିଛି। ମଙ୍ଗଳବାର ଅନୁଷ୍ଠିତ ଏକ ମ୍ୟାଚରେ ବେଲ୍‌ଜିୟମ ୩-୨ ଗୋଲ୍‌ରେ ଭାରତକୁ ହରାଇଦେଇଛି। ରୋମାନ ଡୁଭେକେଟ୍ ଡବଲ୍ ଗୋଲ୍ ଦେଇ ବେଲ୍‌ଜିୟମକୁ ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ଭାରତ ପକ୍ଷରୁ ଅଭିଷେକ ଓ ଓଡ଼ିଆ ଖେଳାଳି ଶିଳାନନ୍ଦ ଲାକ୍ରା ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ମ୍ୟାଚ୍ ଶେଷ ହେବାକୁ ୩ ମିନିଟ୍ ବାକି ଥିବାବେଳେ ଶିଳାନନ୍ଦ ଦଳ ପାଇଁ ଦ୍ୱିତୀୟ ଗୋଲ୍‌ଟି ଦେଇ କିଛିଟା ଆଶା ଉଜ୍ଜୀବିତ କରିଥିଲେ ମଧ୍ୟ ଏହା ଯଥେଷ୍ଟ ହୋଇ ନ ଥିଲା। ଏଥିପୂର୍ବରୁ ଭାରତ ପ୍ରଥମ ମ୍ୟାଚରେ ୧-୦ ଗୋଲରେ ଦକ୍ଷିଣ କୋରିଆକୁ ହରାଇଥିଲା। ଭାରତ ବୁଧବାର ମାଲେସିଆକୁ ଭେଟିବ।

### ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା

## ପ୍ରତ୍ୟାଶାଙ୍କୁ ସ୍ୱର୍ଣ୍ଣ; କିଟ୍‌କୁ ୩ ପଦକ

**ଭୁବନେଶ୍ୱର, ୨୫।୧୧ (ସମିସ):** ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା (କେଆଇୟୁଜି)ର ଦ୍ୱିତୀୟ ଦିବସରେ ସୋମବାର ଓଡ଼ିଆ କ୍ରୀଡ଼ାବିତ୍‌ମାନେ ଦମ୍‌ଦାର ପ୍ରଦର୍ଶନ କରି ୬ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ଗୋଟିଏ ଲେଖାଏ ସ୍ୱର୍ଣ୍ଣ ଓ ରୌପ୍ୟ ଏବଂ ୪ଟି କାଂସ୍ୟ ପଦକ ରହିଛି। ଉତ୍କଳ ବିଶ୍ୱବିଦ୍ୟାଳୟ ପକ୍ଷରୁ ପ୍ରତିନିଧିତ୍ୱ କରୁଥିବା ସନ୍ତରଣକାରୀ ପ୍ରତ୍ୟାଶା ରାୟ ଶ୍ରେଷ୍ଠ ପ୍ରଦର୍ଶନ କରି ଗୋଟିଏ ସ୍ୱର୍ଣ୍ଣ ଓ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ପ୍ରତ୍ୟାଶା ମହିଳା ୧୦୦ ମିଟର ବ୍ୟାକ୍‌ଷ୍ଟ୍ରୋକ୍‌ରେ ସ୍ୱର୍ଣ୍ଣ ଓ ୪୦୦ ମିଟର ଫ୍ରିଷ୍ଟାଇଲରେ କାଂସ୍ୟ ପଦକ ହାସଲ କରିଥିଲେ। ଓଡ଼ିଶାର ରିଙ୍କି ନାୟକଙ୍କୁ ଭାରୋତ୍ତୋଳନରେ ରୌପ୍ୟ ମିଳିଛି। ଅପରପକ୍ଷରେ ମଙ୍ଗଳବାର କିଟ୍ ବିଶ୍ୱବିଦ୍ୟାଳୟକୁ ୩ଟି କାଂସ୍ୟ ପଦକ ସଫଳତା ମିଳିଛି। ମହିଳା ୨୦୦ ମିଟର ବ୍ରେଷ୍ଟଷ୍ଟ୍ରୋକରେ ଦିବ୍ୟାଙ୍କା ପ୍ରଧାନ, ମହିଳା ୫୦ ମିଟର ଫ୍ରିଷ୍ଟାଇଲରେ ନୀଳାବ୍‌ଜା ଘୋଷ ଓ ମହିଳା ୪ ଗୁଣା ୨୦୦ ମିଟର ଫ୍ରିଷ୍ଟାଇଲ ସୁଇମିଂ ରିଲେ ଟିମ୍ କାଂସ୍ୟ ପଦକ ଜିତିଛନ୍ତି।



ପ୍ରତ୍ୟାଶା



ରିଙ୍କି

## ଦିନିକିଆ ରାପିଡ୍ ଚେସ୍: ହର୍ଷିତ, ମନୀଷ ଚାମ୍ପିଅନ

**ଭୁବନେଶ୍ୱର,୨୪।୧୧ (ସମିସ):** କଟକର ଇଣ୍ଡସ ଚେସ୍ ଏକାଡେମୀ ଆନୁକୂଲ୍ୟରେ ଏକ ଦିନିକିଆ ରାପିଡ୍ ଚେସ୍ ପ୍ରତିଯୋଗିତା ରୁଦ୍ରପୁରସ୍ଥିତ ସିମ୍ଫୋନୀ ମଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓପନ ବିଭାଗରେ କଟକର ହର୍ଷିତ ରଞ୍ଜନ ସାହୁ ପ୍ରଥମ, ପୁରୀର ଜଗଦୀଶ ନାୟକ ଦ୍ୱିତୀୟ ଓ ଖୋର୍ଦ୍ଧାର ଓମ୍ ଆଦିତ୍ୟ ଖାଡଙ୍ଗା ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ସେହିପରି କନିଷ୍ଠ ବର୍ଗରେ ଖୋର୍ଦ୍ଧାର ମନୀଷ ମିଶ୍ର ପ୍ରଥମ, କଟକର ଦୁଇ ଖେଳାଳି ଅତିକ ସାହାଣୀ ଓ ଇ. ରାଗିଣୀ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଖେଳ ଶେଷରେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ ମୁଖ୍ୟ ଅତିଥି, ଫିଡେ ଆର୍ବିଟର ଗଜେନ୍ଦ୍ର କୁମାର ସାହୁ ସମ୍ମାନିତ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଅନ୍ତର୍ଜାତୀୟ ଆର୍ବିଟର ସୁରେଶ ସାହୁ, ତାପସ ମହାନ୍ତି, ସନ୍ତୋଷ ମହାପାତ୍ର ଓ ସୁରଜ କାନୁନଗୋ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଥିଲେ।






PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS